

ଆଇପିଏଲରୁ କୋହଲିଙ୍କ ଆୟ ୨୭.୪୦ କୋଟି

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 42 ◆ISSUE-338 ◆BHUBANESWAR ◆FRIDAY ◆6 JUNE 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୨ ◆ସଂଖ୍ୟା-୩୩୮ ◆ଭୁବନେଶ୍ୱର ◆ଶୁକ୍ରବାର ◆୬ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ପାକିସ୍ତାନର ଗୁଇନ୍ଦା ରାଣୀ 'ମ୍ୟାଡାମ୍ ଏନ୍'

■ ନୂଆଦିଲ୍ଲୀ/ଶ୍ରୀନଗର, ୫।୬ (ଏଜେନ୍ସି): ଭାରତୀୟ ୟୁଟ୍ୟୁବରଙ୍କୁ ନିଜ ଜାଲରେ ଫସାଉଥିଲେ। ପାକିସ୍ତାନ ଗସ୍ତ ଲାଗି ସେମାନଙ୍କ ପାଇଁ ଭିସା ବ୍ୟବସ୍ଥା କରୁଥିଲେ। ଏହାପରେ ପାକିସ୍ତାନ ଲାଗି ଗୁଇନ୍ଦାଗିରି କରିବା ପାଇଁ ସେମାନଙ୍କୁ ନିୟୋଜିତ କରୁଥିଲେ। ଭାରତରେ ଏଭଳି ଜାଲ ବିଛାଇଥିଲେ ପାକିସ୍ତାନର ଜଣେ ମହିଳା ବ୍ୟବସାୟୀ। ସେ ହେଉଛନ୍ତି ନୋସାବା ସେହଜାଦ୍। ଲାହୋରରେ ସେ ଏକ ଟ୍ରାଭେଲ ଏଜେନ୍ସି ଖୋଲି ତାଙ୍କର ନେଟୱର୍କ ଚଳାଇଛନ୍ତି। ତାଙ୍କୁ ଏହି କାମରେ ନିୟୋଜିତ କରିଛି ପାକିସ୍ତାନର ଗୁଇନ୍ଦା ସଂସ୍ଥା ଆଇଏସ୍ଆଇ। ତାଙ୍କର କୋଡ୍ ନାମ ହେଉଛି 'ମ୍ୟାଡମ୍ ଏନ୍'। ତାଙ୍କ ଜାଲରେ ଫସିଛନ୍ତି ଜ୍ୟୋତି ମଲହୋତ୍ରା ସମେତ



ଭାରତର ଅନେକ ୟୁଟ୍ୟୁବର। ପାକିସ୍ତାନ ପାଇଁ ଗୁଇନ୍ଦାଗିରି କରୁଥିବା ଅଭିଯୋଗରେ ଗିରଫ ହୋଇଥିବା ଅନେକ ୟୁଟ୍ୟୁବର ପଚରାଉଚରା ବେଳେ ଏଭଳି ବିସ୍ଫୋରକ ତଥ୍ୟ ଉଗାରିଛନ୍ତି। ସାରା ଭାରତରେ ପ୍ରାୟ ୫୦୦ ଏଭଳି ଲୋକ ରହିଛନ୍ତି

### ନେଟ୍ୱର୍କରେ ୟୁଟ୍ୟୁବରଙ୍କ ସମେତ ୫୦୦ ଭାରତୀୟ

ଯେଉଁମାନେ କି ସେହଜାଦଙ୍କ କଥାରେ ପଡ଼ି ପାକିସ୍ତାନ ପାଇଁ ଗୁଇନ୍ଦାଗିରି କରୁଛନ୍ତି। ତାଙ୍କ ସ୍ୱାମୀ ପାକିସ୍ତାନ ସରକାରରେ ଅଧିକାରୀ ଭାବେ କାମ କରି ଅବସର ନେଇଛନ୍ତି। ପାକିସ୍ତାନୀ ସେନା ଏବଂ ଆଇଏସ୍ଆଇ ପକ୍ଷରୁ ଭାରତରେ କେମିତି ସ୍ଲିପର ସେଲ୍ (ଗୁଇନ୍ଦା) ନେଟୱର୍କ ଚଳାଇବାକୁ ହେବ, ତା'ର ରଣକୌଶଳ ପାଇଁ ତାଲିମ ପ୍ରଦାନ କରିଛନ୍ତି।

ଭାରତରେ ପାକିସ୍ତାନ ହାଇକମିସନରେ ସେହଜାଦଙ୍କ ଢେର ପ୍ରଭାବ ରହିଛି। ପାକିସ୍ତାନ ଗସ୍ତ ଲାଗି ଆବଶ୍ୟକ ଭିସା ପାଇବା ବ୍ୟବସ୍ଥାକୁ ସେ ସହଜ କରୁଥିଲେ। ପାକିସ୍ତାନ ଗସ୍ତ ବେଳେ ଭାରତୀୟ ୟୁଟ୍ୟୁବର ଓ ସୋସିଆଲ ମିଡିଆ ଇନଫ୍ଲୁଏନ୍ସରଙ୍କୁ ସେ ନିଜ ଦେଶର ସେନା ଓ ଆଇଏସ୍ଆଇ ଅଧିକାରୀଙ୍କ ସହ ପରିଚିତ କରାଉଥିଲେ। ତାଙ୍କ ଟାର୍ଗେଟରେ ଥିଲେ ହିନ୍ଦୁ ଓ ଶିଖ ସଂପ୍ରଦାୟର ଭାରତୀୟ ନାଗରିକ। ଗତ ୬ ମାସ ମଧ୍ୟରେ ସେହଜାଦ ପ୍ରାୟ ୩ ହଜାର ଭାରତୀୟ ଓ ୧୫୦୦ ଏନ୍ଆରଆଇଙ୍କୁ ପାକିସ୍ତାନ ଗସ୍ତ ▶ପୃଷ୍ଠା-୭

# ବର୍ଷକରେ ବିକାଶ ଯୋଜନ ଦୂର

■ ଭୁବନେଶ୍ୱର, ୫।୬ (ସମିସ): ଆସନ୍ତା ସପ୍ତାହରେ ବିଜେପି ସରକାର ପାଳନ କରିବ କ୍ଷମତାର ବର୍ଷପୂର୍ତ୍ତି। ମାତ୍ର ଏହି ବର୍ଷକ ମଧ୍ୟରେ ଓଡ଼ିଶାର ବିକାଶ ଆଗକୁ ବଢ଼ିବା ପରିବର୍ତ୍ତେ କେଇ ଯୋଜନ ପଛକୁ ଚାଲି ଯାଇଛି। କ୍ଷମତାକୁ ଆସୁଆସୁ ବିଜେପି ସରକାର ଗ୍ରାମାଞ୍ଚଳର ବିକାଶ ପାଇଁ ପୂର୍ବରୁ ପ୍ରଚଳିତ ଲୋକପ୍ରିୟ କାର୍ଯ୍ୟକ୍ରମ 'ଆମ ଓଡ଼ିଶା ନବୀନ ଓଡ଼ିଶା'କୁ ବନ୍ଦ କରିଦେଲେ। ଏହି ଯୋଜନାରେ ପ୍ରତି ପଞ୍ଚାୟତର ବିକାଶ ପାଇଁ ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଉଥିବା ବାର୍ଷିକ ୫୦ ଲକ୍ଷ ଟଙ୍କା ଅନୁଦାନକୁ ମଧ୍ୟ ବନ୍ଦ କରି ଦିଆଗଲା। ଏହା ପରିବର୍ତ୍ତେ ରାଜ୍ୟରେ ନୂଆ କରି 'ବିକଶିତ ଗାଁ, ବିକଶିତ ଓଡ଼ିଶା' ଯୋଜନା କରାଯିବ ବୋଲି ଘୋଷଣା ହେଲା। ପଞ୍ଚାୟତିରାଜ ବିଭାଗ ପକ୍ଷରୁ ଏହି ଯୋଜନାରେ ବ୍ୟାପକ ବିକାଶମୂଳକ କାମ କରାଯିବ ବୋଲି କୁହାଗଲା। କ୍ଷମତାକୁ ଆସିବାର ବର୍ଷେ ହେଲାଣି।

## ଆଣ୍ଟେଇଛି 'ବିକଶିତ ଗାଁ ବିକଶିତ ଓଡ଼ିଶା'

### ୯ ମାସ ପରେ ବି ପ୍ରସ୍ତୁତ ହୋଇପାରିଲାନି କାର୍ଯ୍ୟ ଯୋଜନା

### 'ଆମ ଓଡ଼ିଶା ନବୀନ ଓଡ଼ିଶା'ର ନାମ ପରିବର୍ତ୍ତନ କରିଥିଲେ

ହେଲେ ବିକଶିତ ଗାଁ, ବିକଶିତ ଓଡ଼ିଶାର କାର୍ଯ୍ୟ ଯୋଜନା ବି ପ୍ରସ୍ତୁତ ହୋଇ ପାରିଲା ନାହିଁ। ଗାଁରେ ମାଟି ଗାଣ୍ଡୁଏ ବି ପଡ଼ି ପାରିଲା ନାହିଁ।

୨୦୨୪ ଅଗଷ୍ଟ ୩ ତାରିଖରୁ ରାଜ୍ୟ ସରକାରଙ୍କ ପକ୍ଷରୁ ନିର୍ଦ୍ଦିଷ୍ଟ ଫର୍ମାଟରେ ସମସ୍ତ ଜିଲ୍ଲାପାଳ, ଜିଲ୍ଲା ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ଓ ବିଡିଓଙ୍କଠାରୁ ସରକାର ବିକାଶମୂଳକ କାମର ତଥ୍ୟ ଲୋଡ଼ିଲେ, ଏହି ତଥ୍ୟକୁ ଆଧାର କରି ସରକାର କାମ କରିବାକୁ ଯୋଜନା କଲେ। ମାତ୍ର ନିର୍ଦ୍ଦେଶର ୯ ମାସ ପରେ ବି ଏହି ତଥ୍ୟ ସରକାରଙ୍କ ନିକଟରେ ପହଞ୍ଚି ନ ଥିବା ସୂଚନା ମିଳିଛି। ଯେଉଥିପାଇଁ ପୁଣି ପଞ୍ଚାୟତିରାଜ ବିଭାଗ ଏହି ତଥ୍ୟ ପାଇଁ ଜିଲ୍ଲାପାଳ ଓ ଜିଲ୍ଲା ପରିଷଦ ନିର୍ବାହୀ ଅଧିକାରୀଙ୍କୁ ଚିଠି ଲେଖା ଯାଇଛି।

'ଆମ ଓଡ଼ିଶା, ନବୀନ ଓଡ଼ିଶା' ବଦଳରେ ବିଜେପି ସରକାରଙ୍କ ପ୍ରଣୀତ 'ବିକଶିତ ଗାଁ, ବିକଶିତ ଓଡ଼ିଶା'ରେ କେବଳ ଗାଁଗୁଡ଼ିକୁ ସବୁଦିନିଆ ରାସ୍ତା ନିର୍ମାଣ ପାଇଁ ଯୋଜନା କରାଯାଇଥିଲା। ପୂର୍ବ ସରକାର ରାଜ୍ୟର ୬୮୦୦ ପଞ୍ଚାୟତ ପାଇଁ ୫୦ ଲକ୍ଷ ଟଙ୍କା ହିସାବରେ ୩୪୦୦ କୋଟି ଟଙ୍କା ଅନୁଦାନ ଦେଇଥିବା ବେଳେ ବିଜେପି ସରକାର ୨୦୨୫-୨୬ ବର୍ଷ ବଜେଟରେ ବରାଦ କରିଥିବା ଅର୍ଥର ୧ ହଜାର କୋଟିରୁ ୩୦% ବି ଖର୍ଚ୍ଚ କରିପାରି ନାହାନ୍ତି। ସେହିପରି ଏହି ଯୋଜନାରେ ଗାଁରେ ସବୁଦିନିଆ ରାସ୍ତା ନିର୍ମାଣ ଓ ମରାମତି ବାବଦରେ ୩୫ ପ୍ରତିଶତ ଅର୍ଥ ଖର୍ଚ୍ଚ ହେବ ବୋଲି ନିଷ୍ପତ୍ତି ହେଲା। ମାତ୍ର ବର୍ଷେ ବିତିବା ପରେ ବି ଏଥିପାଇଁ ରାସ୍ତା ଚିହ୍ନଟ ହୋଇପାରିଲା ନାହିଁ। ଫଳରେ ଯୋଜନାର କାର୍ଯ୍ୟାନ୍ୱୟନକୁ ନେଇ କେବଳ ପ୍ରଶ୍ନ ଉଠିନାହିଁ, ସରକାରୀସ୍ତରରେ ବିକାଶମୂଳକ କାର୍ଯ୍ୟ ପାଇଁ ▶ପୃଷ୍ଠା-୭

# ଓଡ଼ିଶାରେ 'ପିସି' ସରକାର

## କଂଗ୍ରେସ ନିଆଁରେ ଘିଅ ଢାଳିଲେ ବିଜେପି ନେତା

■ ଭୁବନେଶ୍ୱର, ୫।୬ (ସମିସ): ରାଜ୍ୟରେ 'ପିସି' ସରକାର ଚାଲିଛି। ସବୁ କାମରେ ୩୦ ପ୍ରତିଶତ କମିଶନ (ପିସି) ନିଆଯାଉଛି । ବିନା ପିସିରେ କାମ ମିଳୁନାହିଁ, କାମ ସରିଲେ ବି ପିସି ନ ଦେଲେ ବିଲ୍ ହେଉନାହିଁ। କେଇଦିନ ତଳେ କଂଗ୍ରେସ ଏକ ସାମ୍ବାଦିକ ସମ୍ମିଳନୀରେ କରିଥିବା ଏହି ସାଂଘାତିକ ଅଭିଯୋଗରେ ମୋହର ମାରିଛନ୍ତି ଜଣେ ବିଜେପି ନେତା। ରାଜ୍ୟ ବିଜେପିର ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ଦାଶ ଖୋଲାଖୋଲି ସରକାରଙ୍କ 'ପିସି' ତତ୍ତ୍ୱକୁ ସ୍ୱୀକାର କରିଛନ୍ତି। ସରକାରଙ୍କ ବିରୋଧରେ କଂଗ୍ରେସ ଯେଉଁ ପିସି ନିଆଁ ଜାଳିଥିଲା, ସେଥିରେ ବିଜେପି ନେତା ଘିଅ ଢାଳି ଏହି ଅଭିଯୋଗ ଅସତ୍ୟ ନୁହେଁ ବୋଲି ପରୋକ୍ଷରେ ପ୍ରମାଣିତ କରିଛନ୍ତି। ଖୋଦ୍ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ନିର୍ବାଚନମଣ୍ଡଳୀରେ ଯଦି ଏପରି ଘଟଣା ଘଟୁଛି, ତେବେ ଅନ୍ୟତ୍ର କ'ଣ ହେଉଥିବ ତାହା ସହଜରେ ଅନୁମେୟ ବୋଲି ରାଜନୈତିକ ସମୀକ୍ଷକମାନେ ମତ ପ୍ରକାଶ କରିଛନ୍ତି ।

**ପୂର୍ବ ସରକାର ସମୟରେ କେହି ପିସି ନେଉ ନ ଥିଲେ**

**ବର୍ତ୍ତମାନ ବିନା ପିସିରେ କୌଣସି କାମ ହେଉନାହିଁ**

ରାଜ୍ୟରେ ବିକାଶମୂଳକ କାମ ଏବେ ଅଟକି ଯାଇଛି। କୌଣସି ସ୍ଥାନରେ କିଛି କାମ ହେଉ ନାହିଁ। ଏପରି ସମୟରେ ବିଜେପି ବିଧାୟକ ଜିତିଥିବା ନିର୍ବାଚନମଣ୍ଡଳୀକୁ ସରକାରଙ୍କ ପକ୍ଷରୁ ବିକାଶମୂଳକ କାମ ପାଇଁ ଦିଆଯାଇଥିବା ୨ କୋଟି ଲେଖାଏଁ ଟଙ୍କାକୁ ନେଇ ବିବାଦ ସୃଷ୍ଟି ହୋଇଛି। ବିଭିନ୍ନ ପଞ୍ଚାୟତକୁ ଅର୍ଥ ଆବଣ୍ଟନ ସମୟରେ ଯାବତୀୟ ବାଦବିବାଦ ସୃଷ୍ଟି ହେଉଛି ଓ ଅନୁଦାନ ବଣ୍ଟନରେ ପାତରଅନ୍ତର କରାଯାଇଥିବା ଅଭିଯୋଗ ହୋଇଛି। ▶ପୃଷ୍ଠା-୭

# ଆଜିଠୁ ବଢ଼ିବ ତାତି

■ ଭୁବନେଶ୍ୱର, ୫।୬ (ସମିସ): ରାଜ୍ୟରେ ଆଗକୁ ଆସୁଛି ଭୀଷଣ ତାତି। ବିଶେଷ କରି ୭ତାରିଖରୁ ୧୦ ତାରିଖ ମଧ୍ୟରେ ଭୀଷଣ ତାତି ଅନୁଭବ ହେବ। ଏହି ୩ ଦିନ ମଧ୍ୟରେ ପ୍ରାୟ ୫ ଡିଗ୍ରୀ ତାପମାତ୍ରା ବଢ଼ିବ । ଗୁରୁବାର ତାମିଲନାଡୁ ଓ ଆନ୍ଧ୍ର ପ୍ରଦେଶ ପଟେ ତାପମାତ୍ରା ବୃଦ୍ଧି ଆରମ୍ଭ ହୋଇଛି। ମଦୁରାଇରେ ଆଜି ତାପମାତ୍ରା ୪୦ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ବାକି ସ୍ଥାନଗୁଡ଼ିକରେ ତାପମାତ୍ରା ୪୦ ଡିଗ୍ରୀ ନିକଟତର ହୋଇଛି। ଆଇଏମ୍ଡି ପକ୍ଷରୁ ଜାରି ବିସ୍ତାରିତ ପରସର ଆକଳନ ରିପୋର୍ଟରେ ମଧ୍ୟ ଦେଶର ବିଭିନ୍ନ ରାଜ୍ୟରେ ତାପମାତ୍ରା ସ୍ୱାଭାବିକଠାରୁ ଅଧିକ ରହିବା ନେଇ ଆକଳନ କରାଯାଇଛି। ତେଣୁ ଆସନ୍ତା ୪ ଦିନ ଯାଏଁ ରାଜ୍ୟବାସୀ ଭୀଷଣ ତାତି ଓ ଗୁଳୁଗୁଳିରେ ଅସ୍ତବ୍ୟସ୍ତ ହେବେ ବୋଲି କୁହାଯାଇଛି। ଆସନ୍ତା ୧୨ ତାରିଖ ମଧ୍ୟରେ ମୌସୁମୀ ନିଷ୍କ୍ରିୟ ରହିବ ବୋଲି ଆଇଏମ୍ଡି ଆକଳନ କରିଛି। ତେଣୁ ୧୨ ତାରିଖ ମଧ୍ୟରେ ଦିନ ବେଳା ଭୀଷଣ ତାତି ସାଙ୍ଗକୁ ▶ପୃଷ୍ଠା-୭



# ମୁଖ୍ୟମନ୍ତ୍ରୀଙ୍କ ଅଫିସ୍ ନାମରେ ବଟି ଆଦାୟ

■ ଭୁବନେଶ୍ୱର, ୫।୬(ସମିସ): 'ମୁଁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ କହୁଥିଲି, ଦୁଇ ଲକ୍ଷ ଟଙ୍କା ନଦେଲେ ମାଲକାନଗିରି ପଠାଇଦେବି'। ଏଭଳି ଢଙ୍ଗରେ ଧମକ ଦେଇ ଜଣେ ସରକାରୀ ଅଧିକାରୀଙ୍କଠାରୁ ୨ ଲକ୍ଷ ଟଙ୍କା ଲୁଟି ନେଇଛି ଜଣେ ଧୂର୍ତ୍ତ। ଦୁଇ ଲକ୍ଷ ନେବାପରେ ମଧ୍ୟ ଡରାଇ ଧମକାଇ ଆହୁରି ୫ ଲକ୍ଷ ଟଙ୍କା ମାଗୁଛି ବୋଲି ରାଜଧାନୀର ଏୟାରଫିଲ୍ଡ ଥାନାରେ ଅଭିଯୋଗ କରିଛନ୍ତି ଅଧୀକ୍ଷଣ ଯନ୍ତ୍ରୀ ପ୍ରତାପ କୁମାର ହରିପାଲ।

### ବଦଳି ଧମକ ଦେଇ ନେଇଗଲେଣି ୨ ଲକ୍ଷ

### ଥାନାର ଦ୍ୱାରସ୍ଥ ହେଲେ ଅଧୀକ୍ଷଣ ଯନ୍ତ୍ରୀ

ପ୍ରତାପ ହରିପାଲ ଅନୁଗୁଳ ରାସ୍ତା ଓ କୋଠାବାଡ଼ି ଡିଭିଜନର ଅଧୀକ୍ଷଣ ଯନ୍ତ୍ରୀ ଭାବେ କାର୍ଯ୍ୟ କରୁଛନ୍ତି। ପ୍ରାୟ ଏକମାସ ପୂର୍ବେ ଜାନକୀବଲ୍ଲଭ ମହାପାତ୍ର ନାମକ ଜଣେ ବ୍ୟକ୍ତି ତାଙ୍କୁ କଲ୍ କରିଥିଲେ ଓ ନିଜକୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର କର୍ମଚାରୀ ବୋଲି ପରିଚୟ ଦେଇଥିଲା। ତାଙ୍କୁ ମାଲକାନଗିରିକୁ ବଦଳି ହୋଇଛି ଓ ଏହାକୁ ▶ପୃଷ୍ଠା-୭












# ଏନ୍କାଉଣ୍ଟର୍ରେ କୁଖ୍ୟାତ ମାଓନେତା ସୁଧାକର ନିହତ



**ମୁଣ୍ଡ ଲାଗି ଥିଲା ୪୦ ଲକ୍ଷ ପୁରସ୍କାର**

■ ମାଲକାନଗିରି, ୬।୫(ସମିସ): ଛତିଶଗଡ଼ର ବିଜାପୁର ଜିଲ୍ଲାରେ ପୁଲିସ୍ ଏନ୍କାଉଣ୍ଟର୍ରେ କୁଖ୍ୟାତ ମାଓନେତା ସୁଧାକର ଓରଫ୍ ବାଲକ୍ରିଷ୍ଣା ନିହତ ହୋଇଛି। ସେ ମାଓ ସଙ୍ଗଠନର କେନ୍ଦ୍ରୀୟ କମିଟି ସଦସ୍ୟ ଥିଲା। ଆନ୍ଧ୍ରପ୍ରଦେଶ, ତେଲଙ୍ଗାନା, ଛତିଶଗଡ଼ ଏବଂ ମହାରାଷ୍ଟ୍ର ଆଦି ୪ ରାଜ୍ୟ ପାଇଁ ସେ ମୋଷ୍ଟୱାଣ୍ଟେଡ୍ ମାଓବାଦୀ ଥିଲା। ତା' ମୁଣ୍ଡ ଉପରେ ବିଭିନ୍ନ ରାଜ୍ୟ ସରକାରଙ୍କ ପକ୍ଷରୁ ଲକ୍ଷାଧିକ ଟଙ୍କାର ପୁରସ୍କାର ରାଶି ରହିଥିବା ବେଳେ କେବଳ ଛତିଶଗଡ଼ ସରକାରଙ୍କ ପକ୍ଷରୁ ୪୦ଲକ୍ଷ ଟଙ୍କାର ପୁରସ୍କାର ରାଶି ଘୋଷଣା କରାଯାଇଥିଲା। ସୁଧାକର ବର୍ତ୍ତମାନ ଦଣ୍ଡକାରଣ୍ୟ ସ୍ୱତନ୍ତ୍ର ଜୋନାଲ କମିଟିର ମୁଖ୍ୟ ଥିଲା। ସୂଚନାନୁଯାୟୀ, ଛତିଶଗଡ଼ ବିଜାପୁରରେ ଥିବା ▶ପୃଷ୍ଠା-୭

# ଜମ୍ମୁ ଓ କଶ୍ମୀର
# ବିକାଶର ଅୟମାରମ୍ଭ



## ₹୪୪,୦୦୦ କୋଟିର
## ରେଳ ପ୍ରକଳ୍ପ ଉପହାର

### ଉଦ୍‌ଘାଟନ

**ଚେନାବ୍ ସେତୁ**
**(ବିଶ୍ୱର ସର୍ବୋଚ୍ଚ ରେଳ ତୋରଣ ସେତୁ)**
- ୩୫୯ ମିଟର ଉଚ୍ଚତା, ୧୩୧୫ ମିଟର ଦୈର୍ଘ୍ୟ ଓ ୪୬୭ ମିଟର ତୋରଣ ସ୍ପାନ୍
- ଏହି ସେତୁ ଜମ୍ମୁ ଓ କଶ୍ମୀରର ରିଆସି ଜିଲ୍ଲାର କାଉରି ଓ ବକ୍କାଲ୍ ଅଞ୍ଚଳକୁ ସଂଯୋଗ କରିବ

**ଅଞ୍ଜି ସେତୁ**
**(ଭାରତ ପ୍ରଥମ କେବୁଲ୍ ଷ୍ଟେଡ୍ ରେଳ ସେତୁ)**
- ୭୨୫ ମିଟର ଦୈର୍ଘ୍ୟ, ୨୯୦ ମିଟର ମେନ୍ ସ୍ପାନ୍
- ଏହି ବ୍ରିଜ୍ ଜମ୍ମୁ ଓ କଶ୍ମୀରର କଟ୍ରା ଓ ରିଆସି ଜିଲ୍ଲାକୁ ସଂଯୋଗ କରିବ
- ଏକକ ବୃହତ୍ ପାଇଲନ୍ ସହିତ ୯୬ ଟି କେବୁଲ୍ ସଂଯୁକ୍ତ, ୧୯୩ ମିଟର ଉଚ୍ଚ

### ରାଷ୍ଟ୍ରକୁ ସମର୍ପଣ

**ଉଧମପୁର-ଶ୍ରୀନଗର-ବାରାମୁଲା**
**ରେଳ ଲିଙ୍କ ପ୍ରକଳ୍ପ (ୟୁଏସବିଆରଏଲ୍)**
- ବିକଶିତ ସମସ୍ତ ଜଳବାୟୁରେ ରେଳ ସଂଯୋଗ ଯାହା ଜମ୍ମୁ ଓ କଶ୍ମୀରକୁ ଭାରତର ଅବଶିଷ୍ଟ ଭାଗ ସହିତ ସଂଯୋଗ କରିବ,
- ଏହାର ମୋଟ୍ ଦୈର୍ଘ୍ୟ ୨୭୨ କିମି ଓ ଟି-୫୦ (ଭାରତରେ ସବୁଠାରୁ ଦୀର୍ଘ କାର୍ଯ୍ୟକ୍ଷମ ଟନେଲ୍) କୁ ଅନ୍ତର୍ଭୁକ୍ତ କରି ୩୬ ଟି ଟନେଲ୍ ଓ ୯୪୩ ଟି ସେତୁ ରହିଛି।

### ପତାକା ଦେଖାଇ ଶୁଭାରମ୍ଭ

**୨ ବନ୍ଦେ ଭାରତ ଟ୍ରେନ୍**
**ଶ୍ରୀ ମାତା ବୈଷ୍ଣୋଦେବୀ କଟ୍ରା-ଶ୍ରୀନଗର ଓ ଶ୍ରୀନଗର-ଶ୍ରୀ ମାତା ବୈଷ୍ଣୋ ଦେବୀ କଟ୍ରା**
- ଶ୍ରୀନଗରକୁ ପ୍ରଥମ ସେମି ହାଇସ୍ପିଡ୍ ଟ୍ରେନ
- ପର୍ଯ୍ୟଟନ ଓ ଆଞ୍ଚଳିକ ଯୋଗାଯୋଗରେ ବିକାଶ
- ମାତ୍ର ୩ ଘଣ୍ଟା ମଧ୍ୟରେ କଟ୍ରାରୁ ଶ୍ରୀନଗରକୁ ଯାତ୍ରା ସମ୍ଭବ

କରିବେ

## ନରେନ୍ଦ୍ର ମୋଦୀ

### ପ୍ରଧାନମନ୍ତ୍ରୀ

### ସଦୟ ଉପସ୍ଥିତି

**ନିତୀନ ଜୟରାମ ଗଡ଼କରି**
ସଡ଼କ ପରିବହନ ଓ ରାଜପଥ କେନ୍ଦ୍ର ମନ୍ତ୍ରୀ

**ଅଶ୍ୱିନୀ ବୈଷ୍ଣବ**
ରେଳ, ସୂଚନା ଓ ପ୍ରସାରଣ, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି କେନ୍ଦ୍ର ମନ୍ତ୍ରୀ

**ଡ.ଜିତେନ୍ଦ୍ର ସିଂ**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ (ଭାରପ୍ରାପ୍ତ) ବିଜ୍ଞାନ ଓ ପ୍ରଯୁକ୍ତି ଏବଂ ଭୂବିଜ୍ଞାନ ଓ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ, କାର୍ମିକ, ସାଧାରଣ ଅଭିଯୋଗ ଓ ପେନ୍‌ସନ, ଆଣବିକ ଶକ୍ତି ବିଭାଗ ଓ ମହାକାଶ ବିଭାଗ ରାଷ୍ଟ୍ରମନ୍ତ୍ରୀ

**ଭି ସୋମାନ୍ନା**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ, ରେଳ ଓ ଜଳଶକ୍ତି

**ରବନୀତ ସିଂ**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ, ରେଳ ଓ ଖାଦ୍ୟ ପ୍ରକ୍ରିୟାକରଣ ଉଦ୍ୟୋଗ

**ମନୋଜ୍ ସିହ୍ନା**
ଜମ୍ମୁ ଓ କଶ୍ମୀର କେନ୍ଦ୍ର ଶାସିତ ଅଞ୍ଚଳର ଲ୍ୟୁଟନାଣ୍ଟ ଗଭର୍ଣ୍ଣର ଅଧ୍ୟକ୍ଷ, ଶ୍ରୀ ମାତା ବୈଷ୍ଣୋଦେବୀ ସ୍ରାଇନ୍ ବୋର୍ଡ

**ଓମାର ଅବଦୁଲ୍ଲା**
ମୁଖ୍ୟମନ୍ତ୍ରୀ, ଜମ୍ମୁ ଓ କଶ୍ମୀର କେନ୍ଦ୍ରଶାସିତ ଅଞ୍ଚଳ

**ସୁରିନ୍ଦର କୁମାର ଚୌଧୁରୀ**
ଉପମୁଖ୍ୟମନ୍ତ୍ରୀ ଜମ୍ମୁ ଓ କଶ୍ମୀର କେନ୍ଦ୍ର ଶାସିତ ଅଞ୍ଚଳ

**ଯୁଗଳ କିଶୋର**
ସାଂସଦ (ଲୋକସଭା), ଜମ୍ମୁ

**ଆଗା ସୟଦ୍ ରୁହୁଲ୍ଲା ମେହଦି**
ସାଂସଦ (ଲୋକସଭା) ଶ୍ରୀନଗର

**ଗୁଲାମ ଅଲ୍ଲୀ**
ସାଂସଦ, ରାଜ୍ୟସଭା

ଶୁକ୍ରବାର, ୦୬ ଜୁନ୍, ୨୦୨୫ | ପୂର୍ବାହ୍ନ ୧୧.୦୦ ଘ. | ଶ୍ରୀ ମାତା ବୈଷ୍ଣୋଦେବୀ ସ୍ରାଇନ୍ ବୋର୍ଡ ସ୍ପୋର୍ଟସ କମ୍ପ୍ଲେକ୍ସ, କଟ୍ରା (ଷ୍ଟାଡିୟମ)

## ଭାରତୀୟ ରେଳପଥ

ଡିଡି ନ୍ୟୁଜରେ କାର୍ଯ୍ୟକ୍ରମର ସିଧା ପ୍ରସାରଣ ଦେଖନ୍ତୁ www.indianrailways.gov.in ଆମକୁ ଅନୁସରଣ କରନ୍ତୁ /RailMinIndia

## ନିମାପଡ଼ା ରାଜନୀତି
# ଭାଇନା-ଅପା ମୁହାଁମୁହିଁ



■ ଉଦ୍‌ଘାଟିତ ସବୁ କାମ ୨୦୨୨ ଓ ୨୩ ମସିହାରେ ମଞ୍ଜୁର: ସମୀର
■ ବର୍ଷକରେ କ'ଣ କାମ ହୋଇଛି ତାହା ଲୋକେ କହିବେ: ପ୍ରଭାତୀ

**ପୁରୀ,୫।୬(ସମିସ):** ପୂର୍ବତନ ମନ୍ତ୍ରୀ ସମୀର ରଞ୍ଜନ ଦାଶ ଦଳ ବଦଳ କରିବାର ଅଳ୍ପ କେଇମାସ ପରେ ନିମାପଡ଼ା ବିଜେପିରେ ମୁଣ୍ଡ ଟେକିଥିଲା ଦଳୀୟ କନ୍ଦଳ। ଅପା (ପ୍ରଭାତୀ ପରିଡ଼ା) ଏବଂ ଭାଇନା (ସମୀର ରଞ୍ଜନ ଦାଶ)ଙ୍କ ମଧ୍ୟରେ ବିବାଦ ସୂତ୍ରପାତ ହୋଇଥିଲା। ନିର୍ବାଚନ ସମୟରେ ପ୍ରଭାତୀ ସମୀରଙ୍କ ପ୍ରତି ଯେଉଁ ଆନୁଗତ୍ୟ ଦେଖାଉଥିଲେ ଉପମୁଖ୍ୟମନ୍ତ୍ରୀ ହେବା ପରେ କରଛଡ଼ା ଦେଲେ। ଧୀରେ ଧୀରେ ସେମାନଙ୍କ ଭିତରେ କନ୍ଦଳ ବଢ଼ିଥିଲା; କିନ୍ତୁ ଯଥାସମ୍ଭବ ଉଭୟେ ଏହାକୁ ପରଦା ଆଢୁଆଳରେ ରଖିବାକୁ ଚେଷ୍ଟା କରିଥିଲେ। ହେଲେ ବିଭିନ୍ନ କାର୍ଯ୍ୟକ୍ରମ ସେମାନଙ୍କ ବିବାଦକୁ ପଦାରେ ପକାଇ ଦେଇଥିଲା। ଯଦି କୌଣସି କାର୍ଯ୍ୟକ୍ରମରେ ଦୁଇଜଣ ଅତିଥି ହେଉଥିଲେ ସେଠାକୁ କେବଳ ଜଣେ ହିଁ ଯାଉଥିଲେ। ଏମିତି ବି ଆୟୋଜକଙ୍କୁ ସେ ଆସିଲେ ମୁଁ ଯିବି ନାହିଁ ବୋଲି କହୁଥିଲେ। ନିର୍ବାଚନମଣ୍ଡଳୀରେ କୌଣସି କାର୍ଯ୍ୟକ୍ରମ ହେଉ କିମ୍ବା ରାଲି ସମାନ୍ତରାଳ ଭାବେ ଆୟୋଜନ କରୁଥିଲେ। ହେଲେ ଏବେ ଅପା-ଭାଇନାଙ୍କ କନ୍ଦଳ ହାଟରେ ପଡ଼ି ଦାଣ୍ଡରେ ଗଡ଼ୁଛି। ଆଉ ଶୀତଳ ନୁହେଁ, ଏବେ ସମ୍ମୁଖ ଯୁଦ୍ଧରେ ଦୁହେଁ ଅବତୀର୍ଣ୍ଣ ହେଲେଣି। ବିଜେପିର ବର୍ଷ ପୂର୍ତ୍ତି ଅବସରରେ ପ୍ରଭାତୀଙ୍କ କାର୍ଯ୍ୟଦକ୍ଷତାକୁ ସମାଲୋଚନା କରିଥିଲେ ସମୀର। ଗୁରୁବାର ଏହାର ପାଲଟା ଜବାବ ରଖିଛନ୍ତି ପ୍ରଭାତୀ। ଶାଣିତ ଢଙ୍ଗରେ ସମୀରଙ୍କୁ 'ବଡ଼' କହି ସେ ଦେଇଥିବା ମନ୍ତବ୍ୟ ଭୁଲ୍ ବୋଲି ପ୍ରମାଣିତ କରିବାକୁ ଚେଷ୍ଟା କରିଛନ୍ତି।

ବିଜେପିର ବର୍ଷ ପୂର୍ତ୍ତି ଅବସରରେ ବୁଧବାର ନିମାପଡ଼ା ନୂତନ ବାରବାଟୀ ପଡ଼ିଆରେ ପ୍ରଭାତୀ 'ଉତ୍କର୍ଷ ନିମାପଡ଼ା' ପାଳନ କରିଥିବା ବେଳେ ସମୀର କଳାପାଞ୍ଚଣ ପଞ୍ଚାୟତରେ ଏକ ବନ୍ଧୁମିଳନ ଆୟୋଜନ କରିଥିଲେ। ଏହି ଅବସରରେ ସମୀର ନିମାପଡ଼ାର ବିକାଶ ନେଇ ପ୍ରଭାତୀଙ୍କ କାର୍ଯ୍ୟଦକ୍ଷତା ଉପରକୁ ଅଙ୍ଗୁଳି ଉଠାଇବା ସହ ଅସନ୍ତୋଷ ଝାଡ଼ିଥିଲେ। ବର୍ଷେ ପଳାଇଲା ହେଲେ ନିମାପଡ଼ାରେ ମାଟି ମୁଠାଏ ପଡ଼ିଲା ନାହିଁ, ଯାହା ବି ହୋଇଛି ତାହା ପୂର୍ବ ସରକାରଙ୍କ ଅର୍ଥରେ ହୋଇଛି। ଉପମୁଖ୍ୟମନ୍ତ୍ରୀ ଯେଉଁ କାମର ଶୁଭ ଦେଉଛନ୍ତି ସେ ଟଙ୍କା ୨୦୨୨-୨୩ ଓ ୨୦୨୩-୨୪ରେ ମଞ୍ଜୁର ହୋଇଥିଲା। ନୂଆ ଯୋଜନା କି କାମ କିଛି ବି ମଞ୍ଜୁର ହୋଇନି। ଏତଦ୍‌ବ୍ୟତୀତ ନିମାପଡ଼ା ଏବଂ ଗୋପରେ ପିସି କାରବାର ବଢ଼ିଯାଇଛି ବୋଲି ସଙ୍ଗିନ ଅଭିଯୋଗ ଆଣିଥିଲେ ସମୀର।

ଦଳର ବର୍ଷ ପୂର୍ତ୍ତି ଦିନ ସମୀରଙ୍କର ଏହି ବିସ୍ଫୋରକ ବୟାନ ପରେ ନିମାପଡ଼ା ବିଜେପିରେ କମ୍ପନ ସୃଷ୍ଟି ହୋଇଥିଲା। ଦୀର୍ଘଦିନ ଧରି ଅପା-ଭାଇନାଙ୍କ ମଧ୍ୟରେ ଯେଉଁ କନ୍ଦଳ ଚାଲିଥିଲା ତାହା ପଦାରେ ପଡ଼ିଥିଲା। ତେବେ ସମୀରଙ୍କ ପ୍ରଶ୍ନର ଉତ୍ତର ରଖିଛନ୍ତି ପ୍ରଭାତୀ। ଶାଣିତ ଢଙ୍ଗରେ ସମୀରଙ୍କୁ ଦେଇଛନ୍ତି ପାଲଟା ଜବାବ। ସେ କହିଛନ୍ତି, ପରିବାରରେ ଯେଉଁମାନେ ବଡ଼ ଲୋକ ଥାଆନ୍ତି ସେମାନେ ପିଲାମାନଙ୍କଠାରୁ ଅଧିକ ଆଶା ରଖିଥା'ନ୍ତି। ତେଣୁ ମୁଁ ଭାବୁଛି ଏହା ବିଜେପିକୁ ତୃଣମୂଳସ୍ତରରେ ଆହୁରି ସଶକ୍ତ ଭାବେ କାମ କରିବାକୁ ସୁଯୋଗ ଦେବ। ବର୍ଷକ ଭିତରେ କ'ଣ କାମ ହୋଇଛି ନା ନାହିଁ ସେଇଟା ଲୋକେ କହିବେ। ପିସି କାରବାର ସମ୍ପର୍କରେ ପ୍ରଭାତୀ କହିଥିଲେ, ଏମ୍‌ଏଲ୍‌ଏ ଲ୍ୟାଡ୍ ଏବଂ ଏମ୍‌ପି ଲ୍ୟାଡ୍ ଏଇ ଏପ୍ରିଲରେ ଦାଖଲ ହୋଇଥିବ। ମେ' ମାସରେ ବ୍ଲକ୍‌କୁ ଆସିଥିବ। ଜୁନ୍ ମାସ ତ ଆରମ୍ଭ ହେଉଛି। କାମ ତ ଆରମ୍ଭ ହୋଇନାହିଁ। ପିସି କଥା ଉଠୁଛି କୁଆଡୁ ବୋଲି କହି ସମୀରଙ୍କୁ ଭୁଲ୍ ବୋଲି ପରୋକ୍ଷରେ କହିବାକୁ ଚେଷ୍ଟା କରିଛନ୍ତି।

## ଆମ୍ବ ତୋଟାରେ ବଜ୍ରପାତ; ୨ ମୃତ

**କଣିହାଁ, ୫।୬(ସମିସ):** କଣିହାଁ ବ୍ଲକ୍ ବଜ୍ରକୋଟ ପଞ୍ଚାୟତ ଗୁଣ୍ଡୁରୀ ଗ୍ରାମରେ ଗୁରୁବାର ବଜ୍ରପାତରେ ଦୁଇଜଣଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ଗ୍ରାମର କାହ୍ନୁଚରଣ ମିଶ୍ର (୬୩) ଓ ଶିବ ନାଏକ (୧୫)। ସେହିପରି ଅନ୍ୟ ଜଣେ ନାବାଳକ ଶୁଭମ ମହାପାତ୍ର (୧୨) ଗୁରୁତର ହୋଇଛନ୍ତି। ତାଙ୍କୁ କଣିହାଁ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି।

ସୂଚନାନୁଯାୟୀ, ୩ଜଣ ଯାକ ଆଜି ଅପରାହ୍ଣରେ ତୋଟାକୁ ଆମ୍ବ ତୋଳିବାକୁ ଯାଇଥିଲେ। ଏହି ସମୟରେ ହଠାତ୍ ଘଡ଼ଘଡ଼ି ସହ ବର୍ଷା-ପବନ ହେବାରୁ ସେମାନେ ଏକ ଆମ୍ବ ଗଛମୂଳରେ ଆଶ୍ରୟ ନେଇଥିଲେ। ତେବେ ସେଠାରେ ଗୋଟିଏ ବଜ୍ରପାତ ହେବାରୁ ସମସ୍ତେ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକ ସେମାନଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ କଣିହାଁ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ପରୀକ୍ଷାନିରୀକ୍ଷା କରି କାହ୍ନୁଚରଣ ଓ ଶିବଙ୍କୁ ମୃତ ଘୋଷଣା କରିଥିଲେ। କଣିହାଁ ପୁଲିସ୍ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ୨ଟି ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

### ପାର୍ଲାମେଣ୍ଟରୁ ପ୍ରେମ; ଜର୍ମାନରେ ହାତଗଣ୍ଠି
# ପିନାକୀ-ମହୁଆ ଜୀବନସାଥୀ

**ନୂଆଦିଲ୍ଲୀ,୫।୬(ସମିସ):** ପଶ୍ଚିମବଙ୍ଗ କୃଷ୍ଣନଗର ସାଂସଦ ତଥା ତୃଣମୂଳ କଂଗ୍ରେସ ନେତ୍ରୀ ମହୁଆ ମଇତ୍ରୋଙ୍କ ହାତ ଧରିଛନ୍ତି ଚାରିଥର ଲୋକସଭା ସାଂସଦ ଓ ସୁପ୍ରିମକୋର୍ଟର ବରିଷ୍ଠ ଆଇନଜୀବୀ ପିନାକୀ ମିଶ୍ର । ଜର୍ମାନୀର ବର୍ଲିନ୍ ସହରରେ ଅଳ୍ପ କିଛି ନିକଟ ସମ୍ପର୍କୀୟଙ୍କ ଉପସ୍ଥିତିରେ ସେମାନେ ବିବାହ କରିଥିବା



ସୂଚନା ମିଳିଛି । ମହୁଆ ମଇତ୍ରୋଙ୍କ ଘନିଷ୍ଠ କୁହାଯାଉଥିବା ତୃଣମୂଳ ନେତ୍ରୀ ସାୟୋନୀ ଘୋଷ ନିଜ ସାମାଜିକ ଗଣମାଧ୍ୟମ ଆକାଉଣ୍ଟରେ ଏକ ଫଟୋ ପୋଷ୍ଟ କରି ଉଭୟଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ସେହିପରି ମହୁଆ ମଧ୍ୟ ନିଜ ସାମାଜିକ ଗଣମାଧ୍ୟମ ଆକାଉଣ୍ଟରେ ଏକ ଫଟୋ ପୋଷ୍ଟ କରି ଏହି ଚର୍ଚ୍ଚା ସତ୍ୟ ବୋଲି ପ୍ରମାଣିତ କରିଛନ୍ତି ।

ଦୀର୍ଘବର୍ଷ ତଳେ କଂଗ୍ରେସରେ ଥିବାବେଳେ ସେମାନଙ୍କ ମଧ୍ୟରେ ପରିଚୟ ହୋଇଥିଲା ଓ ୨୦୧୯ରେ ମହୁଆ ସଂସଦକୁ ନିର୍ବାଚିତ ହେବା ପରେ ଏହି ପରିଚୟ ପ୍ରେମରେ ପରିଣତ ହୋଇଥିଲା। ଏପରିକି 'ଟଙ୍କା ପାଇଁ ପ୍ରଶ୍ନ' ବିବାଦରେ ଛନ୍ଦି ହୋଇଥିବା ମହୁଆ ଅସମୟରେ ପଡ଼ିଥିବାବେଳେ ପିନାକୀ ତାଙ୍କ ସହ ଠିଆ ହୋଇଥିଲେ। ସୂଚନା ଅନୁସାରେ ଉଭୟ ବିବାହ ନିମନ୍ତେ ବହୁଦିନ ପୂର୍ବରୁ ନିଷ୍ପତ୍ତି ନେଇଥିଲେ ମହୁଆଙ୍କ ବିରୋଧରେ ମାମଲା ପରେ ଏହା ସ୍ଥଗିତ ରହିଥିଲା। ଦୁବାଇର ବ୍ୟବସାୟୀ ଦର୍ଶନ ହିରାନନ୍ଦାନିଙ୍କୁ ଲୋକସଭା ସଦସ୍ୟଙ୍କ ୟୁଜରନେମ୍ ଏବଂ ପାସୱାର୍ଡ ଦେଇଥିବା ଅଭିଯୋଗରେ ମହୁଆ ଅଭିଯୁକ୍ତ ହୋଇଥିଲେ। ଏପରିକି ହିରାନନ୍ଦାନି ଏକ ସତ୍ୟପାଠରେ ଦାବି କରିଥିଲେ ଯେ ପିନାକୀ ଏବଂ ମହୁଆ ନିକଟତର ଥିଲେ ବୋଲି ଉଲ୍ଲେଖ କରିଥିଲେ। ସେହିପରି ଲୋକସଭାରୁ ବହିଷ୍କାର ହେବା ପରେ ଯେତେବେଳେ ମହୁଆଙ୍କୁ ବଙ୍ଗଳା ଖାଲି କରିବାକୁ କୁହାଯାଇଥିଲା, ପିନାକୀ ଏହା ବିରୋଧରେ ଅଦାଲତର ଦ୍ୱାରସ୍ଥ ହୋଇଥିଲେ।

୧୯୯୬ ମସିହାରେ କଂଗ୍ରେସ ଟିକେଟରେ ପ୍ରଥମ ଥର ପାଇଁ ସାଂସଦ ହୋଇଥିବା ପିନାକୀ ମିଶ୍ର ୨୦୦୯, ୨୦୧୪ ଓ ୨୦୧୯ରେ ବିଜେଡି ଟିକଟରେ ଲୋକସଭାକୁ ନିର୍ବାଚିତ ହୋଇଥିଲେ।

### ମାଳାବଦଳ ପରେ କାଟିଲେ କେକ୍

ପିନାକୀଙ୍କ ପ୍ରଥମ ବିବାହ ୧୯୮୪ ମସିହାରେ ସଙ୍ଗୀତା ମିଶ୍ରଙ୍କ ସହିତ ହୋଇଥିଲା। ମାତ୍ର ପରବର୍ତ୍ତୀ ସମୟରେ ଉଭୟ ଅଲଗା ରହୁଥିବା ସୂଚନା ମିଳିଥିଲା। ସେମାନଙ୍କ ମଧ୍ୟରେ କେବେ ଛାଡ଼ପତ୍ର ହେଲା ତାହା ଏଯାଏ ସ୍ପଷ୍ଟ ନୁହେଁ। ପିନାକୀଙ୍କ ଘନିଷ୍ଠତମ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ପିନାକୀ ଏବଂ ସଙ୍ଗୀତା ଏବେ ବି ତିନୋଟି କମ୍ପାନୀରେ ନିର୍ଦ୍ଦେଶକ ଅଛନ୍ତି। ଓସନ୍ ଗ୍ରାଣ୍ଡ ରିସର୍ଟସ୍ ଆଣ୍ଡ ହୋଟେଲ୍ ପ୍ରାଇଭେଟ୍ ଲିମିଟେଡ୍, ଜୁପିଟର୍ ଇଷ୍ଟେଟ୍ସ ପ୍ରାଇଭେଟ୍ ଲିମିଟେଡ୍ ଏବଂ ହ୍ୱାଇଟ୍ ଲିଲି ଇଷ୍ଟେଟ୍ସ ପ୍ରାଇଭେଟ୍ ଲିମିଟେଡ୍ ନାମକ କମ୍ପାନୀରେ ପିନାକୀ ଏବଂ ସଙ୍ଗୀତା ନିର୍ଦ୍ଦେଶକ ଅଛନ୍ତି।

ଅନ୍ୟପକ୍ଷରେ ମହୁଆ ମୋଇତ୍ରୋ ନ୍ୟୁୟର୍କ ଏବଂ ଲଣ୍ଡନରେ ଜେପି ମୋର୍ଗାନ୍ କମ୍ପାନୀରେ ଉଚ୍ଚ ପଦରେ କାର୍ଯ୍ୟ କରିଛନ୍ତି। ସେ ଡେନମାର୍କର ଜଣେ ଫାଇନାନ୍ସର ଲାର୍ସ ଭି ବୋରୋସନଙ୍କୁ ବିବାହ କରିଥିଲେ ଓ ପରେ ସେମାନଙ୍କର ବିବାହ ବିଚ୍ଛେଦ ହୋଇଛି। ୨୦୦୮ ମସିହାରେ ସେ ଚାକିରି ଛାଡି ଭାରତ ଫେରିଆସି ଯୁବ କଂଗ୍ରେସରେ ଯୋଗ ଦେଇଥିଲେ ଓ ଦୁଇ ବର୍ଷ ପରେ ଟିଏମ୍‌ସିରେ ସାମିଲ ହୋଇଥିଲେ। ୨୦୧୬ ରେ ପ୍ରଥମ ଥର ପାଇଁ କରିମ୍‌ନଗର ଆସନରୁ ବିଧାନସଭା ନିର୍ବାଚନ ଲଢ଼ିଥିଲେ ଏବଂ ୨୦୧୯ ଓ ୨୦୨୪ରେ କୃଷ୍ଣନଗର ଲୋକସଭା କ୍ଷେତ୍ରର ଟିଏମ୍‌ସି ପ୍ରାର୍ଥୀ ଭାବରେ ସଂସଦକୁ ନିର୍ବାଚିତ ହୋଇଛନ୍ତି ।

# ୬୫୦୦ କେଜି ବିସ୍ଫୋରକ ଜବତ

**ଭବାନୀପାଟଣା/ଜୟପାଟଣା, ୫।୬(ସମିସ):** ସଶସ୍ତ୍ର ମାଓବାଦୀମାନେ ସୁନ୍ଦରଗଡ଼ ଜିଲ୍ଲାରେ ୫ଟନ୍‌ରୁ ଊର୍ଦ୍ଧ୍ୱ ବିସ୍ଫୋରକ ଲୁଟିନେବା ଘଟଣାକୁ ଦିନ କେଇଟା ପୂରି ନଥିବା ବେଳେ କଳାହାଣ୍ଡି ଜିଲ୍ଲାରୁ ଆଜି ଏକାବେଳକେ ୬୫୦୦ କେଜି ବିସ୍ଫୋରକ ସହ ୧୧୫ଟି ଡିଟୋନେଟର୍ ଜବତ ହେବା ଘଟଣା ରାଜ୍ୟବ୍ୟାପୀ ଚାଞ୍ଚଲ୍ୟ ସୃଷ୍ଟି କରିଛି। ବେଆଇନ ଭାବେ ଦୁଇଟି ଗାଡ଼ିରେ ଚାଲାଣ ହେଉଥିବା ବେଳେ ଖଣି ବିଭାଗ ଓ ପୁଲିସ୍ ମିଳିତ ଚଢ଼ଉ କରି



ଜୟପାଟଣା ଥାନା ଅଧୀନ ଲାଖବହାଲି ଜଗନ୍ନାଥ କ୍ରସରରୁ ଏହି ବିସ୍ଫୋରକ ଜବତ କରିଛି। ଜବତ ବିସ୍ଫୋରକ ମଧ୍ୟରେ ୭୫୦ମିଟର ୧୧୫ଟି ଡିଟୋନେଟର୍ ସହ ୩୦୦ ଏମଏମ ଲମ୍ବ ଓ ୮୩ ଏମଏମ ମୋଟା ବିଶିଷ୍ଟ କାଟ୍ରିଜ୍ ରହିଛି। ଏହାର ଓଜନ ୬୫୦୦ କେଜି ବୋଲି ଜଣାପଡ଼ିଛି। ଏହି ଘଟଣାରେ ୪ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି। ସେମାନେ ହେଲେ, ଜଗନ୍ନାଥ କ୍ରସର୍‌ର ସୁପରଭାଇଜର୍ ଜଗନ୍ନାଥ ତିୱାରୀ, ଟ୍ରକ୍ ଚାଳକ ରଞ୍ଜନ କ୍ଷିତି, ପିକ୍-ଅପ୍ ଚାଳକ ଧର୍ମୁ ପୋଢ଼ ଓ ବ୍ଲାଷ୍ଟର୍ ଅରୁଣ କୁମାର। ସମସ୍ତଙ୍କୁ କୋର୍ଟଚାଲାଣ କରାଯାଇଛି। ଏନେଇ ଜୟପାଟଣା ଥାନାରେ ଏକ ମାମଲା ରୁଜୁ ହୋଇଛି।

ବିନା କୌଣସି ଅନୁମତି କିମ୍ବା ସଂରକ୍ଷଣ ପାଇଁ ବୈଧ ଲାଇସେନ୍ସ ନ ଥିବା ଉକ୍ତ ବିସ୍ଫୋରକ କଳିଙ୍ଗ ଆଣ୍ଡ କୋ ଆଲିସାନ ଲାଇଫ୍ ଷ୍ଟାଇଲ କମ୍ପାନୀର ମାଲିକ ଅନୁପ କୁମାର ଅଗ୍ରୱାଲ ଯୋଗାଣ କରିଥିଲେ ବୋଲି ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି। ଏହା ବିସ୍ଫୋରକ ସାମଗ୍ରୀର ସଂରକ୍ଷଣ ଓ ପରିବହନ ନିୟମକୁ ସମ୍ପୂର୍ଣ୍ଣ ଉଲ୍ଲଂଘନ ବୋଲି କୁହାଯାଉଛି। ଲାଖବାହାଲି ପଥର ଖଣି ମାଲିକ ଜନାର୍ଦ୍ଦନ ପଣ୍ଡାଙ୍କ ଖଣି ଅଞ୍ଚଳରେ ବିସ୍ଫୋରକ ସାମଗ୍ରୀ ବୋଝେଇ ୨ଟି ଗାଡ଼ି ଥିବା ବେଳେ ପଥର ଖଣି ସୁପଭାଇଜର ଜଗନ୍ନାଥ ତିୱାରି ଗାଡ଼ିକୁ ରଖିବାକୁ ଦେଇଥିଲେ ବୋଲି ପୁଲିସ୍ ଏକ ପ୍ରେସ୍‌ବାର୍ତ୍ତାରେ ସୂଚନା ଦେଇଛି। ତେବେ ସେ କିପରି ଏତେ ପରିମାଣରେ ବିସ୍ଫୋରକ ପରିବହନ କରୁଥିଲେ ଓ ଏହା କେଉଁଠିକୁ ଯାଉଥିଲା, ତାହା ପୁଲିସ ତଦନ୍ତ କରୁଛି। ସେହିପରି ବିସ୍ଫୋରକ ସାମଗ୍ରୀ ଦିନ ସମୟରେ ପରିବହନ ପାଇଁ ନିୟମ ଥିବା ବେଳେ ସନ୍ଧ୍ୟା ସମୟରେ କିପରି ଏହା ପରିବହନ ହେଉଥିଲା, ତାକୁ ନେଇ ପ୍ରଶ୍ନ ଉଠିଛି।

ଉଲ୍ଲେଖଯୋଗ୍ୟ, ଜୟପାଟଣାର ଯେଉଁ ଅଞ୍ଚଳରୁ ଏହା ଜବତ କରାଯାଇଛି, ତାହା ଜଙ୍ଗଲକୁ ଲାଗି ରହିଛି। ଏହା କଳାହାଣ୍ଡି ଓ ନବରଙ୍ଗପୁର ଜିଲ୍ଲାର ସୀମାନ୍ତ ଅଞ୍ଚଳ। ପାଖରେ ବହୁମୁଖୀ ଇନ୍ଦ୍ରାବତୀ ଡ୍ୟାମ, ଇନ୍ଦ୍ରାବତୀ ପ୍ରକଳ୍ପ, ମଙ୍ଗଳପୁର ବ୍ୟାରେଜ, ମେଗା ପାନୀୟ ଜଳ ପ୍ରକଳ୍ପ, ସ୍କୁଲ, କଲେଜ ଇତ୍ୟାଦି ରହିଛି। ଏହା ଅସାମାଜିକ ବ୍ୟକ୍ତିର ହାତରେ ପଡ଼ିଥିଲେ, କ'ଣ ହୋଇଥା'ନ୍ତା ବୋଲି ପ୍ରଶ୍ନ ଉଠିଛି। ଜିଲ୍ଲା ଖଣି ବିଭାଗ ଜୁନିୟର ଖଣି ଅଧିକାରୀ ପ୍ରଶାନ୍ତ କର ଓ ଜୟପାଟଣା ଥାନା ଅଧିକାରୀ ମମତା ହେମ୍ବ୍ରମ, ସବ୍-ଇନ୍ସପେକ୍ଟର ବିନୟ କୁମାର ବାରା ତଦନ୍ତ ଆରମ୍ଭ କରିଛନ୍ତି।

## ଏସ୍‌ଏଲ୍‌ଏନ୍ ମେଡିକାଲ କଲେଜରେ ରୋଗୀ ମୃତ୍ୟୁ ଘଟଣା
# ବିଧାୟକ-କଂଗ୍ରେସ କର୍ମୀ ଧସ୍ତାଧସ୍ତି

**କୋରାପୁଟ, ୫।୬ (ସମିସ):** କୋରାପୁଟ ସହିଦ ଲକ୍ଷ୍ମଣ ନାୟକ(ଏସ୍‌ଏଲ୍‌ଏନ୍) ମେଡିକାଲ କଲେଜ ଓ ହସ୍‌ପିଟାଲରେ ସ୍ୱଳ୍ପ ସମୟ ବ୍ୟବଧାନରେ ୬ ରୋଗୀଙ୍କ ମୃତ୍ୟୁ ଘଟଣାକୁ କେନ୍ଦ୍ର କରି ଆଜି ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଆଜି ଘଟଣାର ଅନୁଧ୍ୟାନ କରିବାକୁ ମେଡିକାଲ ଗସ୍ତରେ ଆସିଥିବା ବେଳେ କଂଗ୍ରେସ କର୍ମୀମାନେ ତାଙ୍କୁ ତୀବ୍ର ବିରୋଧ କରିଛନ୍ତି। ଏପରିକି, ସ୍ଥାନୀୟ ବିଧାୟକ ରଘୁରାମ ମାଛ ଓ କଂଗ୍ରେସ କର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି ଭଳି ଅପ୍ରୀତିକର ପରିସ୍ଥିତି ଉପୁଜିଛି।

ଅପରପକ୍ଷେ, ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି ଯେ ଘଟଣାର ତଦନ୍ତ ଚାଲିଛି। ଭୁଲ୍ ଚିକିତ୍ସା ସ୍ପଷ୍ଟ ହେଲେ, ଦୋଷୀ ଅଧିକାରୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ମନ୍ତ୍ରୀ କହିଛନ୍ତି।

ସ୍ୱାସ୍ଥ୍ୟମନ୍ତ୍ରୀ ଶ୍ରୀ ମହାଲିଙ୍ଗ ଆଜି ଜିଲ୍ଲାପାଳ ଭି କୀର୍ତ୍ତି ଭାସନ୍, ଏସ୍‌ପି ରୋହିତ ବର୍ମାଙ୍କ ସହ ହସ୍ପିଟାଲ ପରିଦର୍ଶନ କରିଥିଲେ। ତେବେ ଏହାକୁ ନେଇ ସେଠାରେ ଉପସ୍ଥିତ କଂଗ୍ରେସ କର୍ମୀମାନେ ପ୍ରଶ୍ନ ଉଠାଇଥିଲେ। ସେମାନେ କହିଥିଲେ ଯେ ମନ୍ତ୍ରୀ ମାତ୍ର ୫ ମିନିଟ୍‌ରେ ଏମିତି କ'ଣ ଅନୁଧ୍ୟାନ କଲେ? ହସ୍ପିଟାଲ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କଲେ ନା ଖାଲି ବୁଲିବାକୁ ଆସିଥିଲେ ବୋଲି କଂଗ୍ରେସ ପ୍ରଶ୍ନ କରିଥିଲା।

କଂଗ୍ରେସ ବିଧାୟକ ଦଳ ନେତା ତଥା ପଟ୍ଟାଙ୍ଗି ବିଧାୟକ ରାମଚନ୍ଦ୍ର କାଡାମଙ୍କ ନେତୃତ୍ୱରେ ପୂର୍ବତନ ବିଧାୟକ ନିମାଇଁ ସରକାର, ପିସିସି ସମ୍ପାଦକ ରୂପକ ତୁରୁକ, ପୂର୍ବତନ ପୌରାଧ୍ୟକ୍ଷ ଭଗବାନ ବାହିନୀପତି, ସାଂସଦ ପ୍ରତିନିଧି ବାବୁଲା



ବେନିଆ, କଂଗ୍ରେସ ନେତା ରମେଶ ବାକ୍ଷିଆ, ଭବାନୀ ଶଙ୍କର ମିଶ୍ର ପ୍ରମୁଖ ଶତାଧିକ କର୍ମୀଙ୍କ ସହ ମନ୍ତ୍ରୀଙ୍କୁ ବିରୋଧ କରିଥିଲେ। ମନ୍ତ୍ରୀଙ୍କୁ ବିରୋଧ ସମୟରେ କୋରାପୁଟ ବିଧାୟକ ରଘୁରାମ ମାଛ ଏବଂ କଂଗ୍ରେସ କର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି ହୋଇଥିଲା। ଏନେଇ ପୂର୍ବତନ ବିଧାୟକ ନିମାଇଁ ସରକାର ଅଭିଯୋଗ କରିଛନ୍ତି ଯେ କଂଗ୍ରେସ କର୍ମୀମାନଙ୍କୁ ବିଧାୟକ ଧକ୍କା ମାରିଛନ୍ତି। ସେମାନେ ମନ୍ତ୍ରୀଙ୍କୁ ଭେଟି କୋରାପୁଟ ମେଡ଼ିକାଲ କଲେଜର ବିଭିନ୍ନ ସମସ୍ୟା ଉପରେ ଆଲୋଚନା କରିବାକୁ ଚାହୁଥିଲେ। କିନ୍ତୁ ସ୍ଥାନୀୟ ବିଧାୟକ ଏହାକୁ ବିରୋଧ କରିଥିଲେ ବୋଲି କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ କହିଛନ୍ତି। ସେହିପରି ପ୍ରଦେଶ କଂଗ୍ରେସ କମିଟି ସମ୍ପାଦକ ରୂପକ ତୁରୁକ ପ୍ରଶ୍ନ କରିଛନ୍ତି ଯେ ମନ୍ତ୍ରୀ ଆଇସିୟୁ ବିଭାଗକୁ ଯାଇ କ'ଣ ସ୍ଥିତି ଅଛି ଦେଖିବା କଥା। କିନ୍ତୁ ମନ୍ତ୍ରୀ ସେଠାକୁ

■ ମନ୍ତ୍ରୀଙ୍କ ଗସ୍ତକୁ କଂଗ୍ରେସର ଜୋର୍‌ଦାର୍ ବିରୋଧ
■ ତଦନ୍ତ ରିପୋର୍ଟ ଆଧାରରେ କାର୍ଯ୍ୟାନୁଷ୍ଠାନ: ମନ୍ତ୍ରୀ
■ ଏନ୍‌ଏଚ୍‌ଆର୍‌ସିରେ ଅଭିଯୋଗ

ନଯାଇ କ'ଣ ଦେଖିବାକୁ ଆସିଥିଲେ ବୋଲି ସେ ପ୍ରଶ୍ନ କରିଛନ୍ତି। ଅପରପକ୍ଷେ, ଏହି ଘଟଣାକୁ ନେଇ ମାନବାଧିକାର କର୍ମୀ ଜୟନ୍ତ ଦାଶ ଜାତୀୟ ମାନବାଧିକାର ଆୟୋଗ(ଏନ୍‌ଏଚ୍‌ଆରସି)ଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଏହି ଘଟଣାର ତଦନ୍ତ ପାଇଁ ଏକ ସ୍ୱତନ୍ତ୍ର ଟିମ୍‌କୁ ଦାୟିତ୍ୱ ଦିଆଯିବା ସହ ଏନ୍‌ଏଚ୍‌ଆରସି ଟିମ୍ ମେଡ଼ିକାଲ ପରିଦର୍ଶନ କରିବାକୁ ସେ ଦାବି କରିଛନ୍ତି। ଏହାସହ, ସମସ୍ତ ମେଡ଼ିକାଲ ଷ୍ଟାଫ୍‌ଙ୍କ ବିରୋଧରେ ଫୌଜଦାରୀ ମାମଲା ରୁଜୁ, ମୃତକଙ୍କ ପରିବାରକୁ ୩୦ଲକ୍ଷ କ୍ଷତିପୂରଣ ଦେବାକୁ ସରକାରଙ୍କ ନିର୍ଦ୍ଦେଶ ଦେବା ପାଇଁ ସେ ଅଭିଯୋଗରେ ଦର୍ଶାଇଛନ୍ତି।

### ୫ ଜଣିଆ କମିଟିର ତଦନ୍ତ ଆରମ୍ଭ

୬ ରୋଗୀ ମୃତ୍ୟୁ ଘଟଣାର ତଦନ୍ତ ପାଇଁ ଡିଏମଇଟିଙ୍କ ଦ୍ୱାରା ନିଯୁକ୍ତ ଟିମ୍ ବୁଧବାର ରାତିରେ କୋରାପୁଟ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ହସ୍‌ପିଟାଲ ଅଧୀକ୍ଷକ ପ୍ରଫେସର୍ ସୁଶାନ୍ତ କୁମାର ସାହୁଙ୍କଠାରୁ ମିଳିଥିବା ସୂଚନାନୁସାରେ, ବ୍ରହ୍ମପୁର ଭେଷଜ ମହାବିଦ୍ୟାଳୟର ଆନାସ୍ଥିସିଆ ବିଶେଷଜ୍ଞ ପ୍ରଫେସର୍ ଏଚ୍.କେ ଦଳେଇ, ସର୍ଜରୀ ବିଶେଷଜ୍ଞ ସହକାରୀ ପ୍ରଫେସର୍ ଡାକ୍ତର ଆଇ. ଗୋପାଳ, ମେଡିସିନ୍ ସ୍ପେସିଆଲିଷ୍ଟ ପ୍ରଫେସର୍ ଡାକ୍ତର ସଚ୍ଚିଦାନନ୍ଦ ନାୟକ, କଟକ ବଡ଼ ମେଡ଼ିକାଲର ସର୍ଜରୀ ବିଶେଷଜ୍ଞ ପ୍ରଫେସର ଏଚ୍.କେ. ମାଝୀ ଏବଂ ସହକାରୀ ପ୍ରଫେସର ଡାକ୍ତର ବି. ସ୍ୱାଗତ କୁମାର ସୁବୁଦ୍ଧି ବୁଧବାର ରାତିରେ ପହଞ୍ଚି ତଦନ୍ତ କରିଛନ୍ତି। ତଦନ୍ତକାରୀ ଡାକ୍ତର ଟିମ୍ ଆଇସିୟୁ ଏବଂ ସର୍ଜରୀ ୱାର୍ଡ ଯାଇ ମୃତ ରୋଗୀମାନଙ୍କୁ ଦିଆ ଯାଇଥିବା ଔଷଧ, ଇଞ୍ଜେକସନ ଯାଞ୍ଚ କରିବା ସହ ସେତେବେଳେ ଡ୍ୟୁଟିରେ ଥିବା ଡାକ୍ତର ଓ ଷ୍ଟାଫ୍‌ନର୍ସମାନଙ୍କୁ ପଚରା ଉଚରା କରିଛନ୍ତି।

## ହତ୍ୟାର ହଟ୍‌ସ୍ପଟ୍ ଗଞ୍ଜାମ
# ୨୪ ଘଣ୍ଟାରେ ଗଡ଼ିଲା ଆଉ ୨ ମୁଣ୍ଡ

**କୋଦଳା/ଜଗନ୍ନାଥପ୍ରସାଦ, ୫।୬ (ସମିସ):** ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ଦିନିକିଆ ଗଞ୍ଜାମ ଗସ୍ତରେ ଆସିବା ପୂର୍ବରୁ ଜିଲ୍ଲାରେ ଦୁଇ ଦୁଇଟି ବୀଭତ୍ସ ହତ୍ୟାକାଣ୍ଡ ପୁଲିସ୍ ପାଇଁ ଅଡୁଆ ପରିସ୍ଥିତି ସୃଷ୍ଟି କରିଛି। କୋଦଳା ଥାନା ନାୟିକାଣୀପଲ୍ଲିରେ ନାତିର ଠେଙ୍ଗାମାଡ଼ରେ ଜେଜେମା'ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଗନ୍ନାଥପ୍ରସାଦ ଥାନା ଅଞ୍ଚଳରେ ଜମିବାଡ଼ି ବିବାଦରୁ ରାସ୍ତା ଉପରେ ଶାଳୀକୁ ହାଣି ହତ୍ୟା କରିଛି ଭିଣୋଇ।

ସୂଚନାନୁଯାୟୀ, ନାୟିକାଣୀପଲ୍ଲି ମାଗୁରା ସାହିରେ ଚିତ୍ରସେନ୍ ସ୍ୱାଇଁ, ସ୍ତ୍ରୀ ସୁମତି ଏବଂ ତାଙ୍କର ପୁଅ-ଝିଅ ରହନ୍ତି। ଚିତ୍ରସେନ୍ ପ୍ରାୟ ସମୟରେ ପାଗଳଙ୍କ ଭଳି ବ୍ୟବହାର କରି ବିଭିନ୍ନପ୍ରକାର ଅଘଟଣ ଘଟାଉଥିଲେ। ବାହାର ଲୋକଙ୍କୁ ମାରଧର କରିବା ସହ ଗାଡ଼ି, ସାଇକଲ ଆଦି ଭଙ୍ଗାରୁଜା କରିବା ନେଇ ବାରମ୍ବାର ଅଭିଯୋଗ ହେଉଥିଲା। କିଛି ଦିନ ତଳେ ପୁଲିସ ତାଙ୍କୁ ଅଟକ ମଧ୍ୟ ରଖିଥିଲା। ତେବେ ବୁଧବାର ରାତି ପ୍ରାୟ ୧୧ଟାରେ ସେ ହଠାତ୍ ସୁମତିଙ୍କୁ ଏକ କାଠଫାଳିଆରେ ଆକ୍ରମଣ କରିଥିଲେ। ସୁମତି କୌଶଳକ୍ରମେ ବାହାରକୁ ପଳାଇ ଆସିଥିଲେ ହେଁ ପୁଅ-ଝିଅ ଘର ଭିତରେ ରହିଯାଇଥିଲେ। ତେଣୁ ପିଲାଦ୍ୱୟଙ୍କୁ ଆଣିବା ପାଇଁ ଜେଜେମା' ଅନି ସ୍ୱାଇଁ (୮୫)ଙ୍କୁ ସୁମତି ଘର ଭିତରକୁ ପଠାଇଥିଲେ। ଏହି ସମୟରେ ରାଗରେ ଥିବା ପାଗଳପ୍ରାୟ ଚିତ୍ରସେନ ଜେଜେମା'ଙ୍କୁ ବି ଛାଡ଼ିନଥିଲା। କାଠଫାଳିଆରେ ପିଟିପିଟି ଆଣି ରାସ୍ତା ଉପରେ ପକାଇ ଦେଇଥିଲା। ପାଟି ଶୁଣି ତାଙ୍କ ବଡ଼ବାପା ଦିବାନ ସ୍ୱାଇଁ ଏବଂ ବଡ଼ମା' ସୁରି ସ୍ୱାଇଁ ପହଞ୍ଚି ମା'କୁ ବଞ୍ଚାଇବାକୁ ଚେଷ୍ଟା କରିବାରୁ ତାଙ୍କୁ ମଧ୍ୟ ଚିତ୍ରସେନ ଆକ୍ରମଣ କରିଥିଲା। ଗାଁ ଲୋକ ଏହା ଦେଖୁଥିଲେ ହେଁ ପାଖକୁ ଯିବାକ କେହି ସାହସ ଜୁଟାଇ ପାରିନଥିଲେ। ଚିତ୍ରସେନ୍ ଚାଲିଯିବା ପରେ ଏକ ଆମ୍ବୁଲାନ୍ସରେ ଅନି ଓ ଦିବାନଙ୍କୁ କୋଦଳା ମେଡିକାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ସେଠାରେ ଅନିଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ଅଭିଯୋଗ ହେବା ପରେ ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଭିଯୁକ୍ତ ଚିତ୍ରସେନକୁ ଅଟକ ରଖି ପଚରାଉଚରା କରୁଛି।

ସେହିଭଳି ଜଗନ୍ନାଥପ୍ରସାଦ ଥାନା ଅଞ୍ଚଳରେ ଜମିବାଡ଼ି ବିବାଦରୁ ଶାଳୀକୁ ଅତି ନୃଶଂସ ଭାବେ ହାଣି ହତ୍ୟା କରିଛି ଭିଣୋଇ। ମୃତକ ହେଲେ, ଜଗନ୍ନାଥପ୍ରସାଦ ଥାନା ଚଢ଼ିଆପଲ୍ଲୀ ଗ୍ରାମ ବଉଳସାହିର ଗଦାଧର ତ୍ରିପାଠୀଙ୍କ ଝିଅ ବିଜୟଲକ୍ଷ୍ମୀ ତ୍ରିପାଠୀ(୪୦)। ସେ ଜଣେ ଆଶାକର୍ମୀ। ଏକ ଧାରୁଆ ଅସ୍ତ୍ରରେ ଭିଣୋଇ ରାମଚନ୍ଦ୍ର ତ୍ରିପାଠୀ (୫୦) ତାଙ୍କୁ ଅତି ନିର୍ମମ ଭାବେ ହତ୍ୟା କରିବା ପରେ ଜଗନ୍ନାଥପ୍ରସାଦ ଥାନାରେ ଆତ୍ମସମର୍ପଣ କରିଛି। ପୁଲିସ୍ ରାମଚନ୍ଦ୍ର ଏବଂ ତାଙ୍କ ପତ୍ନୀଙ୍କୁ ଅଟକ ରଖି ପଚାରାଉଚରା କରୁଛି।

ସୂଚନାନୁସାରେ, ଗଦାଧରଙ୍କ ଝିଅ ବିନୋଦିନୀଙ୍କୁ ବିବାହ କରିବା ପରେ ରାମଚନ୍ଦ୍ର ଘରଜ୍ୱାଇଁ ଭାବେ ରହୁଥିଲେ। ଗଦାଧରଙ୍କ ମୃତ୍ୟୁ ପରେ ସମ୍ପତ୍ତି ଭଗବଣ୍ଟାକୁ ନେଇ ରାମଚନ୍ଦ୍ର ଓ ଶାଳୀ ବିଜୟଲକ୍ଷ୍ମୀଙ୍କ ମଧ୍ୟରେ ବିବାଦ ଉପୁଜିଥିଲା। ଏହାକୁ ନେଇ ଦୀର୍ଘବର୍ଷ ହେବ କୋର୍ଟରେ ମକଦ୍ଦମା ଲାଗି ରହିଥିଲା। ତେବେ ବିବାଦୀୟ ଜାଗାରେ ଘର ତିଆରି ପାଇଁ ବୁଧବାର ଦିନ ରାମଚନ୍ଦ୍ର ପଥର ପକାଇବାରୁ ବିଜୟାଲକ୍ଷ୍ମୀଙ୍କ ସହ ବଚସା ହୋଇଥିଲା। ଏଥିରେ ଉତକ୍ଷିପ୍ତ ହୋଇ ରାମଚନ୍ଦ୍ର ଧରିଥିବା ଏକ ଧାରୁଆ ଅସ୍ତ୍ରରେ ବିଜୟଲକ୍ଷ୍ମୀଙ୍କୁ ଚୋଟ ପରେ ଚୋଟ ପକାଇଥିଲେ। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପୁଲିସ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇ ତଦନ୍ତ ଚଳାଇଥିବା ତଦନ୍ତକାରୀ ଅଧିକାରୀ ବଂଶୀଧର ମଲ୍ଲିକ ସୂଚନା ଦେଇଛନ୍ତି। ଅପରାହ୍ନରେ ଛତ୍ରପୁରରୁ ସାଇଣ୍ଟିଫିକ ଟିମ୍ ପହଞ୍ଚି ଘଟଣାର ଛାନଭିନ ଜାରି ରଖିଥିଲେ।

ଉଲ୍ଲେଖଯୋଗ୍ୟ, ମୁଖ୍ୟମନ୍ତ୍ରୀ ରମ୍ଭା, ଛତ୍ରପୁର ଓ ବ୍ରହ୍ମପୁରରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବା ପୂର୍ବରୁ ଜିଲ୍ଲାରେ ଏହି ଦୁଇ ଦୁଇଟି ହତ୍ୟାକାଣ୍ଡ ପୁଲିସ୍‌ର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଖାଲି ଏହି ୨ଟି ଘଟଣା ନୁହେଁ, ଜିଲ୍ଲାରେ ପ୍ରତି କିଛିଦିନ ଅନ୍ତରାଳରେ ହତ୍ୟାକାଣ୍ଡରେ କାହାର ନା କାହାର ମୁଣ୍ଡ ଗଡ଼ୁଛି। ୨ ଦିନ ତଳେ ଜଣେ ଜେଲ୍‌ଫେରନ୍ତା ଯୁବକଙ୍କୁ କିଛି ଦୁର୍ବୃତ୍ତ ଅତି ଅମାନବୀୟ ଭାବେ ଅପହରଣ କରି ହତ୍ୟା କରିଥିଲେ। କହିବାକୁ ଗଲେ, ବର୍ତ୍ତମାନ ଗଞ୍ଜାମ ପୂରା ରାଜ୍ୟରେ 'ହତ୍ୟାକାଣ୍ଡ'ର ହଟ୍‌ସ୍ପଟ୍ ପାଲଟିଛି।

■ ନାତିର କାଠଫାଳିଆ ମାଡ଼ରେ ଜେଜେ ମା' ମୃତ
■ ରାସ୍ତାରେ ହାଣିଲା ଭିଣୋଇ, ଶାଳୀ ମୃତ
■ ମୁଖ୍ୟମନ୍ତ୍ରୀ ଆସିବା ପୂର୍ବରୁ ହତ୍ୟାକାଣ୍ଡ; ପୁଲିସ୍‌ର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ





# ଲାଞ୍ଚ ନେଇ ସେକ୍ସନ୍ ଅଫିସର୍ ଗିରଫ

**ପୁରୀ, ୫।୬(ସମିସ):** ପୁରୀ ଉପଖଣ୍ଡ ପ୍ରାଣୀ ଚିକିତ୍ସା କାର୍ଯ୍ୟାଳୟରେ କାର୍ଯ୍ୟରତ ସେକ୍ସନ ଅଫିସର୍ ମନୋଜ ମହାନ୍ତିଙ୍କୁ ଭିଜିଲାନ୍ସ ଗିରଫ କରିଛି। ୯ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ତାଙ୍କୁ ଧରିଛି। ନିମାପଡ଼ା ରେଞ୍ଜର ଅଭିଯୋଗକାରୀ ଏବଂ ଅନ୍ୟ ପାଞ୍ଚଜଣଙ୍କ ବିଦ୍ୟୁତ୍ ଚାଳିତ ଗାଡ଼ିର ସୁବିଧା କରାଇବା ପାଇଁ ସେକ୍ସନ ଅଫିସର୍ ବିଳମ୍ବ କରାଉଥିଲେ। ଏଥିଲାଗି ସେ ୯ହଜାର ଟଙ୍କା ଦାବି କରିଥିଲେ। ଏନେଇ ଅଭିଯୋଗକାରୀ ଭିଜିଲାନ୍ସ କର୍ତ୍ତୃପକ୍ଷଙ୍କୁ ଅବଗତ କରାଇଥିଲେ। ପୂର୍ବ ଯୋଜନା ଅନୁଯାୟୀ, ଗୁରୁବାର ଶ୍ରୀ ମହାନ୍ତି ଅଭିଯୋଗକାରୀଙ୍କଠାରୁ ଲାଞ୍ଚ ନେଉଥିବା ବେଳେ ତାଙ୍କୁ ଭିଜିଲାନ୍ସ କାବୁ କରିଥିଲା। ଶ୍ରୀ ମହାନ୍ତିଙ୍କଠାରୁ ୯ ହଜାର ଟଙ୍କା ଜବତ କରାଯାଇଛି। ଅନ୍ୟପଟେ ତାଙ୍କ ଆବାସିକ ଘର କଟକ ବୟାଳିଶମୌଜା, ମାହାଙ୍ଗାସ୍ଥିତ ପୈତୃକ ବାସଭବନ ଏବଂ ଅଫିସ୍‌ରେ ଏକକାଳୀନ ଚଢ଼ଉ କରାଯାଇଥିଲା। ଭିଜିଲାନ୍ସ ତାଙ୍କ ବିରୋଧରେ ଏକେ ମାମଲା ରୁଜୁ କରିଛି।

# କଟିବ ୨୦ଲକ୍ଷ ହିତାଧିକାରୀଙ୍କ ରାସନ କାର୍ଡ

**ଭୁବନେଶ୍ୱର, ୫।୬(ସମିସ):** ଦୀର୍ଘ ୮ ମାସ ଧରି ଚାଲୁଥିବା ଇ-କେୱାଇସି ଏହି ମାସରେ ଶେଷ ହେବ। ହେଲେ ଏବେ ବି ୨୦ଲକ୍ଷରୁ ଅଧିକ ହିତାଧିକାରୀ ଇ-କେୱାଇସି କରିନାହାନ୍ତି। ତେଣୁ ଏହି ମାସ ଶେଷ ସୁଦ୍ଧା ଯେଉଁ ହିତାଧିକାରୀ ନିଜର ଇ-କେୱାଇସି ଶେଷ କରିବେନି, ସେମାନଙ୍କର ରାସନ କାର୍ଡ କଟିବ ବୋଲି ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଜି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ତେଣୁ ଚଳିତ ମାସ ଶେଷ ସୁଦ୍ଧା ଯେଉଁ ହିତାଧିକାରୀ ଇ-କେୱାଇସି ପ୍ରକ୍ରିୟା ଶେଷ କରିବେ ନାହିଁ, ସେମାନଙ୍କ ରାସନ କାର୍ଡ ବାତିଲ ହେବ। ପ୍ରାୟ ୨୦ ଲକ୍ଷ ହିତାଧିକାରୀ ଏଥିରୁ ବାଦ ପଡ଼ିବାର ସମ୍ଭାବନା ରହିଛି। ଗତ ୧୩ ବର୍ଷ ଧରି ନୂଆ ରାସନ କାର୍ଡ ଜାରି ହୋଇନାହିଁ। ନୂଆ ସରକାର ଗଠନ ପରେ ୧୭ ଲକ୍ଷ ନୂଆ ଆବେଦନ ଆସିଛି ବୋଲି ମନ୍ତ୍ରୀ ଶ୍ରୀ ପାତ୍ର ସୂଚନା ଦେଇଛନ୍ତି।

## ଲୁଟିନେଲେ ସୁନାଚେନ୍

ଗୋପ,୫।୬(ସମିସ): ଗୋପ ଥାନା ଅଧୀନ ଗଣେଶ୍ୱରପୁର ବଜାରରୁ ଜନୈକ ବ୍ୟକ୍ତିଙ୍କର ସୁନାଚେନ୍ ଲୁଟ୍ ହୋଇଥିବା ଜଣାପଡ଼ିଛି। ସୂଚନା ମୁତାବକ, ଗୋପ ଥାନା ଅଧିନ ଶଙ୍କାରିଆ ଗ୍ରାମର ରାମଚନ୍ଦ୍ର ରାଉତ ନିକଟସ୍ଥ ଗଣେଶ୍ୱରପୁର ବଜାରକୁ ସଉଦା ନେବାକୁ ଆସିଥିବାବେଳେ ଦୁଇଜଣ ଯୁବକ ଏକ ବାଇକ୍‌ରେ ଆସି ରାମଚନ୍ଦ୍ରଙ୍କୁ ଧକ୍କା ପକାଇ ତାଙ୍କ ବେକରେ ଥିବା ସୁନାଚେନ୍‌କୁ ଲୁଟି ଫେରାର୍ ହୋଇଯାଇଥିଲେ। ଏ ନେଇ ରାମଚନ୍ଦ୍ର ଗୋପ ଥାନାରେ ଅଭିଯୋଗ କରିଥିବାବେଳେ ଗୋପ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।

## ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ବ୍ରହ୍ମଗିରି,୫।୬(ସମିସ): ବେକରେ ରଶି ଲଗାଇ ଜଣେ ଯୁବକ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ଅଲାରପୁର ଗ୍ରାମ ନିକଟ ପଦ୍ମପୁର ଜଙ୍ଗଲରେ ଏକ ଲଙ୍କାଆମ୍ବ ଗଛରେ ଯୁବକଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ଦେଖିବାକୁ ମିଳିଥିଲା। ମୃତ ଯୁବକ ଜଣକ ହେଲେ ବ୍ରହ୍ମଗିରି ଥାନା ଅନ୍ତର୍ଗତ ନହରପଦା ଗ୍ରାମର ତ୍ରିନାଥ ନାୟକ (୪୯) ବୋଲି ଜଣାପଡ଼ିଛି। ତ୍ରିନାଥ ବୁଧବାର ସକାଳୁ ନିଖୋଜ ଥିଲେ। ଗୁରୁବାର ସକାଳୁ କିଛି ଲୋକ ଦେଖି ପୁଲିସକୁ ଖବର ଦେଇଥିଲେ। ଖବର ପାଇ ବ୍ରହ୍ମଗିରି ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଶବଟିକୁ ଉଦ୍ଧାର କରିଥିଲେ। ପରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠେଇଛନ୍ତି।

## କଣାସ ଡାକ୍ତରଖାନାରେ ବିଶ୍ୱ ପରିବେଶ ଦିବସ ପାଳିତ

କଣସ,୫।୬(ସମସ): କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିସରରେ ଗୁରୁବାର ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ଜନ ମଙ୍ଗଳ କ୍ଲବ୍ ଓ ପଲ୍ଲୀ ସଂସ୍କୃତି କଳାପରିଷଦ ଟିପୁରୀ ଦ୍ୱାରା ମିଳିତ ଭାବରେ ଆୟୋଜିତ ବୈଠକରେ କଣାସ ଥାନା ଅଧିକାରୀ ପ୍ରତାପ ଯୁଝାରସିଂହ, ସୁକାନ୍ତ ସାମନ୍ତରାୟ, ଡ. ବିଶ୍ୱରଞ୍ଜନ ଜେନା, ଧନେଶ୍ୱର ସ୍ୱାଇଁ, ସ୍ୱର୍ଣ୍ଣଲତା ରଥ ଓ ଅପର୍ତ୍ତି ମହାପାତ୍ର ପ୍ରମୁଖ ଉପସ୍ଥିତ ଲୋକଙ୍କୁ ବିଶ୍ୱ ପରିବେଶ ଦିବସ ସମ୍ପର୍କରେ ସଚେତନ କରିଥିଲେ। ପରିବେଶବିତ୍ ମହେଶ୍ୱର ପରିଡ଼ା, ସମାଜସେବୀ ବାଳକୃଷ୍ଣ ସାହା ଓ ପରିବେଶ ରକ୍ଷକ ଗୋବର୍ଦ୍ଧନ ବେହେରାଙ୍କୁ ଏହି ପରିପ୍ରେକ୍ଷୀରେ ସ୍ମାରକପତ୍ର ଓ ଉପଢୌକନ ଦେଇ ସମ୍ମାନିତ କରାଯାଇଥିଲା। ଅପରାହ୍ଣରେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନେ, ପିଏସ୍ କ୍ୟାରିୟରର ବିଦ୍ୟାର୍ଥୀମାନେ ଏବଂ ସ୍କାଉଟ୍ସ ଗାଇଡ୍ସର ଛୋଟ ପିଲାମାନେ କଣାସ ଡାକ୍ତରଖାନା ପରିସରରେ ବୃକ୍ଷରୋପଣ କରିଥିଲେ। ଶେଷରେ ଆମ ପରିବେଶକୁ ପ୍ଲାଷ୍ଟିକ୍‌ମୁକ୍ତ ଏବଂ ଖାଲିଥିବା ଜାଗାରେ ବୃକ୍ଷରୋପଣ କରିବା ପାଇଁ ଉପସ୍ଥିତ ସମସ୍ତେ ଶପଥ ନେଇଥିଲେ।

### ପିପିଲି ବିଜେପି ବିରୋଧରେ ବିଜେଡିର କଟାକ୍ଷ

# ଆଶୀର୍ବାଦ ଦିବସ ନୁହେଁ; ଅଭିଶାପ ଦିବସ: ବିଜେଡି

ପିପିଲି,୫।୬(ସମିସ): ପିପିଲିରେ ବିଜେପି ପାଳିଲା ଆଶୀର୍ବାଦ ବର୍ଷ ପୂର୍ତ୍ତି ଦିବସ। ଗତ ଏକ ବର୍ଷ ମଧ୍ୟରେ କ'ଣ କ'ଣ କରିଛନ୍ତି ତା'ର ହିସାବ ରଖିଲା ବିଜେପି। ପିପିଲି ବିଧାୟକ ଓ ପୁରୀ ସାଂସଦ ନିଜେ ଏଥିରେ ଉପସ୍ଥିତ ରହି ନିଜର ଓ ସରକାରଙ୍କ ସଫଳତାର ଗୁଣଗାନ କଲେ। ସେପଟେ ବିଜେଡି ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀ କରାଯାଇ ବିଜେପିର ଆଶୀର୍ବାଦ ବର୍ଷ ପୂର୍ତ୍ତି ଦିବସକୁ କଟାକ୍ଷ କରିଛି। ବିଜେଡିର ଜିଲ୍ଲା ପରିଷଦ ସଭ୍ୟ ଧରଣୀଧର ସାହୁ, ପିପିଲି ବ୍ଲକ୍ ଅଧ୍ୟକ୍ଷାଙ୍କ ପ୍ରତିନିଧି ଦେବାଶିଷ ନନ୍ଦ ଏବଂ ଯୁବ ବିଜେଡି ନେତା ବିଶ୍ୱଜିତ୍ ଦାଶ କହିଛନ୍ତି ଏହା ଆଶୀର୍ବାଦ ବର୍ଷ ପୂର୍ତ୍ତି ଦିବସ ନୁହେଁ; ଏହା ଅଭିଶାପ ଦିବସ। ପିପିଲିରେ ବିଜେପି ୧ ବର୍ଷ ମଧ୍ୟରେ କ'ଣ କରିଛି ବୋଲି ପ୍ରଶ୍ନ କରିଛନ୍ତି ବିଜେଡି କର୍ମୀ। ପିପିଲିର ବିକାଶରେ ବ୍ରେକ୍ ଲାଗିଯାଇଥିବା ଅଭିଯୋଗ ଆଣିଛି ବିଜେଡି। ନବୀନ ସରକାରରେ ପିପିଲି ପାଇଁ ଯେଉଁ ସବୁ ଅନୁଦାନ ଦିଆଯାଇଥିଲା ସେହି ସବୁ କାମ ମଧ୍ୟ ଏବେ ସୁଦ୍ଧା ଆରମ୍ଭ ହୋଇପାରି ନ ଥିବାବେଳେ ପୁରୁଣା କାମରେ ଫଳକ ଓ ରଙ୍ଗ ପରିବର୍ତ୍ତନ କରି ନିଜ ସଫଳତାର ଗୁଣ ବିଜେପି ଗାନ କରୁଛି ବୋଲି କହିଛି ବିଜେଡି। କେବଳ କହିଦେଲେ ବିକାଶ ହୁଏ ନାହିଁ; ବିକାଶ କେଉଁଠାରେ କରିଛ ବୋଲି ବିଜେପିକୁ ଉତ୍ତର ମାଗିଛି ବିଜେଡି।




ବିଜେପି ସରକାରର ଏହି ୧ ବର୍ଷ ମଧ୍ୟରେ ପିପିଲିରେ ୧୫ଟି ବେଆଇନ ବାଲିଘାଟ, ଡେଲାଙ୍ଗରେ ବେଆଇନ ପଥର ଓ ମୋରମ୍ ଚାଲାଣ, ଦୁର୍ନୀତି, ଭ୍ରଷ୍ଟାଚାର, ନାରୀ ନିର୍ଯାତନା, ନାବାଳିକା ଦୁଷ୍କର୍ମ, ଅପହରଣ, ଗର୍ଭବତୀ, ନାବାଳକକୁ ହତ୍ୟା ଭଳି ଘଟଣା ବଢ଼ି ଚାଲିଛି। ଅନ୍ୟପଟେ ସରକାରୀ କାର୍ଯ୍ୟାଳୟରେ ମହିଳା ଆର୍‌ଆଇଙ୍କୁ ଅସଦାଚରଣ ଭଳି ଘଟଣା ପିପିଲିକୁ ନିନ୍ଦିତ କରିଛି। ବିଜେଡି ସରକାର ସମୟରେ ଥିବା ଗଚ୍ଛିତ ଅର୍ଥ କାମ ହୋଇ ନ ପାରି ଅର୍ଥ ଫେରୁଛି ବୋଲି ଅଭିଯୋଗ କରିବା ସହିତ ଏହି ୧ ବର୍ଷ ମଧ୍ୟରେ ପୁରୀ ସାଂସଦ ଓ ସ୍ଥାନୀୟ ବିଧାୟକ ପିପିଲି-ଡେଲାଙ୍ଗର ବିକାଶ ପାଇଁ କେତେ ଅର୍ଥ ଦେଇଛନ୍ତି ବୋଲି ପ୍ରଶ୍ନ ରଖିଛି ବିଜେଡି।

## ଦେସ୍ତଳି ପଞ୍ଚାୟତ ପରିସରରେ ମୁକୁଳା ବିଦ୍ୟୁତ୍ ଟ୍ରାନ୍ସଫର୍ମର

● ଅନ୍ୟତ୍ର ସ୍ଥାନାନ୍ତର ପାଇଁ ସରପଞ୍ଚଙ୍କ ଦାବି

ନୟାହାଟ,୫।୬(ସମିସ): ନୟାହାଟ ଫାଣ୍ଡି ଅନ୍ତର୍ଗତ ଦେସ୍ତଳି ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ମୁକୁଳା ପଡ଼ିଥିବା ବିଦ୍ୟୁତ୍ ଟ୍ରାନ୍ସଫର୍ମର ଅନ୍ୟତ୍ର ସ୍ଥାନାନ୍ତର ପାଇଁ ସରପଞ୍ଚ ରିସ୍ମା ସ୍ୱାଇଁ ଦାବି କରିଛନ୍ତି। ପଞ୍ଚାୟତକୁ ପ୍ରତିଦିନ ଶତାଧିକ ଲୋକ, ମହିଳା ସଂଗଠନ କର୍ମଚାରୀ ଆସୁଥିବାବେଳେ ବିଦ୍ୟୁତ୍ ଟ୍ରାନ୍ସଫର୍ମର ମୁକୁଳା ପଡ଼ିଥିବାରୁ ତାହା ସାଧାରଣ ଜନତାଙ୍କ ପାଇଁ ବିପଦପୂର୍ଣ୍ଣ ସୃଷ୍ଟି କରିଛି ବୋଲି ସମାଜସେବୀ ମକରଧ୍ୱଜ ସ୍ୱାଇଁ ଦାବି କରିଛନ୍ତି। ବର୍ଷା ଓ ଘଡ଼ଘଡ଼ି ସମୟରେ ବିଦ୍ୟୁତ୍ ଖୁଣ୍ଟରୁ ନିଆଁ ବାହାରୁଥିବାରୁ ସାଧାରଣ ଲୋକେ ଭୟଭୀତ ହୋଇ ପଞ୍ଚାୟତ ଅଫିସକୁ ଆସୁନାହାନ୍ତି। ଟ୍ରାନ୍ସଫର୍ମର ଉପରେ ଅନାବନା ଗଛ ଉଠି ତାହା ମଧ୍ୟରେ ବିଷଧର ସାପ ବସା କଲେଣି ବୋଲି ସ୍ଥାନୀୟ ଲୋକ ପ୍ରକାଶ କରିଛନ୍ତି। ପଞ୍ଚାୟତ କାର୍ଯ୍ୟରେ ବାଧା ସୃଷ୍ଟି କରୁଥିବା ଓ ଲୋକମାନେ ଭୟରେ ଆସୁନଥିବାରୁ ଏଠାରୁ ଅନ୍ୟତ୍ର ସ୍ଥାନାନ୍ତର କରାନଗଲେ ଆନ୍ଦୋଳନ ହେବ ବୋଲି ସରପଞ୍ଚ ଚେତାବନୀ ଦେଇଛନ୍ତି।



## ଗଡ଼ସାହିରେ ଖୋଲିଲା ସରକାରୀ ଧାନମଣ୍ଡି



କଣାସ,୫।୬(ସମିସ): କଣାସ ବ୍ଲକ୍ ଗଡ଼ସାହି ଗ୍ରାମପଞ୍ଚାୟତର ଗଡ଼ସାହି ସେବା ସମିତି ପକ୍ଷରୁ ଗୁରୁବାର ସରକାରୀ ଧାନମଣ୍ଡି ଖୋଲାଯାଇଛି। ଏଥିରେ ୧୫ ଜଣ ଚାଷୀଙ୍କଠାରୁ ୩୨୭ କ୍ୱିଣ୍ଟାଲ ଧାନ ଗୋପାଳଜୀ ରାଇସ୍ ମିଲ୍ କିଣିଥିବା ଜଣାପଡ଼ିଛି। ୧୪୫ ଜଣ ଚାଷୀ ଧାନ ବିକ୍ରିୟ କରିବା ପାଇଁ ଅନ୍‌ଲାଇନ୍‌ରେ ନାମ ପଞ୍ଜୀକରଣ କରିଛନ୍ତି। ପ୍ରଥମ ପର୍ଯ୍ୟାୟରେ ୮ ୯ ୭ କ୍ୱିଣ୍ଟାଲ ଧାନ କିଣିବା ପାଇଁ ସରକାର ଅନୁମତି ଦେଇଛନ୍ତି। ସମବାୟ ସମିତିର ସଭାପତି ବସନ୍ତ କୁମାର ଚୌଧୁରୀ, ସମ୍ପାଦକ ଧିରେନ୍ଦ୍ର କୁମାର ମାନସିଂହ ଆନୁଷ୍ଠାନିକ ଭାବେ ଧାନମଣ୍ଡି ଉଦ୍‌ଘାଟନ କରିଥିବାବେଳେ ସମବାୟ ସମିତି ବୋର୍ଡର ସଦସ୍ୟ ରୀତାରାଣୀ ମଙ୍ଗରାଜ, ପ୍ରଶାନ୍ତ ବରାଳ, ଦିଜରାଜ ପ୍ରଧାନ, ମନୋରଞ୍ଜନ ପ୍ରଧାନ, ଲକ୍ଷ୍ମୀପ୍ରିୟା ଦସ, ପ୍ରଭାକର ପଲାଇ, ରଣଜିତ ପାଇକରାୟ ପ୍ରମୁଖ ଉପସ୍ଥିତ ଥିଲେ।

## ପିପିଲି ମହାବିଦ୍ୟାଳୟର ନୂତନ ଅଧ୍ୟକ୍ଷ

ପିପିଲି,୫।୬(ସମିସ): ପିପିଲି ମହାବିଦ୍ୟାଳୟରେ ନୂତନ ଅଧ୍ୟକ୍ଷ ଭାବେ ସଦାଶିବ ଦାଶଙ୍କୁ ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ତରଫରୁ ନିଯୁକ୍ତି ଦିଆଯାଇଛି। ଏହି ମହାବିଦ୍ୟାଳୟରେ ପୂର୍ବତନ ଅଧ୍ୟକ୍ଷ ତପନ ଦାଶଙ୍କର ଗତ ମେ' ୩୧ରେ କାର୍ଯ୍ୟକାଳ ଶେଷ ହେବା ପରେ ନୂତନ ଭାବେ ପିପିଲି ମହାବିଦ୍ୟାଳୟରେ ଅଧ୍ୟକ୍ଷ ନିଯୁକ୍ତି କରାଯାଇଛି। ଅଧ୍ୟକ୍ଷ ଶ୍ରୀ ଦାଶ ପିପିଲି ମହାବିଦ୍ୟାଳୟରେ ଗଣିତ ବିଷୟରେ ପ୍ରାଧ୍ୟାପକ ଭାବେ କାର୍ଯ୍ୟକରି ଆସୁଥିଲେ। ମହାବିଦ୍ୟାଳୟରେ ଅନେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟରେ ନିୟୋଜିତ ହୋଇ ପ୍ରଶଂସିତ ହୋଇଥିବା ଶ୍ରୀ ଦାଶଙ୍କୁ ଅଧ୍ୟକ୍ଷ ନିଯୁକ୍ତି ପାଇଁ ଛାତ୍ରଛାତ୍ରୀ, ଅଧ୍ୟାପକ, ଅଧ୍ୟାପିକା, ଅଣ ଶିକ୍ଷକ କର୍ମଚାରୀ ଏବଂ ପିପିଲି ଅଞ୍ଚଳର ଅଧିବାସୀମାନେ ଶୁଭେଚ୍ଛା ଜଣାଇଛନ୍ତି।

## ଉତ୍କର୍ଷ ନିମାପଡ଼ା-୨୦୨୫ ସମ୍ମିଳନୀ ଉଦ୍‌ଯାପିତ




ନିମାପଡ଼ା,୫।୬(ସମିସ): ନିମାପଡ଼ା ଇନ୍‌ଡୋର ଷ୍ଟାଡିୟମ୍ ନିକଟସ୍ଥ ନୂଆ ବାରବାଟୀ ପଡ଼ିଆ ପରିସରରେ ଉତ୍କର୍ଷ ନିମାପଡ଼ା-୨୦୨୫ ଦୁଇ ଦିନିଆ ସମ୍ମିଳନୀ ଗୁରୁବାର ଉଦ୍‌ଯାପିତ ହୋଇଯାଇଛି। ରାଜ୍ୟ ବିଜେପି ସରକାରର ୧ ବର୍ଷ ପୂର୍ତ୍ତି ଅବସରରେ ଉତ୍କର୍ଷ ନିମାପଡ଼ା କମିଟିର ସଭାନେତ୍ରୀ, ସ୍ଥାନୀୟ ବିଧାୟିକା ତଥା ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ସଭାପତିତ୍ୱରେ ଆୟୋଜିତ ସମ୍ମିଳନୀର ଉଦ୍‌ଯାପନୀ ଉତ୍ସବରେ ଅତିଥିଭାବେ ପୁରୀ ଲୋକସଭା ସାଂସଦ ଡ. ସମ୍ବିତ୍ ପାତ୍ର, ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ, ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ, ପିଡି ପ୍ରୀୟରଞ୍ଜନ ପୃଷ୍ଟି, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ସନ୍ତୋଷ କୁମାର ସେଠୀ, ବିଡିଓ ଡ. ଅଭିଜିତ୍ ଷଡ଼ଙ୍ଗୀ, ଗୋପ ବିଡିଓ ଛବିରାଣୀ ସାହୁ, ନିମାପଡ଼ା ତହସିଲ୍‌ଦାର ମନୋଜ କୁମାର ପ୍ରଧାନ, ଏନ୍‌ଏସି ଅଧ୍ୟକ୍ଷା ସସ୍ମିତା ସାହୁ, ଏନ୍‌ଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଚିନ୍ମୟ କୁମାର ଦାସ, ପୁରୀ ଜିଲ୍ଲା ବିଜେପି ସଭାପତି ଦେବେନ୍ଦ୍ର ତରାଇଙ୍କ ସମେତ ନିମାପଡ଼ା ଓ ଗୋପ ବ୍ଲକ୍‌ର ବିଭିନ୍ନ ସରକାରୀ ଓ ବେସରକାରୀ ଅନୁଷ୍ଠାନର ବିଭାଗୀୟ ଅଧିକାରୀମାନେ ଯୋଗଦେଇଥିଲେ। ନିମାପଡ଼ା ଭଳି ପୁରୀ ଲୋକସଭା ମଣ୍ଡଳୀ ଅନ୍ତର୍ଗତ ସମସ୍ତ ବିଧାନସଭା ନିର୍ବାଚନମଣ୍ଡଳୀରେ ଏଭଳି କାର୍ଯ୍ୟକ୍ରମ କରିବାକୁ ସାଂସଦ ଡ. ପାତ୍ର ମତପ୍ରକାଶ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସାଂସଦଙ୍କ ବ୍ଲକ୍ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଓଝା, ଏନ୍‌ଏସି ପ୍ରତିନିଧି ମୀନଲତା ମହାନ୍ତି, ଗୋପ ବ୍ଲକ୍ ଉପାଧ୍ୟକ୍ଷ ବନ ରଞ୍ଜନ ପଟ୍ଟନାୟକ, ଗୋପ ବ୍ଲକ୍ ସାଂସଦଙ୍କ ପ୍ରତିନିଧି ସୁଶାନ୍ତ କୁମାର ସ୍ୱାଇଁ, ଜିଲ୍ଲା ପରିଷଦ ସଭ୍ୟ ପ୍ରମୋଦ କୁମାର ରାୟ, ସୁଦିପ୍ତ ରାୟ ପ୍ରମୁଖ ଯୋଗଦେଇଥିଲେ। ନିମାପଡ଼ା ନିର୍ବାଚନମଣ୍ଡଳୀରେ ରାସ୍ତାଘାଟ, କୃଷି, ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ, ବିଦ୍ୟୁତ୍, ପାନୀୟଜଳ ଆଦି ରହିଥିବା ସମସ୍ୟାର ସମାଧାନ ଖୁବ୍‌ଶୀଘ୍ର କରାଯିବ ବୋଲି ସରକାର ସଂକଳ୍ପବଦ୍ଧ ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଥିଲେ। ସନ୍ଧ୍ୟାରେ କଣ୍ଠଶିଳ୍ପୀ ଇରା ମହାନ୍ତିଙ୍କ ଦ୍ୱାରା ସଂଗୀତ ପରିବେଷଣ କରାଯାଇଥିଲା।

## ଚାରିଛକ ସାମ୍ବାଦିକ ସଂଘ ପକ୍ଷରୁ ବୃକ୍ଷରୋପଣ

ଚାରିଛକ,୫।୬(ସମିସ): ଗୁରୁବାର ବିଶ୍ୱ ପରିବେଶ ଦିବସ ଅବସରରେ ଚାରିଛକ ସାମ୍ବାଦିକ ସଂଘ ପକ୍ଷରୁ ବିଶ୍ୱ ପରିବେଶ ଦିବସ ସଂଘ କାର୍ଯ୍ୟାଳୟରେ ପାଳନ କରାଯିବା ସହିତ ବୃକ୍ଷରୋପଣ କରାଯାଇଛି। ସାମ୍ବାଦିକ ସଂଘର ସଭାପତି ପ୍ରଫୁଲ୍ଲ କୁମାର କରଙ୍କ ନେତୃତ୍ୱରେ ସଂଘର ଉପଦେଷ୍ଟା ଓ ସଦସ୍ୟମାନଙ୍କ ଦ୍ୱାରା ଚାରିଛକ ନିକଟସ୍ଥ ପଥରପଦା ଗ୍ରାମର ଅଧିଷ୍ଠାତ୍ରୀ ଦେବୀ ମା' ବୁଢ଼ୀ ଠାକୁରାଣୀ ଓ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ବିଭିନ୍ନ ଔଷଧୀୟ ବୃକ୍ଷ ନିମ୍ବ, ଅଶ୍ୱତ୍ଥ, ହରିଡ଼ା, ଜାମୁ, କାଜୁ, ବଉଳ, ଅଶୋକ, ଚମ୍ପା, ଆମ୍ବ, ଦେବଦାରୁ ଆଦି ଫଳ ଓ ଫୁଲ ବୃକ୍ଷର ଚାରାରୋପଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ସଂଘର ଉପଦେଷ୍ଟା ପ୍ରଫେସର ଗୋପୀନାଥ କର, ଡ. ସନ୍ତୋଷ କୁମାର ମିତ୍ର, ପ୍ରାଧ୍ୟାପକ ପଞ୍ଚାନନ ସାହୁ, କୃଷ୍ଣଚନ୍ଦ୍ର ରାଉତ, କାହ୍ନୁ ଚରଣ ବେହେରା, ମୂରଲୀଧର ଭାରତୀ, ଚକ୍ରଧର ସା, ରଜନୀକାନ୍ତ ତ୍ରିପାଠୀ, ବନ ବିହାରୀ ଦାଶ, ଅଧୀନ ପାତ୍ର, ସମ୍ପାଦକ ବସନ୍ତ କୁମାର ଦାସ, ସହସମ୍ପାଦକ ବିଜୟ ବେହେରା, କୋଷାଧ୍ୟକ୍ଷ ସୌମ୍ୟ ରଞ୍ଜନ ତ୍ରିପାଠୀ, ମିଡିଆ ସେଲ ସଂଯୋଜକ ବସନ୍ତ କୁମାର ମଲ୍ଲ, ବରିଷ୍ଠ ସାମ୍ବାଦିକ ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ସନ୍ତୋଷ ଦାଶ, ପ୍ରଫୁଲ୍ଲ ସାହୁ, ସୁବାସ ଚନ୍ଦ୍ର ସାହୁ, ପ୍ରଶାନ୍ତ ସାହୁ, ଅଚ୍ୟୁତାନନ୍ଦ ମିଶ୍ର, ରାଜେଶ ଲେଙ୍କା ପ୍ରମୁଖ ଯୋଗଦେଇଥିଲେ। ବୃକ୍ଷ ହିଁ ଜୀବନ, ବୃକ୍ଷ ବିନା ଜୀବଜଗତ ତିଷ୍ଠିବା କଷ୍ଟସାଧ୍ୟ। ତେଣୁ ଜଳବାୟୁ ପରିବର୍ତ୍ତନ ଓ ସଠିକ୍ ଅମ୍ଳଜାନ ପ୍ରଦାନ ପାଇଁ ଗଛର ଆବଶ୍ୟକତା ଥିବାରୁ ସମସ୍ତେ ଗଛ ଲଗାଇବାକୁ ସଭାପତି ଶ୍ରୀ କର ସମସ୍ତଙ୍କୁ ଅନୁରୋଧ କରିଥିଲେ।




## ଓଡ଼ିଆ ବିଶ୍ୱବିଦ୍ୟାଳୟର ଚତୁର୍ଥ ସେମିଷ୍ଟର ପରୀକ୍ଷା ଫଳ ପ୍ରକାଶିତ

ସାକ୍ଷୀଗୋପାଳ,୫।୬(ସମିସ): ସତ୍ୟବାଦୀଠାରେ ପ୍ରତିଷ୍ଠିତ ଓଡ଼ିଆ ବିଶ୍ୱବିଦ୍ୟାଳୟରେ ୨୦୨୩ ସେପ୍ଟେମ୍ବର ୫ରୁ ବିଧିବଦ୍ଧଭାବରେ ପାଠପଢ଼ା ଆରମ୍ଭ ହୋଇଥିଲା। ୨୦୨୩ରେ ୩ଟି ବିଭାଗରେ ଆଡ୍‌ମିଶନ ନେଇଥିବା ଛାତ୍ରଛାତ୍ରୀମାନେ ନିୟମିତ ରୂପରେ ନିର୍ଦ୍ଧାରିତ ସମୟରେ ପରୀକ୍ଷା ଦେବା ସହିତ ତାଙ୍କର ପରୀକ୍ଷା ଫଳ ମଧ୍ୟ ପ୍ରକାଶ ପାଉଥିଲା। ୨୦୨୩-୨୫ ବ୍ୟାଚ୍‌ର ଛାତ୍ରଛାତ୍ରୀର ଚତୁର୍ଥ ସେମିଷ୍ଟର ଅର୍ଥାତ୍ ଶେଷ ପରୀକ୍ଷା ଫଳ ପ୍ରକାଶିତ ହେବା ଫଳରେ ବିଶ୍ୱବିଦ୍ୟାଳୟରେ ଆନନ୍ଦ ପ୍ରକାଶ ପାଇଛି। କୁଳପତି ପ୍ରଫେସର ସବିତା ପ୍ରଧାନ ଏଥିନିମନ୍ତେ ବିଶ୍ୱବିଦ୍ୟାଳୟର ସମସ୍ତଙ୍କୁ ସାଧୁବାଦ ଜଣାଇବା ସହିତ ଅଧ୍ୟାପକମାନଙ୍କର ନିରବଚ୍ଛିନ୍ନ ଅଧ୍ୟାପନା ଓ ସହଯୋଗକୁ ଶ୍ରଦ୍ଧାର ସହିତ ସ୍ମରଣ କରିଛନ୍ତି। ୨୦୨୩-୨୫ରେ ଆଡ୍‌ମିଶନ ନେଇଥିବା ଛାତ୍ରଛାତ୍ରୀମାନେ ବିଶ୍ୱବିଦ୍ୟାଳୟର ପ୍ରଥମ ବ୍ୟାଚ୍ ଭାବରେ ଗୌରବାନ୍ୱିତ ହେବେ ଓ ସ୍ମରଣୀୟ ରହିବେ। ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ନିମନ୍ତେ ନିବେଦିତ ଓଡ଼ିଆ ବିଶ୍ୱବିଦ୍ୟାଳୟ ସଫଳତାର ସହିତ ତା'ର ପ୍ରଥମ ବ୍ୟାଚ୍‌ର ଛାତ୍ରଛାତ୍ରୀର ପରୀକ୍ଷା ଫଳ ନିର୍ଦ୍ଧାରିତ ସମୟରେ ପ୍ରକାଶ କରିପାରିଥିବାର ଶ୍ରେୟ ପରୀକ୍ଷା ବିଭାଗ ଓ ପରୀକ୍ଷା ନିୟନ୍ତ୍ରକ ଡ. ଶୁଭେନ୍ଦୁ କୁମାର ପରିଡ଼ାଙ୍କର ବୋଲି କୁଳପତି ପ୍ରକାଶ କରିଛନ୍ତି। ଏଠାରେ ଥିବା ୩ଟି ବିଭାଗରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରୁ ତିନିଜଣ ଶୀର୍ଷ ସ୍ଥାନ ଅଧିକାର କରିଛନ୍ତି। ଓଡ଼ିଆ ଭାଷା ସାହିତ୍ୟ ବିଭାଗ, ଭାଷା ବିଜ୍ଞାନ ଓ ପ୍ରାକୃତିକ ଭାଷା ସଂସାଧନ ବିଭାଗ ଓ ଆଞ୍ଚଳିକ, ଜନଜାତି ଭାଷା ଓ ଐତିହ୍ୟ ଅଧ୍ୟୟନ ବିଭାଗରେ ଯଥାକ୍ରମେ ମିଳନ ଦାଶ, ସ୍ୱାତୀ ସୁମନ ମହାପାତ୍ର ଓ ଗାୟତ୍ରୀ ବରାଳ ଶୀର୍ଷ ସ୍ଥାନ ଅଧିକାର କରିଛନ୍ତି।

## ସବୁଜ ସଙ୍କଳ୍ପ ପକ୍ଷରୁ ବିଶ୍ୱ ପରିବେଶ ଦିବସ

ଗୋପ,୫।୬(ସମିସ):ଗୋପ ଅଞ୍ଚଳର ଅଗ୍ରଣୀ ସ୍ୱେଚ୍ଛାସେବୀ ସଂଗଠନ ସବୁଜ ସଂକଳ୍ପ ଅନୁଷ୍ଠାନର ପଞ୍ଚମ ବାର୍ଷିକୋତ୍ସବ ଉତ୍କଳମଣି ଗୋପବନ୍ଧୁ ନୋଡାଲ ଉଚ୍ଚ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଛି। ପ୍ରକୃତି ମିତ୍ର ପୁରସ୍କାରପ୍ରାପ୍ତ ଅଗ୍ରଣୀ ସଂଗଠନ ସବୁଜ ସଂକଳ୍ପ ଛୋଟ ଛୋଟ ବିଦ୍ୟାର୍ଥୀମାନଙ୍କ ମଧ୍ୟରେ ଏକ ପରିବେଶ ସଚେତନତାର ବାର୍ତ୍ତା ପ୍ରଚାର କରିବା ପାଇଁ ଏହି ବିଦ୍ୟାଳୟରେ ନିଜର ବାର୍ଷିକ ଉତ୍ସବ ପାଳନ କରିଛି। ଉତ୍କଳମଣି ଗୋପବନ୍ଧୁ ନୋଡାଲ ଉଚ୍ଚ ବିଦ୍ୟାଳୟ, ଓଲଣ୍ଡିର ପ୍ରଧାନଶିକ୍ଷକ ବିଧାନ ଚନ୍ଦ୍ର ସେଠୀ ସଭାକାର୍ଯ୍ୟ ପରିଚାଳନା କରିଥିଲେ। ମୁଖ୍ୟ ଅତିଥି ସାମାଜିକ କର୍ମୀ ଆମୀୟବାଳା ପରିଡ଼ା ଛୋଟ ଛୋଟ ଶିଶୁଙ୍କୁ ପରିବେଶ ସମ୍ପର୍କିତ ଉଦ୍‌ବୋଧନ ଦେବା ସହ ବିଦ୍ୟାର୍ଥୀମାନଙ୍କ ମଧ୍ୟରେ ବିଭିନ୍ନ ପରିବେଶ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ମୁଖ୍ୟବକ୍ତା ଜାତିସଂଘ ତରଫରୁ ଚୟନିତ ପରିବେଶ କର୍ମୀ ସୌମ୍ୟ ରଞ୍ଜନ ବିଶ୍ୱାଳ ପିଲାମାନଙ୍କ ପାଖରେ ପର୍ଯ୍ୟାବରଣର ଅନେକ ସମସ୍ୟା ଏବଂ ତା'ର ସମାଧାନ ସମ୍ପର୍କରେ ଆଲୋଚନା କରିଥିଲେ। ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ରାମକୃଷ୍ଣ ମହାନ୍ତି ପ୍ଲାଷ୍ଟିକ୍ ସମସ୍ୟା ଏବଂ ତା'ର ପୁନଃ ପ୍ରକ୍ରିୟାକରଣ କିପରି କରାଯାଇପାରିବ ସେ ସମ୍ବନ୍ଧରେ ବାର୍ତ୍ତା ଆଦାନପ୍ରଦାନ କରିଥିଲେ। ଶେଷରେ ସବୁଜ ସଂକଳ୍ପର ସଭାପତି ରମେଶ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ସମ୍ମାନିତ ଅତିଥି ରୂପେ ଗୋପ ଉପ ମଣ୍ଡଳ ଶିକ୍ଷାଧିକାରୀ ପୁଷ୍ପମିତ୍ରା ମିଶ୍ର, ପୁରାତନ ମଣ୍ଡଳ ଶିକ୍ଷାଧିକାରୀ ସର୍ବେଶ୍ୱର ମଲ୍ଲିକ, ଶିକ୍ଷାବିତ୍ ସୁଧାଂଶୁ ଶେଖର ବାରିକ, କ୍ଲଷ୍ଟର ସଂଯୋଜକ ଗିରିଜା ଭୂଷଣ ସେଠୀ, ପରିବେଶବିତ୍ ପ୍ରସନ୍ନ ମହାପାତ୍ର ଏବଂ ଯୁବ ଇଞ୍ଜିନିୟର ତଥା ପରିବେଶପ୍ରେମୀ ତାପସ ସାହୁ ପ୍ରମୁଖ ଯୋଗଦେଇଥିଲେ।




# ଖୋଲୁନି ମଣ୍ଡି, ଉଠୁନି ଧାନ; ଚାଷୀ ହନ୍ତସନ୍ତ

ବ୍ରହ୍ମଗିରି,୫।୬(ସମିସ): ବ୍ରହ୍ମଗିରି ଏବଂ କୃଷ୍ଣପ୍ରସାଦ ବ୍ଲକ୍‌ର ଚାଷୀମାନଙ୍କ ପାଖରେ ଗଚ୍ଛିତ ହୋଇ ପଡ଼ି ରହିଛି ଶହ ଶହ କ୍ୱିଣ୍ଟାଲ ଧାନ। ଧାନ ବିକ୍ରି ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ମଣ୍ଡି ଖୋଲିବାରେ ବିଳମ୍ବ ଯୋଗୁଁ ଚାଷୀମାନେ ହଇରାଣ ହେଉଛନ୍ତି। ଯଦି ବା କିଛିକିଛି ସ୍ଥାନରେ ମଣ୍ଡି ଖୋଲୁଛି କିନ୍ତୁ ଧାନ ନେବା ପାଇଁ ମିଲରଙ୍କ ପାଖକୁ ଟାର୍ଗେଟ୍ ଆସୁନାହିଁ। ସେଥିପାଇଁ ଧାନ କିଣିବାରେ ଅସୁବିଧା ହେଉଥିବା ମିଲରମାନେ କହିଛନ୍ତି। ଚାଷୀମାନେ ମେଳି ବାନ୍ଧିବା ପାଇଁ ସଜବାଜ ଚଳାଇଛନ୍ତି।

ରବି ଋତୁରେ ଅମଳ ହୋଇଥିବା ଧାନଗୁଡ଼ିକୁ ମେ' ୧ ତାରିଖରୁ ସମସ୍ତ ସୋସାଇଟି ମାଧ୍ୟମରେ ମଣ୍ଡି ଖୋଲାଯାଇ ସରକାର ଚାଷୀମାନଙ୍କଠାରୁ ଧାନ କିଣିବା କଥା। କିନ୍ତୁ ମେ' ମାସ ଯାଇ ଜୁନ୍ ମାସ ହେଲାଣି। ଡବଲ ଇଞ୍ଜିନ୍ ସରକାର ଚାଷୀମାନଙ୍କଠାରୁ ଧାନ କିଣିବାରେ ବିଫଳ ହୋଇଥିବା ଦେଖିବାକୁ ମିଳିଛି। ଚଳିତ ବର୍ଷ ନୂତନ ସରକାର ଧାନର ମୂଲ୍ୟ କ୍ୱିଣ୍ଟାଲ୍ ପିଛା ୩୧୦୦ ଟଙ୍କା ମୂଲ୍ୟ ଧାର୍ଯ୍ୟ କରିଛନ୍ତି। ସେପଟେ ବାହାର ବେପାରୀ ଏତେ ମୂଲ୍ୟ ଦେଇ ଧାନ କିଣିବା ସମ୍ଭବ ନୁହେଁ। ତେଣୁ ସେମାନେ ଧାନ କିଣିବା ପାଇଁ ଆଉ ଆସୁନାହାନ୍ତି। ସମସ୍ତ ଚାଷୀ ମଣ୍ଡିରେ ଧାନ ବିକ୍ରି କରିବା ପାଇଁ ଅପେକ୍ଷା କରି ବସିଛନ୍ତି। କିନ୍ତୁ ସରକାର ଧାନ କିଣିବା ପାଇଁ ଆଜି ପର୍ଯ୍ୟନ୍ତ ମଣ୍ଡିଗୁଡ଼ିକୁ ଟାର୍ଗେଟ୍ ଦେଉ ନ ଥିବା ଚାଷୀମାନେ କହିଛନ୍ତି। ବ୍ରହ୍ମଗିରି ଏବଂ କୃଷ୍ଣପ୍ରସାଦ ବ୍ଲକ୍‌ରେ ୨୧ଟି ସମବାୟ ସମିତିରେ ମଣ୍ଡି ଖୋଲାଯାଇ ସରକାର ଧାନ କିଣିବେ। ଚଳିତ ରବି ଋତୁରେ କାଁ ଭାଁ କେତୋଟି ମଣ୍ଡି ଖୋଲାଯାଇଛି। ସେଥିରେ ଖୋଲା ହେବାର ଗୋଟିଏ ଦିନ କିଛି ଚାଷୀଙ୍କଠାରୁ ଧାନ କିଣାଯାଇଥିବା ଦେଖିବାକୁ ମିଳିଛି। ଅବଶିଷ୍ଟ ଚାଷୀ ଧାନ ବିକ୍ରି କରିବା ପାଇଁ ମଣ୍ଡିଗୁଡ଼ିକରେ ଧାନ ପକାଇ ଜଗି ରଖିଛନ୍ତି। ଆଗକୁ ମୌସୁମୀଜନିତ ବର୍ଷା ଆସୁଥିବାରୁ ଚାଷୀମାନଙ୍କ ମଧ୍ୟରେ ଧାନ ନଷ୍ଟ ହେବାର ଭୟ ଲାଗିଲାନି। ପ୍ରତି ମଣ୍ଡିରେ ଶହ ଶହ କ୍ୱିଣ୍ଟାଲ ଧାନ କିଣିବା ପାଇଁ ଟାର୍ଗେଟ୍ ଥିବା ଜାଣି ହଇରାଣ ହେଉଥିବା ଚାଷୀମାନେ ସୋସାଇଟି ଅଧିକାରୀଙ୍କ ଉପରେ ନିଜର ଆକ୍ରୋଶ ଦେଖାଉଛନ୍ତି। ସେପଟେ ସୋସାଇଟି ଅଧିକାରୀମାନେ ସରକାରଙ୍କ ତରଫରୁ ଧାନ କିଣିବା ପାଇଁ ଟାର୍ଗେଟ୍ ଆସୁ ନ ଥିବାରୁ ହାତ ଟେକି ବସିଛନ୍ତି। ରାଜ୍ୟ ସରକାରଙ୍କ ଚାଷୀମାରଣ ନୀତିରେ ଅତିଷ୍ଠ ହୋଇ ଅଞ୍ଚଳର ସମସ୍ତ ଚାଷୀ ମେଳି ବାନ୍ଧୁଥିବା ଦେଖିବାକୁ ମିଳିଛି। ଖୁବ୍‌ଶୀଘ୍ର ରାଜ୍ୟ ସରକାର ଯଦି ଚାଷୀମାନଙ୍କଠାରୁ ଧାନ କିଣିବାର ସୁବ୍ୟବସ୍ଥା ନ କରନ୍ତି ତେବେ ଚାଷୀମାନେ ଆଗାମୀ ଦିନରେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚାଷୀନେତାମାନେ ଚେତାବନୀ ଦେଇଛନ୍ତି।



## ପରିବେଶ ସଚେତନତା ଶୋଭାଯାତ୍ରା ଓ ବୃକ୍ଷରୋପଣ




କୋଣାର୍କ,୫।୬(ସମିସ): ଗୁରୁବାର ବିଶ୍ୱ ପରିବେଶ ଦିବସ ଅବସରରେ କାମତ ହୋଟେଲ୍ସର ଆଞ୍ଚଳିକ ପରିଚାଳକ ଭାରତ ଭୂଷଣ ବିଶ୍ୱାଳଙ୍କ ପୌରୋହିତ୍ୟରେ କୋଣାର୍କସ୍ଥିତ ଲୋଟସ୍ ରିସୋର୍ଟର ପ୍ରାୟ ୫୦ ଜଣ କର୍ମଚାରୀ ପରିବେଶ ସୁରକ୍ଷା ସମ୍ବନ୍ଧୀୟ ଫଳକ ବାର୍ତ୍ତା ଧରି ଏକ ଶୋଭାଯାତ୍ରା କରିଛନ୍ତି। ସୂର୍ଯ୍ୟ ମନ୍ଦିର ସମ୍ମୁଖରୁ ବାହାରି କୋଣାର୍କ ବଜାର ପରିକ୍ରମା କରିବା ସହିତ ସୂର୍ଯ୍ୟମନ୍ଦିର ଉତ୍ତରପାର୍ଶ୍ୱର୍ ବଗିଚା ଏବଂ କୋଣାର୍କ ଡାକ୍ତରଖାନା ପରିସରରେ ବୃକ୍ଷରୋପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ କୋଣାର୍କ ବନ୍ୟପ୍ରାଣୀ ବନାଞ୍ଚଳ ଅଧିକାରୀ ସୁଦର୍ଶନ ଦେହୁରୀଙ୍କ ସମେତ ବିଭାଗୀୟ କର୍ମଚାରୀ, ଗୋପ ସିଏଚ୍‌ସି ଓ କୋଣାର୍କ ଡାକ୍ତରଖାନା କର୍ମଚାରୀ, ସମାଜସେବୀ ରାମକୃଷ୍ଣ ମହାନ୍ତି, କୋଣାର୍କ ସାହିତ୍ୟ ସଂସଦ ସମ୍ପାଦକ ରବୀନ୍ଦ୍ରନାଥ ବାହିନୀପତି, ସମାଜସେବୀ ନିରଞ୍ଜନ ତ୍ରିପାଠୀ, ବିରଞ୍ଚି ନାରାୟଣ ରଥ ଓ ଗଣମାଧ୍ୟମ ପ୍ରତିନିଧିମାନେ ସାମିଲ୍ ହୋଇଥିଲେ। ଏହି କାର୍ଯ୍ୟକ୍ରମକୁ ଲୋଟସ୍ ରିସୋର୍ଟର ପରିଚାଳକ ସୁନୀଲ ପାଣିଗ୍ରାହୀ, ପ୍ରଭୁଦତ୍ତ ଦାଶ, ଧୀରେନ ଆଚାର୍ଯ୍ୟ, ରାଜୀବ ନାୟକ, ଜିତେନ୍ଦ୍ର ଜେନା, ପ୍ରଦୀପ ମଣ୍ଡଳ, ଅଭିମନ୍ୟୁ ମାନ୍ୟଲୁ ପ୍ରମୁଖ ପରିଚାଳନା କରିଥିଲେ।

## ବରିଷ୍ଠ ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଗମ୍ଭାରୀପଦା,୫।୬(ସମିସ): କାକଟପୁର ବ୍ଲକ୍ ଶିକ୍ଷା ବିଭାଗ ଅନ୍ତର୍ଗତ ଫୁରୁସିପଡ଼ା ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ତଥା ଏନ୍‌ପିଏସ୍ ଶିକ୍ଷକ ସଂଘର ଦୀର୍ଘ ୨୦ ବର୍ଷ ଧରି ରହିଥିବା ସଭାପତି ରକ୍ଷକ କୁମାର ସ୍ୱାଇଁଙ୍କର ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ ବିଦ୍ୟାଳୟ ପରିସରରେ ପ୍ରଧାନଶିକ୍ଷକ ଅମୀୟ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଉଛି। ମୁଖ୍ୟ ଅତିଥି କାକଟପୁର ମଣ୍ଡଳ ଶିକ୍ଷା ଅଧିକାରୀ ରବିନ୍ଦ୍ରନାଥ ନନ୍ଦ, ମୁଖ୍ୟବକ୍ତା ଭାବେ ମଙ୍ଗଳା ମନ୍ଦିର ଟ୍ରଷ୍ଟ ବୋର୍ଡ କାର୍ଯ୍ୟନିର୍ବାହୀ ଅଧିକାରୀ କୈଳାଶ ଚନ୍ଦ୍ର ଦାଶ, ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ମଣ୍ଡଳ ଶିକ୍ଷା ଅଧିକାରୀ ମନ୍ଦରଧର ମହାନ୍ତି, ଏବିଇଓ ବ୍ରହ୍ମାନନ୍ଦ କାଣ୍ଡି, ମଲ୍ଲିକ ଜାକିର ହୁସେନ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ବିରଞ୍ଚି ନାରାୟଣ ମହାନ୍ତି ପ୍ରମୁଖ ଯୋଗଦେଇଥିଲେ। ଶେଷରେ ଶିକ୍ଷକଙ୍କୁ ଏକ ବିରାଟ ପଟୁଆରରେ ତାଙ୍କ ଗ୍ରାମ ପାଟପୁର ପର୍ଯ୍ୟନ୍ତ ପାଛୋଟି ନେଇଥିଲେ।

୫/୬/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୧୫,୪୦୫/- ସୁନା: ୨୨.୭୦୦ ଗ୍ରାମ୍ ରୁପା: ୫୪.୦୦୦ ଗ୍ରାମ୍





୧୧ରେ ଦେବସ୍ନାନ ପୂର୍ଣ୍ଣିମା

# ପ୍ରସ୍ତୁତ ହେଉଛି ସ୍ନାନ ମଣ୍ଡପ

ପୁରୀ,୫।୬(ସମିସ): ଆସନ୍ତା ୧୧ ତାରିଖରେ ଦେବସ୍ନାନ ପୂର୍ଣ୍ଣିମା। ସ୍ନାନମଣ୍ଡପରେ ପ୍ରତ୍ୟକ୍ଷ ସ୍ନାନ କରିବେ ଚତୁର୍ଦ୍ଧାବିଗ୍ରହ। ତେବେ ରଥଯାତ୍ରାର ଆଦ୍ୟ ପର୍ବ କୁହାଯାଉଥିବା ଦେବସ୍ନାନ ପୂର୍ଣ୍ଣିମା କିପରି ହେବ ତାକୁ ନେଇ ପ୍ରଶାସନିକସ୍ତରରେ ଆଲୋଚନା ପର୍ଯ୍ୟାଲୋଚନା ଚାଲିଛି। ଏ ବର୍ଷ ସ୍ନାନଯାତ୍ରାରେ ଅଧିକ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ତେବେ ସ୍ନାନମଣ୍ଡପରେ କିପରି ଶୃଙ୍ଖଳିତ ଏବଂ ସୁରୁଖୁରୁରେ ମହାପ୍ରଭୁଙ୍କ ସ୍ନାନ ନୀତି ସମ୍ପନ୍ନ ହେବ ତା' ଉପରେ ଫୋକସ୍ ରଖିଛି ପ୍ରଶାସନ। ଏବେ ସ୍ନାନମଣ୍ଡପକୁ ପ୍ରସ୍ତୁତ କରାଯାଉଛି। ଗତବର୍ଷ ଦେବସ୍ନାନ ପୂର୍ଣ୍ଣିମା ପରେ ସ୍ନାନମଣ୍ଡପରେ ଲାଗିଥିବା ଲୁହା ପାଇପ୍, ରେଲିଂ ଆଦିକୁ ଖୋଲି ଦିଆଯାଇଥିଲା। ଯେହେତୁ ଆଗକୁ ସ୍ନାନ ପୂର୍ଣ୍ଣିମା ଆସୁଛି ତେଣୁ ପୁନର୍ବାର ଏହାକୁ ଫିଟିଂ କରାଯାଉଛି।



# ସ୍ନାନପୂର୍ଣ୍ଣିମା ଶୃଙ୍ଖଳାକୁ ଗୁରୁତ୍ୱ; ଜଗିବେ ୭୦ ପ୍ଲାଟୁନ୍ ଫୋର୍ସ

ପୁରୀ,୫।୬(ସମିସ): ଆସନ୍ତା ୧୧ ତାରିଖରେ ଦେବସ୍ନାନ ପୂର୍ଣ୍ଣିମା। ଏହା ପରେ ପରେ ରଥଯାତ୍ରା, ବାହୁଡ଼ା, ସୁନାବେଶ ଆଦି ପର୍ବପର୍ବାଣୀ ରହିଛି। ତେବେ ସ୍ନାନଯାତ୍ରାରେ ସ୍ନାନମଣ୍ଡପରେ ପ୍ରତ୍ୟକ୍ଷ ସ୍ନାନ କରିବେ ମହାପ୍ରଭୁ। ଦାରୁବିଗ୍ରହଙ୍କ ସ୍ନାନକୁ ଶୃଙ୍ଖଳିତ ଭାବେ ସମ୍ପନ୍ନ କରିବା ଲାଗି ପ୍ରଶାସନ ପକ୍ଷରୁ ବିଭିନ୍ନ ପ୍ରକାର ପ୍ରସ୍ତୁତି ଚାଲିଛି। ବିଭିନ୍ନ ସେବକ ନିଯୋଗ, ସ୍ୱେଚ୍ଛାସେବୀ ପ୍ରମୁଖଙ୍କ ସହ ଆଲୋଚନା କରାଯାଉଛି। ଏହି କ୍ରମରେ ଗୁରୁବାର ପୁଲିସ ମୁଖ୍ୟାଳୟଠାରେ ବରିଷ୍ଠ ପୁଲିସ ଅଧିକାରୀଙ୍କ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ କେନ୍ଦ୍ରାଞ୍ଚଳ ଆଇଜି ଏସ୍. ପ୍ରବୀଣ କୁମାର ଅଧ୍ୟକ୍ଷତା କରିବା ସହ ସ୍ନାନଯାତ୍ରା ଏବଂ ରଥଯାତ୍ରା ପାଇଁ ପୁଲିସ ପ୍ରସ୍ତୁତିର ସମୀକ୍ଷା କରିଛନ୍ତି। ବିଶେଷକରି ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ, ସୁରକ୍ଷା ଓ ଟ୍ରାଫିକ୍ ସୁପରିଚାଳନା ଉପରେ ଗୁରୁତ୍ୱ ଦିଆଯାଇଥିଲା। ଏବେ ସ୍ନାନଯାତ୍ରା ଉପରେ ବିଶେଷ ଧ୍ୟାନ ରହିଛି। ତେବେ ଦେବସ୍ନାନ ପୂର୍ଣ୍ଣିମା ପାଇଁ ପୁରୀକୁ ଜଗିବେ ୭୦ ପ୍ଲାଟୁନ ଫୋର୍ସ। ୪ ଜଣ ଏସ୍‌ପି ର୍‌ୟାଙ୍କର କମାଣ୍ଡାଣ୍ଟଙ୍କ ସହ ୪୫୦ ପୁଲିସ ଅଧିକାରୀ ନିୟୋଜିତ ହେବେ ବୋଲି ସମୀକ୍ଷା ବୈଠକରେ ଆଲୋଚନା କରାଯାଇଛି। ଏଥିରେ ପୁରୀ ଏସ୍‌ପି ବିନୀତ୍ ଅଗ୍ରୱାଲଙ୍କ ସମେତ ଅନ୍ୟ ଅଧିକାରୀମାନେ ଯୋଗଦେଇଥିଲେ। ଏହି ଅବସରରେ ସ୍ନାନଯାତ୍ରା, ରଥଯାତ୍ରା, ବାହୁଡ଼ା, ସୁନାବେଶ, ଅଧରପଣା, ନୀଳାଦ୍ରିବିଜେ ପାଇଁ ସମସ୍ତଙ୍କ ସହଯୋଗ ଲୋଡ଼ିଛନ୍ତି ଏସ୍‌ପି। ଏହା ମହାପ୍ରଭୁଙ୍କ ଯାତ୍ରା। ତେଣୁ ସମସ୍ତେ ସହଯୋଗ କଲେ ପୁରୀକୁ ଆସୁଥିବା ଭକ୍ତମାନେ ଶୃଙ୍ଖଳିତ ଭାବେ ଦର୍ଶନ କରି ଭଲ ଅନୁଭୂତି ନେଇ ଫେରିବେ ବୋଲି ଏସ୍‌ପି ଶ୍ରୀ ଅଗ୍ରୱାଲ କହିଛନ୍ତି।

## ରଥଖଳାରୁ... ଅଖ ଉପରେ ଦଣ୍ଡା ପଡ଼ି କଣ୍ଟା ବାଡ଼ାଗଲା

ପୁରୀ,୫।୬(ସମିସ): ଆଉ ୨୧ ଦିନ ପରେ ବଡ଼ଦାଣ୍ଡରେ ଗଡ଼ିବ ତିନିରଥ। ଭାଇ-ଭଉଣୀଙ୍କୁ ସାଥୀରେ ନେଇ ନବଦିନାତ୍ମକ ଯାତ୍ରା କରିବେ ମହାପ୍ରଭୁ। ଏଥିପାଇଁ ତିଆରି ଚାଲିଛି ତିନିରଥ। ଗୁରୁବାର ସୁଦ୍ଧା ତିନିରଥ ଅଖ ଉପରକୁ ଦଣ୍ଡା ଉଠାଯିବା କାମ ଶେଷ ହୋଇଛି। ପଞ୍ଚଦଣ୍ଡା ଆଗ ଏବଂ ପଛରେ ମୁହାଁଟ ସଂଯୋଗ ହୋଇଛି। ଏଥିସହ ଆଗଆଣୀ ଓ ପଛଆଣୀ



ନିରାଡ଼ି ଉଠିଛି। ଏହାପରେ ପଞ୍ଚଦଣ୍ଡାରେ କଣ୍ଟାବାଡ଼ା ଯାଇଛି। କଣ୍ଟାବାଡ଼ିଆ ପୂର୍ବରୁ ତିନିରଥର ମୁଖ୍ୟ କମାର ସେବକ ପ୍ରତ୍ୟେକ ରଥର ଦଣ୍ଡାରେ ମାଳ ମାହାର୍ଦ୍ଧ ରଖି ନଡ଼ିଆ ବାଡ଼େଇ ଅନୁକୂଳ କରିଥିଲେ। ଏହାପରେ କଣ୍ଟା ବାଡ଼ିଆ କାମ ଆରମ୍ଭ ହୋଇଥିଲା। ଅଖ ଉପରେ ଦଣ୍ଡା ଫ୍ରେମ୍ ମଜଭୁତ୍ ପାଇଁ ଭୋଇ, କମାର ଏବଂ ମହାରଣା ସେବକ ଏହି କଣ୍ଟା ବାଡ଼ିଆ କାର୍ଯ୍ୟ ଶେଷ କରିଛନ୍ତି। ଶୁକ୍ରବାର ଗରଗରା ଉଠିବ। ସେହିପରି ଅନ୍ୟାନ୍ୟ କାମ ମଧ୍ୟରେ ପୋଲ ଗୟଳ ହଣା ସରିଛି। ରୂପକାର ସେବକମାନେ ତିନିରଥର ସିଂହାସନରେ ଚିତ୍ର ଖୋଦେଇର ପଲିସ୍ ସହ ନାଟ ଗୋଡ଼ରେ ରାହୁ ରୂପ ବା ଗନ୍ଧର୍ବ ରୂପ ଖୋଦେଇ କରୁଛନ୍ତି। ଦୋଳବେଦୀ ପରିସର ଅସ୍ଥାୟୀ କମାରଶାଳରେ କମାର ସେବକମାନେ ଗୟଳ ଏବଂ ଜୋକା କଣ୍ଟା ତିଆରି କରୁଛନ୍ତି। ପାହି ମହାରଣାମାନେ ଅଣସର ତଥା ରଥଯାତ୍ରାରେ ସେବା ନୀତି ପାଇଁ କାଠ ନିର୍ମିତ ସରଞ୍ଜାମ ନିର୍ମାଣ ଜାରି ରଖିଛନ୍ତି।

## ୭ ଜଣଙ୍କୁ 'ପ୍ରକୃତି ବନ୍ଧୁ' ପୁରସ୍କାର

ପୁରୀ,୫।୬(ସମିସ): କୋଣାର୍କ ବାଲୁଖଣ୍ଡ ଅଭୟାରଣ୍ୟ ପରିସର ନୂଆନଈ ନିକଟରେ ଜିଲ୍ଲାସ୍ତରୀୟ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରିୟରଞ୍ଜନ ପୃଷ୍ଟି, ଡିଏଫ୍‌ଓ ବିବେକ କୁମାର, ଏସିଏଫ୍ ଅଶୋକ କୁମାର ବେହେରା, ସମ୍ବିତ୍ ପଣ୍ଡା ପ୍ରମୁଖ ଅତିଥି ଭାବେ ଯୋଗଦେଇ ପରିବେଶର ସାମ୍ପ୍ରତିକ ସ୍ଥିତି ଏବଂ ମାନବ ସମାଜର ଦାୟିତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ



ଅସ୍ତରଙ୍ଗ ରାଇବେରୁଆଁର ଧୀରେନ୍ଦ୍ର ପ୍ରଧାନ, ଡେଲାଙ୍ଗ ଗଡ଼ ମୋଟରିର ଲକ୍ଷ୍ମୀପ୍ରିୟା ଦାଶ, ଗୋପ କୋଶଳଦାର କୃଷ୍ଣଚନ୍ଦ୍ର ପଣ୍ଡା, କାକଟପୁରର ଶଶୀଭୂଷଣ ଜେନା, କୃଷ୍ଣପ୍ରସାଦ ପଥରକଟାର ମୀନାରାଣୀ ସାହୁ, ପୁରୀ ସଦର ପାଇକେରାପୁରର ପ୍ରଦୀପ କୁମାର ଦଳାଇ, ବ୍ରହ୍ମଗିରି କୋଠସାହିର ସୁକାନ୍ତ କୁମାର ପାତ୍ରଙ୍କୁ ପ୍ରକୃତି ବନ୍ଧୁ ପୁରସ୍କାର ପ୍ରଦାନ କରାଯାଇଥିଲା। ରେଞ୍ଜ ଅଧିକାରୀ, ଫରେଷ୍ଟର, ସ୍କୁଲ ଛାତ୍ରଛାତ୍ରୀମାନେ ଉପସ୍ଥିତ ଥିଲେ।

■ ସରିଲା ରାଜେନ୍ଦ୍ରାଭିଷେକ

## ଆଜି ମହାପ୍ରଭୁଙ୍କୁ ବିବାହ କରିବେ ରୁକ୍ମିଣୀ

ପୁରୀ,୫।୬(ସମିସ): ବିଦର୍ଭ ରାଜା ଭିଷ୍ମକଙ୍କ କନ୍ୟା ରୁକ୍ମିଣୀଙ୍କୁ ଶୁକ୍ରବାର ବିବାହ କରିବେ ମହାପ୍ରଭୁ। ଏଥିଲାଗି ଗୁରୁବାର ସନ୍ଧ୍ୟା ଧୂପ ବଢ଼ିବା ପରେ ଶ୍ରୀମନ୍ଦିରରେ ଘଣ୍ଟ, କାହାଳୀ, ମହୁରି ବାଜି ମହାପ୍ରଭୁଙ୍କ ଅଭିଷେକ ନୀତି ସମ୍ପନ୍ନ ହୋଇଛି। ଏହି ନୀତିକୁ ରାଜେନ୍ଦ୍ରାଭିଷେକ କୁହାଯାଏ। ଗୁରୁବାର ଜ୍ୟେଷ୍ଠଶୁକ୍ଳଦଶମୀ। ଶ୍ରୀମନ୍ଦିରରେ ସନ୍ଧ୍ୟାଧୂପ ନୀତି ବଢ଼ିବା ପରେ ମଦନମୋହନ ମହାପ୍ରଭୁଙ୍କଠାରୁ ଆଜ୍ଞାମାଳ ପାଇ ଭୋଗବାଟ ଗଣେଶଙ୍କଠାରେ ପଡ଼ିଥିବା ଖଟ ଉପରେ ବିଜେ କରିଥିଲେ। ଏହାପରେ ଭିତର ଶୋଧ ହୋଇ ଜୟ ବିଜୟ ଦ୍ୱାର ବନ୍ଦ ରହି ଆଳଟ ଲାଗି ହୋଇଥିଲା। ଜଣେ ସେବକ ଡଗର ଭାବେ ଆସି ମଦନମୋହନଙ୍କୁ ରୁକ୍ମିଣୀ ବିବାହ ପ୍ରସ୍ତାବ ଜଣାଇଥିଲେ। ଏହାପରେ ମହାଜନେ ଠାକୁରଙ୍କୁ ହାତରେ ବିଜେ କରାଇ ଆଣି ବଟମୂଳେ ଥିବା ରଥରେ ବିଜେ କରାଇଥିଲେ। ବିମାନବଡୁମାନେ ଘଣ୍ଟ, ଛତା, କାହାଳୀ ସହିତ ରଥାରୁଢ଼ ମହାପ୍ରଭୁଙ୍କୁ ଭିତର ବେଢ଼ାରେ ଗୋଟିଏ ଘେରା ପରିକ୍ରମା କରାଇଥିଲେ। କୁତ କଉତୁକ ରଷି (ଜଣେ ସେବକ) ଦଣ୍ଡ ପ୍ରଣାମ କରି ମହାପ୍ରଭୁଙ୍କୁ ଦକ୍ଷିଣୀ ଘରକୁ ନେଇଥିଲେ। ସେଠାରେ ଠାକୁର ଖଟ ଉପରେ ବିଜେ ହେବା ପରେ ପଞ୍ଚାମୃତ ମହାସ୍ନାନ ହୋଇଥିଲା। ଫୁଲ ଚନ୍ଦନ ଲାଗି ହୋଇ ବେଶ ହୋଇଥିଲା। ଶୀତଳ ଭୋଗ ମଣୋହୀ ହୋଇ ଖିରି, ଅମାଲୁ ଭୋଗ ବନ୍ଦାପନା ବଢ଼ିଥିଲା। ଏହାପରେ ଠାକୁର ଦକ୍ଷିଣଘର ସ୍ୱସ୍ଥାନକୁ ବିଜେ ହୋଇଥିଲେ। ଶ୍ରୀଜଗନ୍ନାଥଙ୍କ ନିକଟରେ ଛଡି ଟେକା ହୋଇ ଅଭିଷେକ ନୀତି ସମ୍ପନ୍ନ ହୋଇଥିଲା। ପରେ ଭିତରେ ପଣା ଭୋଗ ହୋଇ ଅନ୍ୟାନ୍ୟ ନୀତି ବଢ଼ିଥିଲା। ଶୁକ୍ରବାର ଶ୍ରୀମନ୍ଦିରରେ ରୁକ୍ମିଣୀ ହରଣ ନୀତି ଅନୁଷ୍ଠିତ ହେବ। ମହାପ୍ରଭୁ ରୁକ୍ମିଣୀଙ୍କୁ ବିବାହ କରିବେ। ଏଥିପାଇଁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଏଣୁ ପ୍ରଥମ ଭୋଗମଣ୍ଡପ ଭୋଗ ଶେଷ ହେବା ପରେ ଆପାତତଃ ଅପରାହ୍ଣ ୧ଟାରୁ ସନ୍ଧ୍ୟା ୬ଟା ୫ ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ।

ବଢ଼ିଗଲାଣି ବାଲି, ମାଟି ଚୋରାଚାଲାଣ

## ରାତି ଅଧରେ ତାଡ଼ି ନେଉଛନ୍ତି ମାଫିଆ; ପ୍ରଶାସନ ଚୁପ୍

ପୁରୀ,୫।୬(ସମିସ): ପୁରୀ ଜିଲ୍ଲାରେ ମାତିଛନ୍ତି ବାଲି ଓ ମାଟି ମାଫିଆ। କେଉଁଠି ନଦୀପଠା ତ ଅନ୍ୟ କେଉଁଠି ଅନାବାଦି ଗୋଚର ଜମିକୁ କରୁଛନ୍ତି ଟାର୍ଗେଟ୍। ବେଧଡ଼କ ଭାବେ ହାଇୱା ଆଉ ଟ୍ରାକ୍ଟର ଲଗାଇ ଏକର ଏକର ଜମିରୁ ଅବାଧରେ ଲୁଟ୍ ହେଉଛି ହଜାର ହଜାର ଟନ୍ ବାଲି। ଫଳସ୍ୱରୂପ ଆଜି ପ୍ରକୃତିର ସୁରକ୍ଷା କବଚ ବାଲିବନ୍ତ ନିଶ୍ଚିହ୍ନ ହେବାକୁ ବସିଥିବାବେଳେ ବିଭିନ୍ନ ଜାଗାରେ ବଡ଼ ବଡ଼ ଗର୍ତ୍ତ ସୃଷ୍ଟି ହୋଇଛି। ଏହାଦ୍ୱାରା ପ୍ରଶାସନ ରାଜସ୍ୱ ହରାଉଥିବାବେଳେ ଅନ୍ୟପଟେ ମାଲାମାଲ୍ ହେଉଛନ୍ତି ବାଲି ମାଫିଆ। ପୁଲିସ କାଁ ଭାଁ ଗୋଟିଏ ଦୁଇଟି ଗାଡ଼ି ଜବତ କରୁଥିବାବେଳେ ପ୍ରତିଦିନ ଶହ ଶହ ସଂଖ୍ୟାରେ ହାଇୱା ଓ ଟ୍ରକ୍ ମାଧ୍ୟମରେ ଚାଲିଛି ଏହି ଲଘୁ ଖଣିଜ ଲୁଟ୍। ନିକଟରେ ଶ୍ରୀଜଗନ୍ନାଥ ମେଡିକାଲ କଲେଜ ରାସ୍ତା ପାଶ୍ୱର୍ରେ ତଥା ବାଲିଗୁଆଳିରେ ଥିବା ଡିଆର୍‌ଡିଏ ଅଫିସର ପଞ୍ଚାୟତ ସାଧନ କେନ୍ଦ୍ର ସମ୍ମୁଖରୁ ମାଫିଆମାନେ ରାତିରେ ବାଲି ଲୁଟ୍ କରୁଛନ୍ତି। ପେଣ୍ଟକଟା ସାମୁଦ୍ରିକ ଥାନାଠାରୁ ଅଳ୍ପ ଦୂରରେ ଏଭଳି ବାଲି ଲୁଟ୍ ହେଉଛି। ଏନେଇ ଜିଲ୍ଲାପାଳ, ଏସ୍‌ପି ଏବଂ ସ୍ଥାନୀୟ ଥାନାଧିକାରୀଙ୍କୁ ଅବଗତ କରାଯାଇଛି। ହେଲେ କ'ଣ କାର୍ଯ୍ୟାନୁଷ୍ଠାନ



ନିଆଯାଉଛି ତାହାକୁ ସମସ୍ତଙ୍କର ଅପେକ୍ଷା ରହିଛି। ଜିଲ୍ଲାରେ ବାଲି, ମାଟି ଚୋରାଚାଲାଣ ଏକ ନିତିଦିନିଆ ଘଟଣା ହେଲାଣି। ବିଶେଷକରି ଗୋପ ନଦୀପଠାରୁ ରାତିଅଧିଆ ଡ୍ରେଜର ଲଗାଇ ବାଲି ଖନନ ଓ ଅବାଧ ଚୋରା ଚାଲାଣ ହେଉଛି। ସେହିପରି ପୁରୀ ବିମାନବନ୍ଦର ପାଇଁ ଚିହ୍ନଟ ଜମି ଅଞ୍ଚଳରୁ ସର୍ବାଧିକ ବାଲି ଚୋରା ଚାଲାଣ ହୋଇଛି। ବାଲିମାଫିଆଙ୍କ ଦୌରାତ୍ମ୍ୟରୁ ବାଦ୍ ପଡୁନି ଜଙ୍ଗଲ ଜମି ଅଞ୍ଚଳ। ବାଲି ତାଡ଼ି ନେବା ଫଳରେ ଜଙ୍ଗଲରୁ ବିରାଟ ଗର୍ତ୍ତ ସୃଷ୍ଟି ହେଲାଣି। ରାଜସ୍ୱ ବିଭାଗ ଓ ପୁଲିସ ଏ ଦିଗରେ ନୀରବଦ୍ରଷ୍ଟା ସାଜିବା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି। ସେପଟେ ଗୋପ, ଡେଲାଙ୍ଗ, ସତ୍ୟବାଦୀ ଅଞ୍ଚଳରେ ବ୍ୟାପକ ଭାବେ ପ୍ରଶାସନ ଓ ମାଫିଆଙ୍କ ସଲାସୁତରାରେ ହରିଲୁଟ୍ ହେବାରେ ଲାଗିଛି ବାଲି। ସେହିପରି ଅଠରନଳା ବୋଟିଂ ପ୍ରକଳ୍ପ ପାଇଁ ଚିହ୍ନଟ ସ୍ଥାନରୁ ମଧ୍ୟ ଟ୍ରକ୍ ଟ୍ରକ୍ ମାଟି ଚୋରାଚାଲାଣ ହେଉଛି। କିଏ କେଉଁଠିକୁ ନେଉଛି ତାହାର କୌଣସି ଠିକଣା ନାହିଁ। ମୋଟାମୋଟି ଏବେ ଜିଲ୍ଲାରେ ମାଟି, ବାଲି ଚୋରାଚାଲାଣ ଢେର୍ ମାତ୍ରାରେ ବଢ଼ିଯାଇଛି ବୋଲି କୁହାଯାଉଛି।

## ଡା. ଅକ୍ଷୟ ଶତପଥୀ ପୁରୀର ନୂଆ ସିଡିଏମ୍‌ଓ

ପୁରୀ,୫।୬(ସମିସ): ପୁରୀର ନୂଆ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ନିଯୁକ୍ତ ହୋଇଛନ୍ତି। କଟକ ସିଟି ହସ୍ପିଟାଲର ବରିଷ୍ଠ ଶିଶୁରୋଗ ବିଶେଷଜ୍ଞ ଡାକ୍ତର ଅକ୍ଷୟ କୁମାର ଶତପଥୀଙ୍କୁ ଗୁରୁବାର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଏହି ନିଯୁକ୍ତି ଦିଆଯାଇଛି। ସୂଚନାଥାଉ କି, ପୁରୀର ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ରୂପଭାନୁ ମିଶ୍ରଙ୍କୁ ବଦଳି କରାଯାଇଛି। ତାଙ୍କ ସ୍ଥାନରେ ଡା. ଶତପଥୀ ଏହି ଦାୟିତ୍ୱ ଗ୍ରହଣ କରିବେ।

## ଗୋଟିପୁଅ ନୃତ୍ୟ କର୍ମଶାଳା ଆରମ୍ଭ

ପୁରୀ,୫।୬(ସମିସ): ଐତିହ୍ୟ ଗ୍ରାମ ରଘୁରାଜପୁରର ଅଭିନ୍ନ ସୁନ୍ଦର ଗୋଟିପୁଅ ନୃତ୍ୟ ପରିଷଦ ପକ୍ଷରୁ ଗୋଟିପୁଅ ଗୁରୁକୁଳ କପୋତେଶ୍ୱରରେ କ୍ଲାସିକାଲ କଲଚରାଲ ରିସର୍ଚ୍ଚ ଫାଉଣ୍ଡେସନ ଆୟୋଜନରେ ତିନିଦିନିଆ ଗୋଟିପୁଅ କର୍ମଶାଳା ବୁଧବାରଠାରୁ ଆରମ୍ଭ ହୋଇଛି। ଗୋଟିପୁଅ ନୃତ୍ୟର ବିକାଶ ଓ ଏହାର ମୌଳିକତାକୁ ବଜାୟ ରଖି ଏହାର ପ୍ରଚାରପ୍ରସାର ସହିତ ପିଲାମାନଙ୍କର



ଭବିଷ୍ୟତ କିପରି ଉଜ୍ଜ୍ୱଳମୟ ହୋଇପାରିବ ଏହି ଲକ୍ଷ୍ୟ ରଖିଛି ଗୁରୁକୁଳ। କର୍ମଶାଳାକୁ ଫାଉଣ୍ଡେସନର ନିର୍ଦ୍ଦେଶକ ଡ. ଅଶୋକ କୁମାର ମିଶ୍ର ବିଶେଷ ଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିଥିବାବେଳେ ଅନୁଷ୍ଠାନର ମୁଖ୍ୟ ଉପଦେଷ୍ଟା ତଥା ପ୍ରତିଷ୍ଠାତା ଗୁରୁ ଲକ୍ଷ୍ମଣ ମହାରଣା ଅତିଥିମାନଙ୍କୁ ସମ୍ବୋଧିତ କରିଥିଲେ। କାର୍ଯ୍ୟକ୍ରମରେ ୨୫ଜଣ ଛାତ୍ରଛାତ୍ରୀ ତଥା ଗୋଟିପୁଅ ଶିଳ୍ପୀ ଭାଗ ନେଇଥିବାବେଳେ ୫ ଜଣ ଗୁରୁ ଉପସ୍ଥିତ ରହି କଣ୍ଠ ସଙ୍ଗୀତ ତଥା ବାଦ୍ୟଯନ୍ତ୍ରରେ ଗୁରୁ ଲକ୍ଷ୍ମଣ ମହାରଣା, ପ୍ରସନ୍ନ ନାୟକ, ଗୁରୁ ସୁଶାନ୍ତ କୁମାର ମହାରଣା ସହଯୋଗ କରିଥିଲେ। ଗୁରୁ ବସନ୍ତ କୁମାର ମହାରଣା ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିବା ସହିତ ପିଲାମାନଙ୍କୁ ତାଲିମ ପ୍ରଦାନ କରିଥିଲେ।

## ମାଳତୀପାଟପୁର ଷ୍ଟେସନରେ ବୃକ୍ଷରୋପଣ

ପୁରୀ,୫।୬(ସମିସ): ମା' ଓ ବାପାଙ୍କ ଉଦ୍ଦେଶ୍ୟରେ ଦୁଇଟି ଗଛ ଲଗାନ୍ତୁ ଓ ସୁନ୍ଦର ଏବଂ ସବୁଜ ପରିବେଶ ସୃଷ୍ଟି କରନ୍ତୁ। ଏମିତି କିଛି ସ୍ଲୋଗାନ ଦେଇ ମିଶନ ଓଡ଼ିଶାର ସ୍ୱେଚ୍ଛାସେବୀ ଅଜୟ ପ୍ରଧାନ, ସବ୍ୟସାଚୀ ସେନାପତି ଓ ୨୦୨୫ର ପ୍ରକୃତି ବନ୍ଧୁ ସମ୍ମାନରେ ସମ୍ମାନିତ ହୋଇଥିବା ପ୍ରଦୀପ ଦଳାଇଙ୍କ ନେତୃତ୍ୱରେ ତଳଜଙ୍ଗ ଓ ମାଳତୀପାଟପୁର ଷ୍ଟେସନ ପରିସରରେ ଗଛ ଲଗାଯାଇଛି। ବିଶ୍ୱ ପରିବେଶ ଦିବସରେ ନୂତନ ପରିକଳ୍ପନା ନେଇଛନ୍ତି ଯୁବ ସ୍ୱେଚ୍ଛାସେବୀ। ମାଳତୀପାଟପୁର ଷ୍ଟେସନର କାୟା ବୃଦ୍ଧି ହେବାକୁ ଯାଉଛି। ଆଗାମୀ କିଛି ବର୍ଷ ଭିତରେ ବହୁ ସଂଖ୍ୟାରେ ଯାତ୍ରୀଙ୍କର ସମାଗମ ହେବ। ଏହାକୁ ନଜରରେ ରଖି ସ୍ୱେଚ୍ଛାସେବୀମାନେ ଆମ୍ବ, ପଣସ, ସୁନାରୀ, ପିସ୍ତାବାଦାମ, ହରିଡ଼ା, ବାହାଡ଼ା, ରାଧା ଚୂଡ଼ା, ପାଟଳୀ, ଜାମୁକୋଳି ଆଦି ଗଛ ଲଗାଇଛନ୍ତି। ଏହି ଅବସରରେ ବାଟ ଗାଁର ଭୀମସେନ ପ୍ରଧାନ, ମଧୁବନ ବାଲିଆର ବିଷ୍ଣୁ ପ୍ରଧାନ, ଜଗନ ପ୍ରଧାନ, ଧାଉଡ଼ିଆର ରମାକାନ୍ତ ଜେନା, କାହ୍ନୁଚରଣ ପ୍ରଧାନ, ବଚନ ପ୍ରଧାନ, ବଳରାମ ରଣା, ଦୀପକ ଜେନା, ଦୁର୍ଗା ପ୍ରଧାନ, ପ୍ରଶାନ୍ତ ଭୋଇ, ଦିଲ୍ଲୀପ ପ୍ରଧାନ, ଯୁଧିଷ୍ଠିର ମହାପାତ୍ର, ବିଭୁପ୍ରସାଦ ପ୍ରଧାନ, ବିକ୍ରମ ନାୟକ ଓ ଅଜୟ କୃଷ୍ଣ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ମିଶନ ଓଡ଼ିଶାର ସମ୍ପାଦକ ମଧୁସୂଦନ ମିଶ୍ର କହିଛନ୍ତି, ପିସ୍ତାବାଦାମ ଗଛ ଆମେ ଲଗାଇଲୁ, ଆମ ପରପିଢ଼ି ଏହାର ଫଳ ଖାଇପାରିବ।

ଆଡୁଆଳରେ ମଙ୍ଗଳା ମୁହାଣ

# ସମୁଦ୍ରରେ ମିଶୁଛି ଆବର୍ଜନା ଜଳ



ପୁରୀ,୫।୬(ସମିସ): ପୂର୍ବ ଭାରତର ଏକ ମନୋରମ ବେଳାଭୂମି ପୁରୀ। ସମୁଦ୍ରର ଶାନ୍ତ ଶୀତଳ ଜଳରାଶି ଏବଂ ବେଳାଭୂମିର ପ୍ରାକୃତିକ ସୌନ୍ଦର୍ଯ୍ୟ ଏହାକୁ ଅନ୍ତର୍ଜାତୀୟ ପର୍ଯ୍ୟଟନସ୍ଥଳୀର ମାନ୍ୟତା ଦେଇଛି। ପ୍ରତିଦିନ ଦେଶ ବିଦେଶର ପର୍ଯ୍ୟଟକ ଏଠାକୁ ଆସିଥା'ନ୍ତି। କିନ୍ତୁ ପ୍ରଶାସନିକ ଅବହେଳା ଯୋଗୁଁ ପୁରୀ ବେଳାଭୂମି ଦିନକୁ ଦିନ ସୌନ୍ଦର୍ଯ୍ୟ ହରାଇବାରେ ଲାଗିଛି। ବେଳାଭୂମିର ଏଣେତେଣେ ଅଳିଆ ଆବର୍ଜନା ପଡୁଥିବାବେଳେ ଦୁଇଟି ମୁହାଣ ଅଞ୍ଚଳ ପ୍ରଦୂଷିତ ହୋଇପଡ଼ିଛି। ବାଙ୍କୀ ମୁହାଣର ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ଠିକ୍ ଭାବେ କାର୍ଯ୍ୟକ୍ଷମ ହେଉ ନ ଥିବାବେଳେ ମଙ୍ଗଳା ମୁହାଣ ଦେଇ ଆବର୍ଜନା ଜଳ ସିଧାସଳଖ ସମୁଦ୍ରରେ ମିଶୁଛି। ପ୍ରଶାସନିକ ଦୃଷ୍ଟି ଆଡୁଆଳରେ ରହିଯାଇଥିବା ମଙ୍ଗଳା ମୁହାଣର ଏଭଳି ସ୍ଥିତିକୁ ନେଇ ପରିବେଶବିତ୍ ଉଦ୍‌ବେଗ ପ୍ରକାଶ କରିଥିବାବେଳେ ପର୍ଯ୍ୟଟକ ନାକ ଟେକୁଛନ୍ତି।

ଦିଗବାରେଣୀ ଛକଠାରୁ ଲାଇଟ୍ ହାଉସ୍ ପର୍ଯ୍ୟନ୍ତ ବେଳାଭୂମିରେ ପ୍ରତ୍ୟହ ପର୍ଯ୍ୟଟକଙ୍କ ଭିଡ଼ ଜମୁଛି। ଏଥିସହିତ ଚୈତନ୍ୟ ଛକ ପରଠାରୁ ଉଠାଦୋକାନୀ ବସୁଛନ୍ତି। ତେଣୁ ଗହଳିକୁ ପସନ୍ଦ କରୁ ନ ଥିବା ପର୍ଯ୍ୟଟକଙ୍କ ଆକର୍ଷଣ ପାଲଟୁଛି ମଙ୍ଗଳା ନଦୀ ମୁହାଣ ଅଞ୍ଚଳ। ମୁହାଣକୁ ଯାଇ ପର୍ଯ୍ୟଟକମାନେ ପ୍ରାକୃତିକ ଦୃଶ୍ୟକୁ ଉପଭୋଗ କରିଥା'ନ୍ତି। କିନ୍ତୁ ଏବେ ବିଗିଡ଼ି ଯାଇଛି ମଙ୍ଗଳା ମୁହାଣର ଚିତ୍ର। ମଙ୍ଗଳା ନଦୀ ଶଯ୍ୟା ଏବଂ ମୁହାଣ ସଂଲଗ୍ନ ବେଳାଭୂମିରେ ଆବର୍ଜନା ଜମିଛି। ସହରର ବିଭିନ୍ନ ହୋଟେଲର ବର୍ଜ୍ୟଜଳ ସେଠାରେ ପଡୁଥିବାରୁ ଏହି ଅଞ୍ଚଳର ପରିବେଶ ପ୍ରଦୂଷିତ ହେଉଛି। ଏଥିସହ ଡ୍ରେନ୍ ମୁହଁରେ ପଲିଥିନ ଓ ପ୍ଲାଷ୍ଟିକ୍ ସାମଗ୍ରୀ ଗଦା ହୋଇଛି। ହୋଟେଲର ବର୍ଜ୍ୟଜଳ ସମୁଦ୍ର ଓ ମଙ୍ଗଳା ନଦୀରେ ମିଶି ଜଳଜୀବଙ୍କୁ ପ୍ରଭାବିତ କରୁଛି। ସମୁଦ୍ର କୂଳରେ ଡ୍ରେନେଜ୍ ବିଭାଗ ପକ୍ଷରୁ ବର୍ଷାଜଳ ନିଷ୍କାସନ ନଳା ନିର୍ମାଣ କରାଯାଇଛି। ଏହି ନଳାର ଗୋଟିଏ ଜଳନିଷ୍କାସନ ପଥ ବାଙ୍କୀ ମୁହାଣଠାରେ ରହିଛି। ୨୦୧୭ରେ ଅନ୍ୟ ଏକ ଜଳନିଷ୍କାସନ ପଥ ନିର୍ମାଣ କରାଯାଇ ମଙ୍ଗଳା ନଦୀ ମୁହାଣଠାରେ ମିଶାଯାଇଛି। କିନ୍ତୁ ଏହି ବର୍ଷାଜଳ ନିଷ୍କାସନ ନଳା ଏବେ ସ୍ୱେରେଜ୍‌ରେ ପରିଣତ ହୋଇଛି। କେତେକ ହୋଟେଲ ମାଲିକ ସେମାନଙ୍କ ହୋଟେଲରୁ ବାହାରୁଥିବା ବର୍ଜ୍ୟଜଳକୁ ଏହି ନଳା ସହିତ ସଂଯୋଗ କରିଦେଇଛନ୍ତି। ଏହାସହିତ ସହରର ବର୍ଜ୍ୟଜଳ ମଧ୍ୟ ଏଥିରେ ଛଡ଼ାଯାଉଛି। ଫଳରେ ମଙ୍ଗଳା ମୁହାଣଠାରେ ଏହି ଆବର୍ଜନା ଜଳ ମଙ୍ଗଳା ନଦୀ ଏବଂ ସମୁଦ୍ରରେ ମିଶୁଛି। ଏହି ଆବର୍ଜନା ଜଳରେ ଆସୁଥିବା ପଲିଥିନ୍, ପ୍ଲାଷ୍ଟିକ ଆଦି ବର୍ଜ୍ୟବସ୍ତୁ ଡ୍ରେନ୍ ମୁହଁରେ ଜମୁଥିବାବେଳେ ନଦୀ ଶଯ୍ୟାରେ ପଡ଼ିରହୁଛି।

ସୂଚନାଥାଉ କି, ସହରର କୋଳାହଳମୟ ପରିବେଶଠାରୁ ବେଶ୍ ଦୂରରେ ଥିବା ମଙ୍ଗଳା ମୁହାଣ ପର୍ଯ୍ୟଟକଙ୍କ ଖାସ୍ ଆକର୍ଷଣ ସାଜିଥାଏ। ଯଦିଓ କିଛି ନୂଆ ହୋଟେଲ ଏହା ନିକଟରେ ଖୋଲିଛି ତଥାପି ମଙ୍ଗଳା ମୁହାଣର ଶାନ୍ତ ଶୀତଳ ପରିବେଶ ପାଇଁ ଅନେକ ପର୍ଯ୍ୟଟକ ଏହାକୁ ପସନ୍ଦ କରିଥା'ନ୍ତି। ନଦୀ-ସମୁଦ୍ରର ମିଳନସ୍ଥଳକୁ ଉପଭୋଗ କରିଥା'ନ୍ତି। ହେଲେ ଏବେ ଏହି ମୁହାଣ ପର୍ଯ୍ୟଟକଙ୍କୁ ଆକୃଷ୍ଟ କଲାଭଳି ସ୍ଥିତିରେ ନାହିଁ। ସହରର ଆବର୍ଜନା ସିଧାସଳଖ ଯାଇ ମଙ୍ଗଳା ମୁହାଣକୁ ପ୍ରଦୂଷିତ କରୁଥିବାରୁ ପର୍ଯ୍ୟଟକ ଅସନ୍ତୋଷବ୍ୟକ୍ତ କରିଛନ୍ତି। ସେହିପରି ମଙ୍ଗଳା ନଦୀରେ ମଧ୍ୟ ବିଭିନ୍ନ ପ୍ରକାର ଆବର୍ଜନା ଯାଇ ମୁହାଣ ମୁହଁରେ ଗଦା ହେଉଛି। ଅନେକ ସମୟରେ ମୁହାଣ ପ୍ରଦୂଷିତ ହେଉଥିବାରୁ ଏଠାରେ ଜେଲିମାଛ ମରି ଲାଗୁଛନ୍ତି। ତେଣୁ ଏଥିପ୍ରତି ବିଭାଗ ଦୃଷ୍ଟି ଦେବା ଦରକାର ବୋଲି ଦାବି ହେଉଛି।

## ଆର୍‌ଟିଓଙ୍କ ଯାଞ୍ଚ; ୧୨ ଲକ୍ଷ ଟଙ୍କା ଜରିମାନା ଆଦାୟ


ପୁରୀ,୫।୬(ସମିସ): ଟ୍ରାଫିକ୍ ନିୟମକୁ ଉଲ୍ଲଂଘନ କରି ଅନେକ ରାସ୍ତାରେ ଗାଡ଼ି ଚଳାଉଛନ୍ତି। ବିଶେଷକରି ଯୁବଗୋଷ୍ଠୀଙ୍କ ବେପରୁଆ ଗାଡ଼ି ଚାଳନା ଯୋଗୁଁ ଅନେକ ସମୟରେ ଦୁର୍ଘଟଣା ଘଟୁଛି। ତେଣୁ ଏହା ଉପରେ ରୋକ୍ ଲଗାଇବା ପାଇଁ ପୁରୀ ଆଞ୍ଚଳିକ ପରିବହନ ଅଧିକାରୀ(ଆର୍‌ଟିଓ)ଙ୍କ ପକ୍ଷରୁ ଚଳିତ ମାସରେ ବିଭିନ୍ନ ସ୍ଥାନରେ ଯାଞ୍ଚ କରାଯାଇ ଆଇନ ଭଙ୍ଗକାରୀଙ୍କ ଉପରେ ପଦକ୍ଷେପ ନିଆଯାଇଛି। ମେ' ମାସରେ ୧୩୬ଟି ଇ-ରିକ୍ସା/ଅଟୋରିକ୍ସାକୁ ଚାଲାଣ କରାଯାଇଛି। ୩୧ଟି ଗାଡ଼ିକୁ ଅଟକ ରଖାଯାଇଥିଲା। ଜରିମାନା ବାବଦକୁ ୧୨ଲକ୍ଷ ୬୨ ହଜାର ଟଙ୍କା ଆଦାୟ କରାଯାଇଛି। ଆର୍‌ଟିଓଙ୍କ ଦ୍ୱାରା ବିଭିନ୍ନ ଛକରେ ଅଧିକାରୀ ଓ କର୍ମଚାରୀଙ୍କୁ ମୁତୟନ କରାଯାଇ ଆଇନ ଭଙ୍ଗକାରୀମାନଙ୍କ ଉପରେ କଡ଼ା ନଜର ରଖାଯାଉଛି। ଯେପରି ମଦ୍ୟପାନ କରି ଗାଡ଼ି ଚଳାଇବା, ଓଭରଲୋଡ୍ ଓ ହେଲ୍‌ମେଟ୍ ନ ପିନ୍ଧିବା ଇତ୍ୟାଦି ନେଇ ଚାଳକମାନଙ୍କୁ ଧରାଯାଇ ଜରିମାନା ଆଦାୟ ହେଉଛି। ଆଗାମୀ ଦିନରେ ଚେକିଂକୁ ଆହୁରି କଡ଼ାକଡ଼ି କରାଯିବ ଏବଂ ଆଇନ ଉଲ୍ଲଂଘନକାରୀଙ୍କ ଉପରେ ଉଚିତ୍ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଆର୍‌ଟିଓ ସୂଚନା ଦେଇଛନ୍ତି।

## ଭାର୍ଗବୀ ତଟରେ ବୃକ୍ଷରୋପଣ

ପୁରୀ,୫।୬(ସମିସ): ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ଗୁରୁବାର ହଜାର ହଜାର ଜୀବନର ଆଧାର ମା' ଭାର୍ଗବୀ ନଦୀ ତଟରୁ ଆରମ୍ଭ ହୋଇଛି ବୃକ୍ଷରୋପଣ ଏକ ପେଡ୍ ମା' କେ ନାମ୍। ପ୍ରକୃତିବନ୍ଧୁ ବଦ୍ରି ମିଶ୍ରଙ୍କ ନେତୃତ୍ୱରେ ମା' ପଞ୍ଚମୁଖୀଙ୍କ ନିକଟରେ ସଂକଳ୍ପ କରି ବୃକ୍ଷରୋପଣ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ଏଥିରେ ଅଧ୍ୟାପକ କାଶୀନାଥ ନାୟକ, କବି ଦାମୋଦର ପରିଡ଼ା, ଶିକ୍ଷାବିତ୍ ପ୍ରମୋଦ ଆଚାର୍ଯ୍ୟ, ଯୁବ ସଂଗଠକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅନ୍ତର୍ଯ୍ୟାମୀ ପଟ୍ଟନାୟକ ସାମିଲ୍ ହୋଇଥିଲେ। ଆଗାମୀ ସ୍ନାନପୂର୍ଣ୍ଣିମାରେ ଭାର୍ଗବୀ ଆଳତୀ ସହ ଏହି ବୃକ୍ଷରୋପଣ କାର୍ଯ୍ୟକ୍ରମ ଉଦ୍‌ଯାପିତ ହେବ ବୋଲି ସୂଚନା ଦିଆଯାଇଛି।

ସକାଳ
THE SAKALA

# ସମ୍ପାଦକୀୟ



କୃଷି ହିଁ ମଣିଷ ପାଇଁ ସବୁଠାରୁ ସ୍ୱାସ୍ଥ୍ୟପ୍ରଦ, ସର୍ବାଦୌ ଉପଯୋଗୀ ଓ ସର୍ବୋତ୍ତମ ନିଯୁକ୍ତି କ୍ଷେତ୍ର ।
-ଜର୍ଜ ୱାଶିଂଟନ୍

## ଜାତିସଂଘର ମତିଭ୍ରମ

ଜାତିସଂଘର ଆତଙ୍କବାଦ ନିରୋଧ ପରିଷଦରେ ପାକିସ୍ତାନକୁ ଚଳିତ ବର୍ଷ ଉପାଧ୍ୟକ୍ଷ ଭାବେ ମନୋନୀତ କରାଯାଇଛି । ଏଥିସହିତ ଜାତିସଂଘର ସବୁଠାରୁ ଶକ୍ତିଶାଳୀ ଓ ପ୍ରଭାବଶାଳୀ ଅନୁଷ୍ଠାନ ଭାବେ ପରିଚିତ ସୁରକ୍ଷା ପରିଷଦ ଅଧୀନସ୍ଥ 'ତାଲିବାନ୍ କଟକଣା କମିଟି' ଅଧ୍ୟକ୍ଷତା ମଧ୍ୟ ପାକିସ୍ତାନ କରିବ। ସାମ୍ପ୍ରତିକ ବିଶ୍ୱ କୂଟନୀତିରେ ଏହାଠାରୁ ବଳି ବଡ଼ ବିଡ଼ମ୍ବନା ଆଉ କ'ଣ ହୋଇପାରେ। ଏଭଳି ଦୁର୍ଭାଗ୍ୟଜନକ ଓ ହାସ୍ୟାସ୍ପଦ ବାସ୍ତବତାକୁ ଭାରତ ସମେତ ସାରା ବିଶ୍ୱ ଦେଖୁଛି । ଆତଙ୍କବାଦର ମୁଖ୍ୟ ରପ୍ତାନୀକାରୀ ରାଷ୍ଟ୍ର ପାକିସ୍ତାନକୁ ଦଣ୍ଡିତ କରିବା ବଦଳରେ ଜାତିସଂଘର ଏହି ନିଷ୍ପତ୍ତି ସେହି ରାଷ୍ଟ୍ରକୁ ପୁରସ୍କୃତ କରିବା ଭଳି ହୋଇଛି ।

ତାଲିବାନ୍ ଆତଙ୍କବାଦୀ ଅଧ୍ୟୁଷିତ ଆଫ୍‌ଗାନିସ୍ତାନରେ ଶାନ୍ତି ପ୍ରତିଷ୍ଠା ଓ ନାଗରିକଙ୍କ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଜାତିସଂଘ ଦ୍ୱାରା ଗଠିତ '୧୯୮୮ କମିଟି' ଭାବେ ଜଣାଶୁଣା 'ତାଲିବାନ୍ କଟକଣା କମିଟି'ର କର୍ତ୍ତବ୍ୟ ଓ ମୁଖ୍ୟ ଦାୟିତ୍ୱ ହେଉଛି ତାଲିବାନ୍ ସଂଗଠନ ଏବଂ ତା'ସହିତ ସମ୍ପର୍କ ରଖିଥିବା ସଂଗଠନର ସମ୍ପତ୍ତି ବାଜ୍ୟାପ୍ତି କରିବା, ସେ ଦେଶର ନାଗରିକଙ୍କ ପାଇଁ ପର୍ଯ୍ୟଟନ କଟକଣା ଲାଗୁ କରିବା, ଅସ୍ତ୍ରଶସ୍ତ୍ରର ଚୋରା ଚାଲାଣକୁ ନିରୁତ୍ସାହିତ କରିବା । ପ୍ରତିବର୍ଷ ଏହି କମିଟି ପୁନର୍ଗଠନ କରାଯାଇ ନୂଆ ଅଧ୍ୟକ୍ଷ ଓ ଉପାଧ୍ୟକ୍ଷ ଦାୟିତ୍ୱ ଜାତିସଂଘର ବିଭିନ୍ନ ସଦସ୍ୟ ରାଷ୍ଟ୍ରଙ୍କ ଉପରେ ନ୍ୟସ୍ତ କରାଯାଏ । ଚଳିତ ବର୍ଷ ପାଇଁ ପାକିସ୍ତାନ ଏହାର ଅଧ୍ୟକ୍ଷ ହୋଇଥିବା ବେଳେ ରୁଷିଆ ଭଳି ଶକ୍ତିଶାଳୀ ରାଷ୍ଟ୍ର ଉପାଧ୍ୟକ୍ଷ ପଦରେ ସନ୍ତୁଷ୍ଟ ହୋଇଛି । କେବଳ ସେତିକି ନୁହେଁ ବିଶ୍ୱରେ ଆତଙ୍କବାଦୀ କାର୍ଯ୍ୟକଳାପ ନିୟନ୍ତ୍ରଣ ପାଇଁ ଜାତିସଂଘ ଦ୍ୱାରା ଗଠିତ '୧୩୭୩ କାଉଣ୍ଟର ଟେରରିଜିମ୍ କମିଟି'ରେ ମଧ୍ୟ ପାକିସ୍ତାନ ସହିତ ସମାନ ସ୍ତରରେ ଫ୍ରାନ୍ସ, ରୁଷିଆ ଭଳି ଜାତିସଂଘ ସୁରକ୍ଷା ପରିଷଦର ସ୍ଥାୟୀ ସଦସ୍ୟ ରାଷ୍ଟ୍ର କାମ କରିବେ । ଆତଙ୍କବାଦୀ କାର୍ଯ୍ୟକଳାପରୁ ବହୁଦୂରରେ ଥିବା ଡେନ୍‌ମାର୍କ 'ଅଲ୍‌କାଏଦା ସାଙ୍ଗସନ୍ କମିଟି' ଓ '୧୨୬୭ ଆଇଏସଆଇଏଲ୍'ର ଅଧ୍ୟକ୍ଷ ପଦ ସମ୍ଭାଳିବେ । ଜାତିସଂଘର ସୁରକ୍ଷା ପରିଷଦର ୧୫ ଜଣିଆ ସଦସ୍ୟ ବିଶିଷ୍ଟ ଅସ୍ଥାୟୀ କମିଟିରେ ପାକିସ୍ତାନକୁ ସଦସ୍ୟତା ସହିତ କଟକଣା ଓ ପ୍ରକ୍ରିୟାଗତ କମିଟିରେ ମଧ୍ୟ ଉପାଧ୍ୟକ୍ଷତା କରିବାର ସୁଯୋଗ ମିଳିଛି ।

ପାକିସ୍ତାନର ପ୍ରଚ୍ଛନ୍ନ ଓ ପ୍ରାୟୋଜିତ ସୀମାପାର ଆତଙ୍କବାଦୀ କାର୍ଯ୍ୟକଳାପ ଘେନି ଭାରତ ସପ୍ରମାଣ ବିଶ୍ୱର ଦୃଷ୍ଟି ଆକର୍ଷଣ କରିଆସୁଛି । ଜାତିସଂଘ ମଧ୍ୟ ଏ ବିଷୟରେ ବେଶ୍ ଅବଗତ ଅଛି । ଆମେରିକା, ବ୍ରିଟେନ୍, ଇରାନ୍ ଆଦି ଦେଶ ପାକିସ୍ତାନକୁ ଆତଙ୍କବାଦୀ ରପ୍ତାନୀ ଦେଶ ଭାବେ ଅଭିହିତ କରିଛନ୍ତି । ଫାଇନାନ୍ସିଆଲ୍ ଆକ୍‌ସନ୍ ଟାସ୍କ ଫୋର୍ସ(ଏଫଏଟିଏଫ୍) ତାଲିକାରେ ପାକିସ୍ତାନକୁ ସନ୍ଦେହାସ୍ପଦ ରାଷ୍ଟ୍ର ଭାବେ ତାଲିକାଭୁକ୍ତ କରାଯାଇଛି । ବିଶ୍ୱର ବିଭିନ୍ନ ଅଞ୍ଚଳରେ ଆତଙ୍କ ସୃଷ୍ଟି କରିଥିବା ଅଲ୍ କାଏଦା, ଲସ୍କର ଏ ତୋଇବା, ଜୈସ ଏ ମହମ୍ମଦ ପରି କୁଖ୍ୟାତ ଆତଙ୍କବାଦୀ ସଂଗଠନକୁ ପାକିସ୍ତାନ ଆର୍ଥିକ, ସାମରିକ ସହାୟତା ଯୋଗାଇବା ସହିତ ନିଜ ମାଟିରେ ଲାଳନ ପାଳନ କରିଆସୁଛି । ପାକିସ୍ତାନ ମାଟିରେ ପରିପୁଷ୍ଟ ଅଲ୍‌କାଏଦା ଓ ଆଶ୍ରିତ ଓସାମା ବିନ୍ ଲାଡେନ୍‌କୁ ଆବୋଟାବାଦ୍(ପାକିସ୍ତାନ)ରେ ଆମେରିକା ୨୦୧୧ରେ ନିପାତ କରିବା ପରେ ପାକିସ୍ତାନର ଆତଙ୍କବାଦୀ ଉତ୍ପାଦନ କେନ୍ଦ୍ର ସମ୍ପର୍କରେ ବିଶ୍ୱର ଆଉ କୌଣସି ସନ୍ଦେହ ନଥିଲା ।

ଏହି ଆତଙ୍କବାଦୀ ସଂଗଠନଗୁଡ଼ିକ ପାକିସ୍ତାନୀ ସେନା ଓ ଗୁପ୍ତଚର ସଂସ୍ଥା ଆଇଏସ୍‌ଆଇର ପ୍ରଚ୍ଛନ୍ନ ତାଲିମ୍, ଗୁଇନ୍ଦା ତଥ୍ୟ, ପାଣ୍ଠି ଓ ଅସ୍ତ୍ରଶସ୍ତ୍ରରେ ବଳୀୟାନ୍ ହୋଇଥିବା ବେଳେ ପ୍ରତିବଦଳରେ ସେମାନେ ପାକିସ୍ତାନ ସେନା ଓ ଆଇଏସ୍‌ଆଇକୁ ସେଠାକାର ଗଣତାନ୍ତ୍ରିକ ବ୍ୟବସ୍ଥା ଉପରେ ପ୍ରଭାବ ବିସ୍ତାରରେ ସହାୟତା କରିଆସୁଛନ୍ତି । ବିଶେଷକରି ପାକିସ୍ତାନର ମୁଖ୍ୟ ଶତ୍ରୁ ଭାରତକୁ ଅଶାନ୍ତ ରଖିବାରେ ପ୍ରଚ୍ଛନ୍ନ ଭୂମିକା ଗ୍ରହଣ କରିଛନ୍ତି । ଭାରତୀୟ ସଂସଦ ଉପରେ ଆକ୍ରମଣରୁ ଆରମ୍ଭ କରି ମୁମ୍ବାଇ ତାଜ୍ ହୋଟେଲ୍ ଆକ୍ରମଣ, ସିରିଜ୍ ବୋମା ବିସ୍ଫୋରଣ, ଉରି, ପଠାନକୋଟ, ପୁଲୱାମା ସେନା ବାହିନୀ ଉପରେ ଆକ୍ରମଣ ଏବଂ ସଦ୍ୟତମ କାଶ୍ମୀରର ପହଲ୍‌ଗାମ୍‌ରେ ୨୬ଜଣ ପର୍ଯ୍ୟଟକଙ୍କୁ ଧର୍ମ ପଚାରି ଅମାନୁଷିକ ହତ୍ୟା ପରି ଘଟଣା ଭିଆଇ ପାକିସ୍ତାନ ନିଜ ଆତଙ୍କବାଦୀ ଭାବମୂର୍ତ୍ତି ଉପରେ ସବର୍ଗେ ମୋହର ମାରିଛି ।

ଗତ ଏପ୍ରିଲ୍ ୨୨ ତାରିଖରେ କାଶ୍ମୀର ପହଲ୍‌ଗାମ୍ ଆତଙ୍କବାଦୀ ଘଟଣା ପ୍ରତିବାଦରେ ଗତ ମେ' ୭ ତାରିଖରେ ଭାରତର ସାମରିକ କାର୍ଯ୍ୟାନୁଷ୍ଠାନ 'ଅପରେସନ୍ ସିନ୍ଦୂର' ପରେ ନିହତ ଆତଙ୍କବାଦୀଙ୍କ ମରଶରୀରକୁ ପାକିସ୍ତାନ ସରକାର ରାଷ୍ଟ୍ରୀୟ ମର୍ଯ୍ୟାଦା ସହିତ ସତ୍କାର କରିବା ହେଉ କିମ୍ବା ସେମାନଙ୍କ ଶବାଧାରରେ ପାକିସ୍ତାନୀ ସେନା ଓ ମନ୍ତ୍ରୀମାନେ ସାମିଲ୍ ହେବା ଏବଂ ସଦ୍ୟତମ ପଞ୍ଜାବ ପ୍ରଦେଶର ବାଚସ୍ପତି ଓ ଆମେରିକା ଦ୍ୱାରା କଳାତାଲିକାଭୁକ୍ତ ଲସ୍କର ଏ ତୋଇବାର ଦୁଇ ଆତଙ୍କବାଦୀଙ୍କ ସହିତ ଗୋଟିଏ ମଞ୍ଚରେ ଭାଷଣ ଦେବାର ଫଟୋ ଓ ଭିଡିଓ ଚିତ୍ର ଜରିଆରେ 'ପାକିସ୍ତାନ ସରକାର-ସେନା-ଆତଙ୍କବାଦୀ' ଘନିଷ୍ଠ ସମ୍ପର୍କର ଚାକ୍ଷୁସ ପ୍ରମାଣ ସାରା ବିଶ୍ୱ ଦେଖିଛି । ଏହା ସତ୍ତ୍ୱେ ଜାତିସଂଘର ଆତଙ୍କବାଦ ନିରୋଧ କମିଟିରେ ପାକିସ୍ତାନକୁ ଉପାଧ୍ୟକ୍ଷ ପଦ ଯାଚିଦେବା କେତେ ସମୀଚୀନ ତାହା ବିଚାର୍ଯ୍ୟ ।

ଆହୁରି ଉଦ୍‌ବେଗଜନକ ହେଲା ଆତଙ୍କବାଦୀ କାର୍ଯ୍ୟକଳାପକୁ ପ୍ରୋତ୍ସାହନ ଅଭିଯୋଗରେ ପାକିସ୍ତାନକୁ ଋଣ ଓ ଅନୁଦାନ ପ୍ରଦାନରେ କଟକଣା ଜାରି କରିଥିବା ଆନ୍ତର୍ଜାତିକ ମୁଦ୍ରାପାଣ୍ଠି 'ଅପରେସନ୍ ସିନ୍ଦୂର' ସମୟରେ ଭାରତର ବିରୋଧ ସତ୍ତ୍ୱେ ୨.୪ ବିଲିୟନ ଡଲାର ଯୋଗାଇ ଦେଇଥିଲା । ଏହା ପରେ ପରେ ପାକିସ୍ତାନକୁ ବିଶ୍ୱବ୍ୟାଙ୍କ ୪୦ ବିଲିଅନ୍ ଡଲାର ଯୋଗାଇ ଦେବା ପାଇଁ ନିଷ୍ପତ୍ତି ନେଇଛି ଏବଂ ଗତ ୩ ତାରିଖରେ ଏସିଆ ଡେଭେଲପ୍‌ମେଣ୍ଟ ବ୍ୟାଙ୍କ ୮୦୦ ନିୟୁତ ଡଲାର ଯୋଗାଇ ଦେଇଛି ।

ଏଭଳି ଏକ ଦୁଷ୍ଟ ମନୋବୃତ୍ତି ସମ୍ପନ୍ନ ରାଷ୍ଟ୍ରକୁ ବିଶ୍ୱସ୍ତରରେ ସହାୟତା ଓ ସମ୍ମାନ ଦେବା ବିଶ୍ୱଶାନ୍ତିର ପରିପନ୍ଥୀ ଓ ମାନବ ସଭ୍ୟତା ପ୍ରତି ହିତକର ନୁହେଁ । ବିଶେଷକରି ଭାରତ ପାଇଁ ଏହା ଆଦୌ ଶୁଭସୂଚନା ନୁହେଁ । ଜାତିସଂଘର ଏହି ମତିଭ୍ରମ ପରେ ଏସିଆର ଭୂରାଜନୀତି ଓ କୂଟନୀତିରେ ଭାରତ ଆଗରେ ଅନେକ ଆହ୍ୱାନ ସୃଷ୍ଟି ହୋଇଛି । ତେଣୁ ଭାରତ ଏ ଦିଗରେ ତତ୍ପରତା ପ୍ରକାଶ କରିବା ସହିତ ବୈଦେଶିକ ଓ କୂଟନୀତିରେ ସମୟୋପଯୋଗୀ ପରିବର୍ତ୍ତନ ଆଣିବା ଦରକାର ।

## ଭାରତୀୟ କୃଷିରେ ଉପନିବେଶ ପ୍ରଭାବ

ଶ୍ରୀବତ୍ସ ନାୟକ

ଭାରତୀୟ ଅର୍ଥନୀତିର ପ୍ରମୁଖ ବୈଶିଷ୍ଟ୍ୟ ହେଉଛି କୃଷି। ଉପନିବେଶବାଦ ପୂର୍ବରୁ ଭାରତୀୟମାନେ କୃଷି, ପଶୁପାଳନ, ମତ୍ସ୍ୟଚାଷ କରି ବେଶ୍ ଖୁସିରେ ଜୀବନ ଯାପନ କରୁଥିଲେ। ପ୍ରାକୃତିକ ସମ୍ପଦରେ ଭରପୂର ଏବଂ କୃଷି ଅନୁକୂଳ ଜଳବାୟୁ ଯୋଗୁଁ ଭାରତ ଖାଦ୍ୟଶସ୍ୟ ଉତ୍ପାଦନରେ ପୃଥିବୀରେ ବଳକା ଦେଶ ଭାବେ ପରିଗଣିତ ହେଉଥିଲା । ଶିଳ୍ପ ବିପ୍ଳବ ସମୟରେ ଏହି ଖାଦ୍ୟ ଶସ୍ୟକୁ ଇଂରେଜମାନେ ସେମାନଙ୍କ ଶିଳ୍ପରେ କଞ୍ଚାମାଲ ରୂପେ ବ୍ୟବହାର କରିବା ପାଇଁ ଭାରତର କୃଷି ବ୍ୟବସ୍ଥାକୁ ବାଣିଜ୍ୟକରଣ କରିଦେଲେ। ଦୀର୍ଘ ୨୦୦ ବର୍ଷ ଧରି ବ୍ରିଟିଶ କବଳରେ ରହି ଭାରତର କୃଷି ବ୍ୟବସ୍ଥା ବିଗିଡ଼ି ଗଲା । ଖାଦ୍ୟାଭାବ, ମରୁଡ଼ି ଓ ଅନାହାରରେ ଅନେକ ଲୋକ ମୃତ୍ୟୁବରଣ କଲେ ।

କୃଷି ବ୍ୟତୀତ ଭାରତର ହସ୍ତଶିଳ୍ପ ମଧ୍ୟ ବେଶ୍ ପ୍ରସିଦ୍ଧି ଲାଭ କରିଥିଲା। ରେଶମ ବସ୍ତ୍ର, ପଥର ଖୋଦେଇ, ତାରକସି କାମ, ତାଳପତ୍ର ଲିଖନ, ଚାନ୍ଦୁଆ ଆଦି କ୍ଷେତ୍ରରେ ଉଚ୍ଚମାନର କାରିଗରୀ ଏବଂ ଉତ୍ତମ ଗୁଣବତ୍ତାର ସାମଗ୍ରୀଗୁଡ଼ିକର ଚାହିଦା ବିଦେଶ ବଜାରରେ ଢେର ଅଧିକ ଥିଲା। ଏହା ହିଁ ଇଉରୋପୀୟ ଆର୍ଥିକ ସମୃଦ୍ଧି ପୃଷ୍ଠଭୂମି ଥିଲା। ସପ୍ତଦଶ ଶତାବ୍ଦୀରେ ବାଣିଜ୍ୟ ମାର୍ଗରେ ଅଧିକାର ସ୍ଥାପିତ ସତ୍ତ୍ୱେ ଉରୋପୀୟମାନେ(ଡଚ୍, ବ୍ରିଟିଶ, ପର୍ତ୍ତୁଗୀଜ) ଦୀର୍ଘକାଳୀନ ଭିତ୍ତିରେ ଭାରତ ଓ ପାଶ୍ଚାତ୍ୟ ଦେଶମାନଙ୍କ ମଧ୍ୟରେ ଚାଲି ଆସିଥିବା ମୂଳ ବ୍ୟବସାୟୀ ଢାଞ୍ଚାକୁ ବଦଳାଇବାର ସୁଯୋଗ ପାଇ ନ ଥିଲେ। କିନ୍ତୁ ପଲାସି ଯୁଦ୍ଧରେ ବ୍ରିଟିଶମାନେ ବଙ୍ଗର ନବାବ ସିରାଜୌଦ୍ଦଲାଙ୍କୁ ପରାସ୍ତ କରି ୧୭୫୭ ମସିହାରେ ବଙ୍ଗ, ବିହାର ଓ ଓଡ଼ିଶା ଶାସନ ନିଜ ହାତକୁ ନେଇ ତାଙ୍କ ସାମ୍ରାଜ୍ୟର ମୂଳଦୁଆ ଭାରତରେ ସ୍ଥାପିତ କରାଇଥିଲେ। ତତ୍କାଳୀନ ଇଂରେଜ ଶାସକ କ୍ଲାଇବଙ୍କର ମୁଖ୍ୟ ଲକ୍ଷ୍ୟ ରହିଲା ଅର୍ଥ ଓ ଯୁଦ୍ଧ ।

ଜୀବନ ଜୀବିକା ନିମନ୍ତେ ଭାରତରେ ଉତ୍ପାଦନ ହେଉଥିବା ପାରମ୍ପରିକ ଖାଦ୍ୟଶସ୍ୟ ବଦଳରେ ବ୍ରିଟିଶ ଶିଳ୍ପପତିମାନେ ମାତ୍ରାଧିକ ପାରିଶ୍ରମିକ ମୂଲ୍ୟ ମାଧ୍ୟମରେ ଅର୍ଥକରୀ ଫସଲ(ଔଦ୍ୟୋଗିକ କ୍ଷେତ୍ରରେ ବ୍ୟବହୃତ କଞ୍ଚାମାଲ ଯଥା ଆଖୁ, ତୈଳବୀଜ, ଚା, କଫି, ଝୋଟ, କପା)ଚାଷ କରିବା ପାଇଁ ଭାରତୀୟ ଚାଷୀମାନଙ୍କୁ ପ୍ରୋତ୍ସାହିତ କରୁଥିଲେ। ବିଶେଷକରି ବ୍ରିଟେନ୍‌ରେ ଦ୍ରୁତଗତିରେ ଅଭିବୃଦ୍ଧି କରୁଥିବା କପଡ଼ା ଶିଳ୍ପ ନିମନ୍ତେ ଉତ୍ତମ ଗୁଣବତ୍ତାର କଞ୍ଚାମାଲ୍ ବା କପା ଉତ୍ପାଦନ ନିମନ୍ତେ ସେମାନେ ଧ୍ୟାନ ଦେଇଥିଲେ। ତେଣୁ ସେମାନେ ନିଜକୁ ସୁହାଇଲା ଭଳି ନୀତି ନିୟମ ପ୍ରଣୟନ କରି ଔଦ୍ୟୋଗିକ ଫସଲ ଉତ୍ପାଦନ କ୍ଷେତ୍ରରେ ସମସ୍ତ ଚାଷୀଙ୍କୁ ନିୟୋଜିତ କରେଇଥିଲେ ଏବଂ ବେଶ୍ ଲାଭବାନ ହେଉଥିଲେ। ଊନବିଂଶ ଶତାବ୍ଦୀର ଦ୍ୱିତୀୟାର୍ଦ୍ଧରେ ଭାରତୀୟ ଚାଷୀମାନେ ଅଫିମ, ଝୋଟ, କପା, ରେଶମ, ନୀଳ ଚା, ଅଫିମ, କଫି ଆଦି ଉତ୍ପାଦନ କରୁଥିଲେ। ଦି କେମ୍ବ୍ରିଜ୍ ଇକୋନୋମିକ ହିଷ୍ଟ୍ରି ଅଫ୍ ଇଣ୍ଡିଆ(ଭାଗ ଦୁଇ, ୧୯୮୩)ର ତଥ୍ୟ ଅନୁସାରେ ୧୮୮୧ରୁ୧୯୪୧ ମସିହା ମଧ୍ୟରେ ଭାରତରୁ ୭୫୪.୧ ନିୟୁତ ଟଙ୍କାର ଝୋଟ, ୧୬୧୯ ନିୟୁତ ଟଙ୍କାର କପା, ୯୬୭୪.୧ ନିୟୁତ ଟଙ୍କାର ଚା', ୨୪୯.୪ ନିୟୁତ ଟଙ୍କାର କଫି ବିଦେଶକୁ ରପ୍ତାନୀ କରାଯାଇଥିଲା ।

ତେଣୁ ଉପନିବେଶବାଦ ଯୁଗରେ ଭାରତରେ ଅର୍ଥକରୀ ଫସଲର ଉତ୍ପାଦନ ବଢ଼ିବା ସହିତ ଚାଷୀମାନଙ୍କୁ ପାରମ୍ପରିକ ଖାଦ୍ୟଶସ୍ୟ ଉତ୍ପାଦନରୁ ନିବୃତ୍ତ କରାଗଲା। ବ୍ରିଟିଶ ସୈନିକମାନଙ୍କ ପାଇଁ ଭାରତରେ ଉତ୍ପାଦନ ହେଉଥିବା ଖାଦ୍ୟଶସ୍ୟ ପଠାଗଲା। ଅର୍ଥନୀତିରେ ନୋବେଲ ପୁରସ୍କାର ପ୍ରାପ୍ତ ଅମର୍ତ୍ତ୍ୟ ସେନ୍ ତାଙ୍କ ପୁସ୍ତକ 'ଇନ୍ ଫେମିନ ଅଫ୍ ୧୯୪୩'ରେ ଦର୍ଶାଇଛନ୍ତି ଯେ '୧୮୮୧ ରୁ ୧୯୪୧ ମସିହା ମଧ୍ୟରେ ମଧ୍ୟରେ ଭାରତରେ ବାଣିଜ୍ୟଭିତ୍ତିକ ଦ୍ରବ୍ୟ ଉତ୍ପାଦନ ୮୫ ପ୍ରତିଶତ ବୃଦ୍ଧି ପାଇଥିବା ବେଳେ ଜୀବନ ଧାରଣ ନିମନ୍ତେ ଖାଦ୍ୟଶସ୍ୟର ପରିମାଣ ମାତ୍ର ୭ ପ୍ରତିଶତ ବୃଦ୍ଧି ହୋଇଥିଲା । ବାର୍ଷିକ ଅର୍ଥକାରୀ ଫସଲ ଉତ୍ପାଦନର ହାର ୦.୫୭ ପ୍ରତିଶତ ବୃଦ୍ଧି ପାଇଥିବା ବେଳେ ପାରମ୍ପରିକ ଖାଦ୍ୟଶସ୍ୟର ଉତ୍ପାଦନର ହାର ୧.୧୫ ପ୍ରତିଶତ ହ୍ରାସ ପାଇଥିଲା । ଫଳରେ ଭାରତରେ ଖାଦ୍ୟାଭାବ ଦେଖାଯିବା ସହ ଦୁର୍ଭିକ୍ଷର ସୂତ୍ରପାତ୍ର ହେଲା । ଉପନିବେଶବାଦ ଯୁଗରେ ଭାରତରେ ମୋଟ ୩୩ ଥର ଛୋଟବଡ଼ ଦୁର୍ଭିକ୍ଷ ହୋଇଥଲା । ଏହି ସମୟ ମଧ୍ୟରେ ଦେଶରେ ଖାଦ୍ୟଶସ୍ୟର ଉତ୍ପାଦନ ହାର ୦.୩୭ ପ୍ରତିଶତ ଥିବା ବେଳେ ଜନସଂଖ୍ୟା ବୃଦ୍ଧିର ହାର ଥିଲା ୦.୬୭ ପ୍ରତିଶତ । ତେଣୁ ଭାରତରେ ଜନସଂଖ୍ୟାର ବିସ୍ଫୋରଣ ସାଙ୍ଗକୁ ଖାଦ୍ୟଶସ୍ୟର ଉତ୍ପାଦନର ହାର କମ୍ ହେବା ମଧ୍ୟ ଦୁର୍ଭିକ୍ଷର ଅନ୍ୟ ଏକ କାରଣ ଥିଲା ।

ସେ ସମୟରେ ଚାଷୀମାନଙ୍କୁ ଅଧିକ ଖଜଣା ଦେବାକୁ ପଡୁଥିବାରୁ ସେମାନେ ଲାଭଦାୟକ କୃଷି କରିବାକୁ ବାଧ୍ୟ ହେଉଥିଲେ। ଯଦିଓ ଇଂରେଜ ସରକାର ଜଳସେଚନ ଏବଂ କୃଷି ନିମନ୍ତେ ଆଧୁନିକ ଜ୍ଞାନକୌଶଳର ପ୍ରଚଳନ କରିଥିଲେ, ତଥାପି ଏହା ମହଙ୍ଗା ଥିବାରୁ ଛୋଟ ଚାଷୀ ଉପକୃତ ହୋଇପାରିଲେ ନାହିଁ । ୧୮୭୦ ମସିହାରେ ଡଲାର ଚାହିଦା ପୃଥିବୀରେ କମିଯିବା ଫଳରେ କୃଷକମାନେ ଋଣଗ୍ରସ୍ତ ହୋଇ ଦୁର୍ଭିକ୍ଷରେ ପୀଡ଼ିତ ହେଲେ । ଏହାର ଫଳ ହେଲା କୃଷକ ଆନ୍ଦୋଳନ। ୧୯୩୦ରେ ଝୋଟ ଶିଳ୍ପଗୁଡ଼ିକ ଧ୍ୱସ ପାଇବା ଫଳରେ ବଙ୍ଗଳାରେ ୧୯୪୩ରେ ଏକ କରାଳ ଦୁର୍ଭିକ୍ଷ ଦେଖାଦେଲା ।

ଭାରତରେ ୮୦ ପ୍ରତିଶତ ଲୋକ କୃଷି ଉପରେ ନିର୍ଭର କରୁଥିବାରୁ ଭାରତର କୃଷି ବ୍ରିଟିଶ ସରକାରଙ୍କ ପାଇଁ ରାଜସ୍ୱର ଏକ ପ୍ରମୁଖ ଉତ୍ସ ଥିଲା। ସେଥିପାଇଁ ୧୭୯୩ ମସିହାରେ ଲର୍ଡ କର୍ଣ୍ଣୱାଲିସ୍ ଚିରସ୍ଥାୟୀ ବନ୍ଦୋବସ୍ତ ଓ ଅସ୍ଥାୟୀ ବନ୍ଦୋବସ୍ତ ନାମରେ ଦୁଇପ୍ରକାରର ଭୂ-ରାଜସ୍ୱ ନୀତି ପ୍ରଣୟନ କରିଥିଲେ। ଭାରତର ପୂର୍ବପଟେ ଜମିଦାର, ପଶ୍ଚିମରେ ମହଲୱାରି, ଦକ୍ଷିଣରେ ରୟତମାନଙ୍କ ଦ୍ୱରା ଭୂ-ରାଜସ୍ୱ ଆଦାୟ ଦାୟିତ୍ୱ ଇଂରେଜମାନେ ନ୍ୟସ୍ତ କରିଥିଲେ। ବହୁବର୍ଷ ପର୍ଯ୍ୟନ୍ତ ସେମାନେ ନିଷ୍ଠୁର ଭାବେ ରାଜସ୍ୱ ଆଦାୟ କଲେ। ଏପରିକି ଇଂରେଜମାନଙ୍କ ପ୍ରିୟପାତ୍ର ହେବା ପାଇଁ ସେମାନେ ସାଧାରଣ ଗରିବ, ଖଟିଖିଆ, କ୍ଷୁଦ୍ର ଚାଷୀମାନଙ୍କଠାରୁ ଜୋରଜବରଦସ୍ତି କର ଆଦାୟ କଲେ। ପ୍ରାକୃତିକ ଦୁର୍ବିପାକ ଯୋଗୁଁ ଆମଦାନୀ କମ୍ ହେଲେ ମଧ୍ୟ ଖଜଣା ଓ କର ପରିମାଣ ଅପରିବର୍ତ୍ତିତ ରହିଲା। ଖଜଣା ଖିଲାପକାରୀଙ୍କୁ ମିଳିଲା ଅକଥନୀୟ ଅତ୍ୟାଚାର। ଫିରିଙ୍ଗି ଶାସନର ଜୁଲମ ଅତ୍ୟାଚାର, ନିର୍ଯାତନା ଭୋଗିଲେ ଚାଷୀମାନେ।

ଇଂରେଜମାନେ ଭଲରୂପରେ ଜାଣିଥିଲେ ଯେ, ଭାରତୀୟ କୃଷି ବ୍ୟବସ୍ଥା ଆତ୍ମନିର୍ଭରଶୀଳ ହୋଇଗଲେ ଭାରତ ବିକଶିତ ଦେଶ ରୂପେ ପରିଗଣିତ ହେବ ଏବଂ ବ୍ରିଟିଶ ରାଜ୍ ଚାଲିବନି। ତେଣୁ ସେମାନେ ସର୍ବଦା ଭାରତର କୃଷିକୁ ବରବାଦ କରିବା ପାଇଁ ଚାଷୀମାନଙ୍କଠାରୁ ମାତ୍ରାଧିକ କର ଦାବି କରୁଥିଲେ, ପାରମ୍ପରିକ କୃଷିକୁ ଧ୍ୟାନ ନଦେଇ ଲାଭଜନକ କୃଷିକୁ ପ୍ରୋତ୍ସାହନ ଦେଉଥିଲେ, ବ୍ରିଟିଶ ଶିଳ୍ପର ଅଭିବୃଦ୍ଧି ପାଇଁ ଭାରତକୁ କଞ୍ଚାମାଲ ଯୋଗାଣର ଦେଶ ବୋଲି ଅଭିହିତ କରୁଥିଲେ । କୃଷକ ଓ କୃଷି ମାରଣ ପନ୍ଥା ଅବଲମ୍ବନ କରି ଭାରତର କୃଷିକୁ ସମ୍ପୂର୍ଣ୍ଣ ରୂପେ ଧ୍ୱଂସ କରିଦେଇଥିଲେ ।

ଉପନିବେଶବାଦ ଯୁଗର ପ୍ରଭାବ ଏପରି ପଡ଼ିଥିଲା ଯେ ସ୍ୱାଧୀନତା ପ୍ରାପ୍ତିର ୭୮ ବର୍ଷ ବିତିଯାଇଥିଲେ ମଧ୍ୟ ଉପେକ୍ଷିତ ଅବସ୍ଥାରେ ପଡ଼ିରହିଛି ଭାରତୀୟ କୃଷି ଓ କୃଷକ। କୃଷି ମନ୍ତ୍ରାଳୟର ତଥ୍ୟ ଅନୁସାରେ ୧୯୫୧ମସିହାରେ ଅର୍ଥବ୍ୟବସ୍ଥାକୁ କୃଷି କ୍ଷେତ୍ରର ଅବଦାନ ଥିଲା ୫୧ ପ୍ରତିଶତ। ଏବେ ଏହା ୧୮.୨ ପ୍ରତିଶତକୁ ଖସି ଆସିଛି । ୧୯୫୧ରେ କୃଷି କ୍ଷେତ୍ରରେ ୭୦ ପ୍ରତିଶତ ଶ୍ରମଶକ୍ତି ନିୟୋଜିତ ଥିବା ବେଳେ ସଂପ୍ରତି ଏହା କମି କମି ୪୨.୩ ପ୍ରତିଶତରେ ପହଞ୍ଚିଛି । କୃଷିପ୍ରଧାନ ଦେଶ ପାଇଁ ଏହାଠାରୁ ବଳି ଦୁର୍ଭାଗ୍ୟର ବିଷୟ ଆଉ କ'ଣ ଥାଇପାରେ! କୃଷି କ୍ଷେତ୍ରରେ ଏପରି ନିମ୍ନଗତିରୁ ଗୋଟିଏ କଥା ପ୍ରମାଣିତ ହେଉଛି ଯେ, କୃଷି କ୍ଷେତ୍ରର ବିକାଶ ପାଇଁ ଯାହା କରାଯିବା କଥା ଏବଂ ଯେପରି ଇଚ୍ଛାଶକ୍ତି ଆବଶ୍ୟକ, ତାହା ନାହିଁ । ସରକାର ପରେ ସରକାର ବଦଳିଛନ୍ତି । କିନ୍ତୁ ଫଳ ଶୂନ । ସମସ୍ତେ ଏଠାରେ ଚାଷୀ ଓ ଚାଷ ପାଇଁ ବିକଳ ହୁଅନ୍ତି, କାନ୍ଦନ୍ତି । କିନ୍ତୁ କାହାରି ଆଖିରେ ଲୁହ ନଥାଏ । ଅଧୁନା ଆମର ସରକାର ବିକଶିତ ଭାରତ ଓ ଆତ୍ମନିର୍ଭରଶୀଳ ଭାରତ କଥା କହୁଛନ୍ତି। କୃଷି ବ୍ୟବସ୍ଥାକୁ ଆତ୍ମନିର୍ଭରଶୀଳ ନକରି ପରାଧୀନ ତଥା ବଜାର ନିର୍ଭରଶୀଳ ବ୍ୟବସ୍ଥାକୁ ବଜାୟ ରଖିଲେ ଏହି ଲକ୍ଷ୍ୟ କେବେ ମଧ୍ୟ ସାକାର ହୋଇପାରିବ ନାହିଁ।

(ଅଧ୍ୟାପକ, ବ୍ରାହ୍ମଣଝରିଲୋ ମହାବିଦ୍ୟାଳୟ)
କଟକ, ମୋ: ୯୪୩୮୦୭୦୮୪୯

## ଚେତନା: ଏକ ଅନୁତ୍ତରିତ ପ୍ରଶ୍ନବାଚୀ

ଦୁର୍ଗାପ୍ରସାଦ ଆଚାର୍ଯ୍ୟ

୧୯୯୮ ମସିହାରେ 'ଆସୋସିଏସନ୍ ଫର୍ ଦି ସାଇଣ୍ଟିଫିକ୍ ଷ୍ଟଡି ଅଫ୍ କନ୍‌ସସ୍‌ନେସ୍ (ଏଏସ୍‌ଏସ୍‌ସି)'ର ଏକ ସମ୍ମିଳନୀରେ ସ୍ନାୟୁବିଜ୍ଞାନୀ (ନ୍ୟୁରୋସାଇଣ୍ଟିଷ୍ଟ) 'କ୍ରିଷ୍ଟୋଫ୍ କୋକ୍' ବିଜ୍ଞାନୀ ଦାର୍ଶନିକ 'ଡେଭିଡ୍ ଚାମର୍ସ'ଙ୍କ ସହ ଗୋଟିଏ ବାଜି ଲଗାଇଥିଲେ । କଗ୍‌ନିଟିଭ୍ ବା ସଜ୍ଞାନାତ୍ମକ ବିଜ୍ଞାନରେ ଗଭୀର ରୁଚି ରଖିଥିବା କୋକ୍ ଦୃଢ଼ ଭାବରେ ବିଶ୍ୱାସ କରୁଥିଲେ ଯେ ଖୁବ୍ ଶୀଘ୍ର ନ୍ୟୁରୋସାଇନ୍ସ ଚଳାଇଥିବା ପରୀକ୍ଷା ନିରୀକ୍ଷାରୁ ସ୍ପଷ୍ଟ ହୋଇଯିବ ଯେ ଚେତନା ବା ଆତ୍ମାନୁଭୂତି ଓ ସେଥିରୁ ସୃଷ୍ଟି ହେଉଥିବା 'ମୁଁ' ତ୍ୱ ବା ମମତ୍ୱବୋଧ ମୂଳରେ ରହିଛି ମଣିଷର ମସ୍ତିଷ୍କରେ ଥିବା କୋଟି କୋଟି ନିଉରନ ମଧ୍ୟରେ ନିରବଚ୍ଛିନ୍ନ ଭାବେ ଚାଲିଥିବା ପାରସ୍ପରିକ କ୍ରିୟା ପ୍ରତିକ୍ରିୟା। ସେ ବିଶ୍ୱାସ କରୁଥିଲେ ଯେ କନ୍‌ସସ୍‌ନେସ୍ ବ୍ୟାପାରଟି ସମ୍ପୂର୍ଣ୍ଣ ଏକ ଭୌତିକ ବ୍ୟାପାର ଏବଂ ସେଥିପାଇଁ ଏହା ମିଜରେବଲ୍ ବା ପରିମାପ ଯୋଗ୍ୟ । କିନ୍ତୁ ବିଜ୍ଞାନୀ-ଦାର୍ଶନିକ ଚାମର୍ସ, ଯିଏ ବହୁ ପୂର୍ବରୁ କନ୍‌ସସ୍‌ନେସ୍‌କୁ ଏକ କଠିନତମ ସମସ୍ୟା ବୋଲି କହି ପଦାର୍ଥ ବିଜ୍ଞାନୀମାନଙ୍କୁ ସତର୍କ କରାଇ ଦେଇଥିଲେ, ସିଏ କୋକ୍‌ଙ୍କ ସହ ଏକମତ ହୋଇ ନଥିଲେ। ତେଣୁ କୋକ୍ ଯେତେବେଳେ ୧୯୯୮ ମସିହାର ସେ ସମ୍ମିଳନୀରେ କହିଲେ ଯେ ଆଉ ମାତ୍ର ୨୫ ବର୍ଷ ପରେ ବିଜ୍ଞାନ ନିଉରନ୍‌ମାନଙ୍କ ପାରସ୍ପରିକ ସମ୍ବନ୍ଧ ଓ କ୍ରିୟା ପ୍ରତିକ୍ରିୟାରୁ କିପରି ଚେତନା ତଥା ବ୍ୟକ୍ତିକୈନ୍ଦ୍ରିକ ଅନୁଭୂତି ସୃଷ୍ଟି ହୁଏ ତାହା ପ୍ରମାଣିତ କରିଦେବ, ଡେଭିଡ ଚାମର୍ସ ସ୍ୱାଭାବିକ ଭାବରେ ତାଙ୍କ ସହ ଅସହମତ ହେଲେ। ଜିଦ୍‌ବଶତଃ ହେଉ ବା ତୁଚ୍ଛା କୌତୁକବଶତଃ ହେଉ, କୋକ୍ ସିଧା ସିଧା ବାଜିଟିଏ ଲଗାଇ ଦେଇ ଘୋଷଣା କରିଦେଲେ ଯେ ଯଦି ୨୦୨୩ ମସିହା ସୁଦ୍ଧା ତାଙ୍କ କଥା ସତ୍ୟ ନ ହୁଏ, ତେବେ ସେ ଚାମର୍ସଙ୍କୁ ଏକ ପେଟି ଦୁର୍ମୂଲ୍ୟ ମଦ୍ୟ ଦେବେ ।

କୋକ୍ ମହାଶୟ ତାଙ୍କ ବାଜିଟି ଅବଶ୍ୟ ହାରିଗଲେ ଓ ଅଗତ୍ୟା ଡେଭିଡ ଚାମର୍ସଙ୍କୁ ବାଜି ମୁତାବକ ଏକ ପେଟିକା ମଦ୍ୟ ପ୍ରଦାନ କରିବାକୁ ବାଧ୍ୟ ହେଲେ ୨୦୨୩ ମସିହାର ଏସ୍.ଏସ୍.ଏସ.ସି ବୈଠକରେ, ଅନେକ ଦିଗ୍‌ଗଜ ବୈଜ୍ଞାନିକ ଓ ସ୍ନାୟୁବିଜ୍ଞାନୀମାନଙ୍କ ଉପସ୍ଥିତିରେ। ତେବେ ମଜାର କଥା ହେଉଛି, 'କୋକ୍ ଚାମର୍ସଙ୍କୁ ପୁନଶ୍ଚ ଆହ୍ୱାନ ଦେଲା ଭଳି ସ୍ୱରରେ ସେ କହିଲେ ଯେ ତାଙ୍କୁ ଆଉ ଗୋଟିଏ '୨୫ ବର୍ଷର' ଅବଧି ଦିଆଗଲେ, ଅର୍ଥାତ୍ ୨୦୪୮ ମସିହାରେ ସେ ନ୍ୟୁରୋସାଇନ୍ସ ସୌଜନ୍ୟରୁ ପ୍ରାପ୍ତ ହୋଇଥିବା ତଥ୍ୟ ଉପସ୍ଥାପନ କରି ପ୍ରମାଣିତ କରିଦେବେ ଯେ ଚେତନା ସୃଷ୍ଟି ହୁଏ ମସ୍ତିଷ୍କର ନିଉରନ୍‌ମାନଙ୍କ ନେଟ୍‌ୱାର୍କରୁ, ଅନ୍ୟଥା ନୁହେଁ । କୋକ୍‌ଙ୍କ ଏଇ ଅନୁରୋଧ ବା ଆହ୍ୱାନକୁ ଚାମର୍ସ ଗ୍ରହଣ କରି କୌତୁକରେ କହିଥିଲେ, 'ଠିକ୍ ଅଛି । ଆହୁରି ୨୫ ବର୍ଷ ଆପଣଙ୍କୁ ଦେଲି। କିନ୍ତୁ ଆପଣଙ୍କ ଜିତାପଟ ଦେଖିବାକୁ ମୁଁ ସେତେବେଳେ ଥିବି କି ନ ଥିବି, କିଏ ଜାଣେ!'

ଆଧ୍ୟାତ୍ମବାଦୀ ଚିନ୍ତକ, ଦାର୍ଶନିକ, ବିଶେଷ କରି ଭାରତୀୟ ବେଦାନ୍ତ ଦର୍ଶନର ପ୍ରବକ୍ତାମାନେ କନ୍‌ସସ୍‌ନେସ ବା ଚେତନା ଏ ସକଳ ସୃଷ୍ଟିର ମୂଳାଧାର ବୋଲି ସର୍ବଦା କହି ଆସିଛନ୍ତି । ଏଇ ମେଟାଫିଜିକାଲ ବା ଆଧିଭୌତିକ ଅବଧାରଣାକୁ କ୍ୱାଣ୍ଟମ୍ ମେକାନିକ୍ସ ଦ୍ୱାରା ପ୍ରତିଷ୍ଠିତ ଅନିଶ୍ଚିତତା (ଲ' ଅଫ୍ ଅନ୍‌ସର୍ଟନଟି) ତତ୍ତ୍ୱ ଓ କଣିକାମାନଙ୍କ ସହବନ୍ଧନ (ଲ' ଅଫ୍ ଏନ୍‌ଟାଙ୍ଗଲମେଣ୍ଟ) ତତ୍ତ୍ୱ ସମର୍ଥନ କରୁଛି ବୋଲି ସେମାନେ ଦାବି କରିଥା'ନ୍ତି ।

କ୍ୱାଣ୍ଟମ୍ ପାର୍ଟିକଲ୍ ବା କ୍ୱାଣ୍ଟମ୍ କଣିକାର ତରଙ୍ଗ-କଣିକା ଦ୍ୱୈତସ୍ଥିତି ଓ ସେଇ ସ୍ଥିତିର ଉଦ୍‌ଘାଟନରେ ପରିମାପ (ମେଜରମେଣ୍ଟ) ଓ ନିରୀକ୍ଷଣ (ଅବଜରଭେସନ୍)ର ଭୂମିକା ରହିଛି ବୋଲି ଜଣାପଡ଼ିବା ପରେ ଆଧିଭୌତିକତାବାଦୀ ଦାର୍ଶନିକମାନେ ପରମ ଚୈତ୍ୟସତ୍ତା ଦୃଶ୍ୟମାନ ବସ୍ତୁସକଳ ସୃଷ୍ଟି କରିଥାଏ ବୋଲି କହିବା ପାଇଁ ନୂତନ ପ୍ରେରଣା ପାଇଛନ୍ତି । ଅନ୍ୟପକ୍ଷରେ, ଅଧିକାଂଶ ଦିଗ୍‌ଗଜ କ୍ୱାଣ୍ଟମ୍ ପଦାର୍ଥ ବିଜ୍ଞାନୀ କନ୍‌ସସ୍‌ନେସ୍ ବା ଚେତନା ପୂରାପୂରି ଏକ ଭୌତିକ ବ୍ୟାପାର ବୋଲି କହିବା ସଙ୍ଗେ ସଙ୍ଗେ ଆଧିଭୌତିକତାବାଦୀ, ଆଧ୍ୟାତ୍ମବାଦୀ ଓ ଈଶ୍ୱରବାଦୀମାନଙ୍କୁ ନିରନ୍ତର ପରିହାସ କରି ଚାଲିଛନ୍ତି । କୋକ୍‌ଙ୍କ ଭଳି ଅନେକ ସ୍ନାୟୁବିଜ୍ଞାନୀ ଦୃଢ଼ ନିଶ୍ଚିତ ଯେ ମଣିଷର ବ୍ୟକ୍ତିକୈନ୍ଦ୍ରିକ ଅନୁଭୂତି, ଅଭିଜ୍ଞତା ଆଦୌ କୌଣସି ସ୍ୱର୍ଗୀୟ ପରମ ଚୈତ୍ୟସତ୍ତାର ସର୍ବ ବ୍ୟାପକ ଉପସ୍ଥିତି ଯୋଗୁଁ ସୃଷ୍ଟି ହୁଏ ନାହିଁ। ଏହା ସୃଷ୍ଟି କରିଥାଏ ମଣିଷର ମସ୍ତିଷ୍କର ନିଉରନ୍‌ମାନଙ୍କ ନେଟ୍‌ୱାର୍କ। ସେମାନେ ଦୃଢ଼ ନିଶ୍ଚିତ ଯେ ନ୍ୟୁରୋସାଇନ୍ସ ଦିନେ ନା ଦିନେ ଚେତନା ସୃଷ୍ଟି ପଛରେ ଥିବା ନିଉରାଲ କୋରିଲେଟସ୍ (ନିଉରନ୍‌ମାନଙ୍କ ପାରସ୍ପରିକ ସମ୍ବନ୍ଧ) ସମ୍ପର୍କରେ ପ୍ରାମାଣିକ ତଥ୍ୟଗୁଡ଼ିକ ସାର୍ବଜନୀନ କରିଦେବ ।

ମାତ୍ର ଏ ଲେଖକ ବିଶ୍ୱାସ କରେ ଯେ ଚେତନାର ସ୍ୱରୂପ ସମ୍ପର୍କରେ ଜାଣିବା ମଣିଷ ପକ୍ଷରେ କେବେହେଲେ ସମ୍ଭବ ହୋଇ ନପାରେ। ଜଣାଯାଉଛି ପଦାର୍ଥ ବିଜ୍ଞାନୀ ଓ ଆଧ୍ୟାତ୍ମବାଦୀ ବା ଆଧିଭୌତିକତାବାଦୀଙ୍କର ଏଇ ତର୍କ ବିତର୍କ, ମତମତାନ୍ତର ଅନିର୍ଦ୍ଦିଷ୍ଟ କାଳ ଯାଏ ଚାଲି ରହିଥିବ। କୋକ୍ ପୁନଶ୍ଚ ୨୦୪୮ ମସିହାର ଯେଉଁ ସମୟସୀମା ନିର୍ଦ୍ଧାରଣ କରିଛନ୍ତି ତାହା ଅତିକ୍ରାନ୍ତ ହୋଇଗଲା ପରେ ମଧ୍ୟ କନ୍‌ସସ୍‌ନେସ୍ ବ୍ୟାପାରଟି କଠିନତମ ସମସ୍ୟା (ହାର୍ଡ ପ୍ରୋବ୍ଲେମ) ହୋଇ ରହିଥିବ; ଚିରକାଳ ପାଇଁ ଅନୁତ୍ତରିତ ପ୍ରଶ୍ନବାଚୀଟିଏ ହୋଇ ରହିଥିବ ।

ଏଇ ପରିପ୍ରେକ୍ଷୀରେ ମନେ ପଡ଼ିଯାଏ ରବି ଠାକୁରଙ୍କ ଏଇ କେତୋଟି ପଂକ୍ତି: 'ରଥ ବୋଲେ ଆମି ଦେବ / ପଥ ବୋଲେ ଆମି / ମୂର୍ତ୍ତିର୍ ବୋଲେ ଆମି ଦେବ / ହାସେ ଅନ୍ତର୍ଯ୍ୟାମୀ' । ପରମ ସତ୍ୟ ବା ପରମ ଚୈତ୍ୟସତ୍ତାର ସତ୍‌ସ୍ୱରୂପ ଜାଣିବା ପାଇଁ ମଣିଷର ଏଇ ତୀବ୍ର ଅଭୀପ୍ସା ଓ ନିରବଚ୍ଛିନ୍ନ ପ୍ରଚେଷ୍ଟା କେଉଁ ଅଲୌକିକ ଓଷ୍ଠଧାରରେ ସ୍ମିତ ହାସ୍ୟଟିଏ ଯେ ଖେଳାଇ ଦେଉ ନଥିବ, କିଏ ଜାଣେ?

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଡିଆଁ ବାରଙ୍ଗ,
ମୋ- ୯୮୫୩୩୫୫୧୦୭

## ବାକ୍‌ସମସ୍ୟା ଦୂର କରନ୍ତି ଇନ୍ଦ୍ରଙ୍କ ସାତ ପରୀ

ଓଜସ୍ୱିନୀ

ବିଶ୍ୱାସ ଓ ବିଜ୍ଞାନ

ଶିଶୁଟିଏ ଜନ୍ମ ହୋଇ କୈଶୋରରେ ପାଦ ଦେବା ପର୍ଯ୍ୟନ୍ତ ବିଭିନ୍ନ ଶାରୀରିକ ବିକାଶର ପ୍ରକ୍ରିୟା ଦେଇ ଗତି କରେ। ଏହି ପ୍ରକ୍ରିୟା ଅନେକ ଶିଶୁଙ୍କ କ୍ଷେତ୍ରରେ ସ୍ୱାଭାବିକ ବା ପ୍ରାକୃତିକ ହୋଇଥିବା ବେଳେ ଆଉ କେତେଜଣ ଶିଶୁଙ୍କ ବିଭିନ୍ନ ଅଙ୍ଗରେ କେତେକ ଅସ୍ୱାଭାବିକତା ପରିଲକ୍ଷିତ ହୁଏ। ଶିଶୁଙ୍କ କ୍ଷେତ୍ରରେ ଦେଖାଯାଉଥିବା ଏମିତି ଗୋଟିଏ ସମସ୍ୟା ହେଉଛି ଖନା ବା ପାଟି ଲାଗିବା । କଥା ହେବା ସମୟରେ ଶବ୍ଦକୁ ଠିକ୍ ଭାବେ ଉଚ୍ଚାରଣ କରି ନପାରିବା ବା ଶବ୍ଦଟିକୁ କହିବା ପୂର୍ବରୁ ଅଧିକ ସମୟ ନେବା, ସ୍ପଷ୍ଟ ନ କହିପାରିବା ଆଦିକୁ 'ଖନା ସମସ୍ୟା' ବା ଇଂରାଜିରେ 'ଷ୍ଟଟରିଙ୍ଗ' କୁହାଯାଏ । ଏହି ସମସ୍ୟାର ଦୂରୀକରଣ ପାଇଁ ପ୍ରାଚୀନକାଳରେ ଘରୋଇ ଉପାୟ ଅବଲମ୍ବନ କରାଯାଉଥିଲା। କିନ୍ତୁ ବର୍ତ୍ତମାନର ଆଧୁନିକ ଚିକିତ୍ସା ଯୁଗରେ ଏହି ଶାରୀରିକ ସମସ୍ୟାର ପ୍ରତିକାର ପାଇଁ 'ସ୍ପିଚ୍ ଥେରାପି'ର ସାହାରା ନିଆଯାଉଛି। କିନ୍ତୁ 'ସ୍ପିଚ୍ ଥେରାପି' କେତେଜଣଙ୍କ କ୍ଷେତ୍ରରେ ସକାରାତ୍ମକ ପ୍ରଭାବ ଆଣୁଥିବା ବେଳେ ଆଉ କେତେଜଣ ଶିଶୁଙ୍କ କ୍ଷେତ୍ରରେ ପୂର୍ଣ୍ଣମାତ୍ରାରେ ସହାୟକ ହୋଇପାରୁନାହିଁ। କିନ୍ତୁ ଭାରତରେ ଏଭଳି ଗୋଟିଏ ମନ୍ଦିର ଅଛି, ଯେଉଁଠି ଖନା ସମସ୍ୟା ସମ୍ପୂର୍ଣ୍ଣ ଭାବେ ଦୂର ହୋଇଯାଉଛି ବୋଲି ବିଶ୍ୱାସ ରହିଛି । ଭକ୍ତମାନେ ଏହାର ପ୍ରତ୍ୟକ୍ଷ ପ୍ରମାଣ ମଧ୍ୟ ଦିଅନ୍ତି ।

ରାଜସ୍ଥାନର ଚୋମୁ-ଅଜିତଗଡ଼ ରାଜ୍ୟ ରାଜପଥ ନିକଟବର୍ତ୍ତୀ ସାମୋଦର ବନ୍ଦୋଲ୍‌ଠାରେ ଅବସ୍ଥିତ ଏହି ଚମତ୍କାରୀ ମନ୍ଦିରର ନାମ ହେଉଛି 'ମହାମାୟା ମାତା ମନ୍ଦିର'। ଏଠାରେ ଦେବରାଜ ଇନ୍ଦ୍ରଙ୍କର ୭ଜଣ ପରୀ ମହାମାୟା ଭାବେ ପୂଜିତା। ଆରାବଳି ପର୍ବତଶୃଙ୍ଖଳା ବେଷ୍ଟିତ ଏହି ପ୍ରସିଦ୍ଧ ମନ୍ଦିର ୭୦୦ ବର୍ଷ ପୁରୁଣା ବୋଲି କୁହାଯାଏ। ସ୍ଥାନୀୟ ଭକ୍ତମାନଙ୍କ ବ୍ୟତୀତ ଏଠାକୁ ଭାରତର ବିଭିନ୍ନ ଅଞ୍ଚଳରୁ ଶ୍ରଦ୍ଧାଳୁଙ୍କ ଆଗମନ ହୋଇଥାଏ । ବିଶେଷଭାବେ ଶିଶୁମାନଙ୍କ ଖନା ସମସ୍ୟା ଦୂର କରିବା ପାଇଁ ଏଠାରେ ଶ୍ରଦ୍ଧାଳୁଙ୍କ ଭିଡ଼ ଦେଖିବାକୁ ମିଳେ। ଖନା ସମସ୍ୟା ଦୂର କରିବା ପାଇଁ ଭକ୍ତମାନେ ମାନସିକ କରିବା ସହିତ ଶିଶୁଙ୍କୁ ୭ଥର 'ଯାତ୍' ଲଗାଇବାକୁ ପଡ଼ିଥାଏ। 'ଯାତ୍' ଅର୍ଥ ଶିଶୁଙ୍କ ନାମରେ ମନ୍ଦିର ଭିତରେ ବିଶେଷ ଭାବେ ପୂଜାନୁଷ୍ଠାନ କରି ଦେବୀଙ୍କ ଚରଣରେ ଶିଶୁଙ୍କ ହାତରେ ନଡ଼ିଆ, ବସ୍ତ୍ର ଓ ପୁଲଫଳ ଆଦି ସମର୍ପଣ କରିବା । ଏଭଳି ୭ଥର କରିବା ପରେ ଶିଶୁଙ୍କ ଖନା ସମସ୍ୟା ଧୀରେ ଧୀରେ ସମ୍ପୂର୍ଣ୍ଣ ଦୂର ହୋଇଯାଏ ବୋଲି ଭକ୍ତମାନେ କହିଥା'ନ୍ତି। ମାନସିକ ପୂରଣ ହେବା ପରେ ଦେବୀ ମା'ଙ୍କୁ ରୁପା କିମ୍ବା ତମ୍ବାର ଜିଭ ଅର୍ପଣ କରାଯିବାର ପ୍ରଥା ଅଛି। ଆଦୌ କଥା କହିପାରୁନଥିବା କେତେଜଣ ଶିଶୁ ମଧ୍ୟ ଦେବୀ ମା'ଙ୍କ ଆଶିଷରୁ କଥା କହୁଛନ୍ତି ବୋଲି ସ୍ଥାନୀୟ ଲୋକଙ୍କଠାରୁ ଶୁଣିବାକୁ ମିଳେ ।

ଏଠାରେ ଦେବରାଜ ଇନ୍ଦ୍ରଙ୍କର ୭ ଜଣ ପରୀ କାହିଁକି ପୂଜା ପାଇଲେ, ସେ ସମ୍ପର୍କରେ ଏକ କିମ୍ବଦନ୍ତୀ ଅଛି । ୭୦୦ ବର୍ଷ ପୂର୍ବେ ଏହି ସ୍ଥାନରେ ସନ୍ଥ ଦ୍ୱାରକା ଦାସ ମହାରାଜ ତପସ୍ୟା କରୁଥିଲେ । ତପସ୍ୟା ସ୍ଥଳ ନିକଟରେ ଥିବା ଜଳାଶୟକୁ ପ୍ରତିଦିନ ଦେବରାଜ ଇନ୍ଦ୍ରଙ୍କର ୭ ଜଣ ପରୀ ସ୍ନାନ କରିବା ପାଇଁ ଆସୁଥିଲେ। ସେମାନେ ସ୍ନାନ କରିବା ସମୟରେ କୋଳାହଳ କରୁଥିବାରୁ ସନ୍ଥ ଦ୍ୱାରକା ଦାସଙ୍କ ତପସ୍ୟାରେ ବିଘ୍ନ ଘଟୁଥିଲା। କୋଳାହଳ ନ କରିବା ପାଇଁ ସନ୍ଥ ପରୀମାନଙ୍କୁ ଅନେକ ଥର ଅନୁରୋଧ କଲେ ମଧ୍ୟ ସେମାନେ ସନ୍ଥଙ୍କ କଥାକୁ ଭ୍ରୂକ୍ଷେପ କଲେ ନାହିଁ। ଏକଦା ସନ୍ଥ ଦ୍ୱାରକା ଦାସ ଅତିଷ୍ଠ ହୋଇ ପରୀମାନଙ୍କୁ ଉଚିତ ଦଣ୍ଡ ଦେବାକୁ ମନସ୍ଥ କଲେ। ପରୀମାନେ ସ୍ନାନ କରୁଥିବା ସମୟରେ ସନ୍ଥ ସେମାନଙ୍କର ବସ୍ତ୍ର ଲୁଚାଇ ଦେଲେ । ସ୍ନାନ ସାରି ପରୀମାନେ ଆସିବା ପରେ ବସ୍ତ୍ର ନ ପାଇ ବିଚଳିତ ହେଲେ ଏବଂ ବସ୍ତ୍ର ଫେରାଇ ଦେବା ପାଇଁ ପରୀମାନେ ସନ୍ଥଙ୍କୁ ଅନୁରୋଧ କଲେ । କିନ୍ତୁ ସନ୍ଥ ସେମାନଙ୍କର ବସ୍ତ୍ର ଫେରାଇଲେ ନାହିଁ ଏବଂ ଅଭିଶାପ ଦେଲେ ଯେ, ସେମାନେ ଏହି ଜଳାଶୟ ନିକଟରେ ଅନନ୍ତ ସମୟ ପାଇଁ ରହି ଭକ୍ତମାନଙ୍କର ମନୋକାମନା ପୂରଣ କରିବେ। ତେଣୁ ପରୀମାନେ ଇନ୍ଦ୍ରଲୋକକୁ ଫେରି ନପାରି ସେବେଠାରୁ ଏଠାରେ ମହାମାୟା ଭାବେ ପୂଜା ପାଇ ଆସୁଛନ୍ତି । ନବରାତ୍ରି ଏବଂ ବୈଶାଖ ଓ ଭାଦ୍ରବ ମାସରେ ୧୫ ଦିନ ଏଠାରେ ବଡ଼ ମେଳାର ଆୟୋଜନ ହୋଇଥାଏ ।

ଏଥିରୁ ପ୍ରମାଣିତ ହେଉଛି ଯେ, ଚିକିତ୍ସା ବିଜ୍ଞାନ ଯେତେ ଅଗ୍ରଗତି କଲେ ମଧ୍ୟ ଭାରତରେ ଜନସାଧାରଣ ଏ ପର୍ଯ୍ୟନ୍ତ ସ୍ୱାସ୍ଥ୍ୟ ଚିକିତ୍ସା ପାଇଁ ଧର୍ମବିଶ୍ୱାସ ଓ ଈଶ୍ୱରଙ୍କ ଉପରୁ ଆସ୍ଥା ହରାଇନାହାନ୍ତି । ଭାରତୀୟ ସଂସ୍କୃତିର ଏହା ହିଁ ବୈଶିଷ୍ଟ୍ୟ ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ରାହୁଲ ଗାନ୍ଧୀଙ୍କୁ 'ଦେଶଦ୍ରୋହୀ' ମନ୍ତବ୍ୟର ପ୍ରତିବାଦ

# ସାଂସଦ ସମ୍ବିତ ପାତ୍ରଙ୍କ ବିରୋଧରେ ଏତଲା

### ଗିରଫ ଦାବି କଲେ ନିଶିକାନ୍ତ

ପିପିଲି, ୫।୬(ସମିସ): ଭାରତୀୟ ଜନତା ପାର୍ଟିର ପୁରୀ ସାଂସଦ ସମ୍ବିତ୍ ପାତ୍ରଙ୍କ ବିରୋଧରେ ଗୁରୁବାର ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ମୁଖପାତ୍ର ତଥା ଓଡ଼ିଶା ହାଇକୋର୍ଟର ଆଇନଜୀବୀ ନିଶିକାନ୍ତ ମିଶ୍ର ପିପିଲି ଥାନାରେ ଏତଲା ଦେଇଛନ୍ତି। ଗତ ୪ ତାରିଖରେ ଦାଣ୍ଡମୁକୁନ୍ଦପୁରରେ ହୋଇଥିବା ଏକ ସଭାରେ ସାଂସଦ ଶ୍ରୀ ପାତ୍ର ଭାଷଣରେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଓ ତାଙ୍କ ପରିବାର ସଦସ୍ୟଙ୍କୁ 'ଦେଶଦ୍ରୋହୀ' ଏବଂ ସେମାନେ ପାକିସ୍ତାନ ଓ ଚୀନ୍‌ଠାରୁ ଅର୍ଥ ପାଇ ଦେଶରେ ଅସ୍ଥିରତା ସୃଷ୍ଟି କରୁଛନ୍ତି ବୋଲି କହିଥିଲେ। ଏହି ମନ୍ତବ୍ୟ ପାଇଁ ତାଙ୍କୁ ଗିରଫ କରାଯାଉ ବୋଲି ଶ୍ରୀ ମିଶ୍ର ଦାବି କରିଛନ୍ତି।

ଶ୍ରୀ ମିଶ୍ର କହିଛନ୍ତି ଯେ ଶ୍ରୀ ପାତ୍ରଙ୍କ ଏହି ମନଗଢ଼ା ଓ ଦେଶବିରୋଧୀ ଉକ୍ତି କେବଳ ବ୍ୟକ୍ତିଗତ ଆକ୍ଷେପ ନୁହେଁ, ବରଂ ଏହା ଦେଶର ସାର୍ବଭୌମତ୍ୱ, ଏକତା ଓ ଶାନ୍ତି ଭଙ୍ଗ କରିବ। ଏହି ଭିଡିଓ କ୍ଲିପ୍ ଓ ଭାଷଣ ଏବେ ବିଭିନ୍ନ ମିଡିଆ ଓ ସୋସିଆଲ୍ ମିଡିଆରେ ଭାଇରାଲ୍ ହେଉଛି। ଭାରତୀୟ ନ୍ୟାୟ ସଂହିତା-୨୦୨୩ ଅନୁଯାୟୀ ଧାରା ୧୫୨(ଭାରତର ସାର୍ବଭୌମତ୍ୱ ଓ ଏକତା ପ୍ରତି ବିପଦ ସୃଷ୍ଟି କରିବା), ୧୯୬(ବିଭିନ୍ନ ଗୋଷ୍ଠୀ ମଧ୍ୟରେ ଶତ୍ରୁତା ସୃଷ୍ଟି କରିବା), ୧୯୭(ଜାତୀୟ ଏକତା ପ୍ରତି ବିପଦ ସୃଷ୍ଟି କରିବା), ୩୫୩ (ଜନସାଧାରଣଙ୍କୁ ଅପରାଧ ନିମନ୍ତେ ଉସକାଇବା), ୩୫୬ (ମାନହାନି) ଏବଂ ଇଣ୍ଟରନେଟ୍ ମାଧ୍ୟମରେ ପ୍ରଚାରପ୍ରସାର ହୋଇଥିବାରୁ ସୂଚନା ପ୍ରଯୁକ୍ତି ଆଇନ ୨୦୦୦ ଅନୁଯାୟୀ ଧାରା ୬୬ ଏଫ୍ ଓ ୬୭ ଅନୁଯାୟୀ ତାଙ୍କ ବିରୋଧରେ ମାମଲା ରୁଜୁ କରିବାକୁ ଅଭିଯୋଗ ଦିଆଯାଇଛି। ପିପିଲି ଥାନାରେ ଅଭିଯୋଗ ଦାଖଲ ବେଳେ ନିଶିକାନ୍ତଙ୍କ ସହ ବିଶ୍ୱରଞ୍ଜନ ମିଶ୍ର, ଏସ୍.କେ ମହାବୁବ୍, ନିରୁପମା ପାତ୍ର, ସଞ୍ଜୟ ଶତପଥୀ, ରଞ୍ଜିତ ମହାପାତ୍ର, ଶେଖ୍ ସବିର, ବିଭୂତି ନାୟକ, କବୁଲା ପ୍ରଧାନ, ଇମ୍‌ତିଆଜ୍ ଅଲ୍ଲୀ, ଜୟମନୁ ସାମନ୍ତରାୟ, ରମେଶ ବେହେରା, ପ୍ରଶାନ୍ତ ଜେନା, ପ୍ରସନ୍ନ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।



## ନିମାପଡ଼ାରେ ଦେଖାଇଲେ କଳାପତାକା



ନିମାପଡ଼ା, ୫।୬ (ସମିସ): ପୁରୀ ସାଂସଦ ଡ. ସମ୍ବିତ ପାତ୍ର ଗୁରୁବାର ଅପରାହ୍ଣରେ 'ଉତ୍କର୍ଷ ନିମାପଡ଼ା-୨୦୨୫' କାର୍ଯ୍ୟକ୍ରମରେ ଯୋଗଦେବାକୁ ଆସୁଥିବା ବେଳେ ଯୁବ କଂଗ୍ରେସ କର୍ମୀମାନେ କଳା ପତାକା ପ୍ରଦର୍ଶନ କରିଛନ୍ତି। ନିମାପଡ଼ା ପୁରୁଣା ବସ୍‌ଷ୍ଟାଣ୍ଡ ନିକଟରେ କିଛି ଯୁବ କଂଗ୍ରେସ କର୍ମୀ ତାଙ୍କ ଗାଡ଼ି ଆଗକୁ ଯାଇ କଳାପତାକା ଓ କଂଗ୍ରେସ ଦଳୀୟ ପତାକା ପ୍ରଦର୍ଶନ କରିବା ସହ ଗୋ-ବ୍ୟାକ୍ ସାଂସଦ ସମ୍ବିତ୍ ପାତ୍ର ନାରା ଦେଇଥିଲେ। ପିପିଲିରେ ଅନୁଷ୍ଠିତ ଏକ କାର୍ଯ୍ୟକ୍ରମରେ ସାଂସଦ ଡ. ପାତ୍ର ରାହୁଲ ଗାନ୍ଧୀଙ୍କୁ ତାଚ୍ଛଲ୍ୟ କରିବା ସହ 'ଦେଶଦ୍ରୋହୀ' କହି ଦେଇଥିବା ମନ୍ତବ୍ୟ ପ୍ରତିବାଦରେ କଂଗ୍ରେସ କର୍ମୀମାନେ ଏପରି କରିଥିବା କୁହାଯାଉଛି। ଏନେଇ ଡ. ପାତ୍ର ସଭାମଞ୍ଚ ଉପରେ କହିଛନ୍ତି ଯେ ମୁଁ ଆସିବା ସମୟରେ କିଛି ଯୁବ କଂଗ୍ରେସ କର୍ମୀ ମୋତେ କଂଗ୍ରେସ ପତାକା ଦେଖାଇଲେ। ମାତ୍ର ମୋ ପାଟି ବନ୍ଦ ହେବ ନାହିଁ। ମୁଁ ବଞ୍ଚିଥିବା ପର୍ଯ୍ୟନ୍ତ ବାରମ୍ବାର କହିବି ବୋଲି ତାଙ୍କ ବକ୍ତବ୍ୟରେ କହିଥିଲେ।

## ଭାରତୀୟ ମେଡ୍ ଟେକ୍ ଷ୍ଟାର୍ଟଅପ୍ 'ନାସଡାକ୍'ରେ ତାଲିକାଭୁକ୍ତ



ନୂଆଦିଲ୍ଲୀ,୫।୬(ଏଜେନ୍ସି): ଏସଏସଆଇ ସର୍ଜିକାଲ ରୋବୋଟିକ ସିଷ୍ଟମର ସୃଷ୍ଟିକାରୀ ଏସଏସ ଇନୋଭେସନସ୍ ଇଣ୍ଟର ନ୍ୟାସନାଲ ନ୍ୟୁୟର୍କ ସିଟିରେ ନାସଡାକ୍ ମାର୍କେଟ ସାଇଟରେ ତାଲିକାଭୁକ୍ତ ହୋଇଛି। କମ୍ପାନୀର ସେୟାରଗୁଡିକ ଟିକର ପ୍ରତୀକ 'ଏସଏସଆଇଆଇ' ଅଧୀନରେ ତାଲିକାଭୁକ୍ତ। ଏସଏସ ଇନୋଭେସନସ୍ ଇଣ୍ଟର ନ୍ୟାସନାଲର ପ୍ରତିଷ୍ଠାତା ଅଧ୍ୟକ୍ଷ ଏବଂ ସିଇଓ ଡ.ସୁଧୀର ଶ୍ରୀବାସ୍ତବଙ୍କ ନେତୃତ୍ୱରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିବାବେଳେ ତାଙ୍କ ସହିତ କମ୍ପାନୀର ପରିଚାଳନାକାରୀ ଟିମ୍ ସଦସ୍ୟବୃନ୍ଦ, ବୋର୍ଡ ଅଫ ଡାଇରେକ୍ଟର୍ସ, ମୁଖ୍ୟ ପରାମର୍ଶଦାତାଗଣ ଏବଂ ସ୍ୱତନ୍ତ୍ର ଅତିଥିବୃନ୍ଦ ସାମିଲ ହୋଇଥିଲେ। ଏହି ସଫଳତା ଭାରତ ପାଇଁ ଏକ ଗର୍ବର ମୁହୂର୍ତ୍ତ ହୋଇଛି,ଯାହା ଉନ୍ନତ ଚିକିତ୍ସା ପ୍ରଯୁକ୍ତିରେ ରାଷ୍ଟ୍ରର ବର୍ଦ୍ଧିତ ନେତୃତ୍ୱକୁ ପ୍ରତିପାଦିତ କରିବା ସହିତ ଭାରତୀୟ ଉଦ୍ଭବ ସ୍ୱାସ୍ଥ୍ୟ ପ୍ରଯତ୍ନକାରୀ ସମାଧାନଗୁଡିକ ନିମନ୍ତେ ନବସୃଜନ ଏବଂ ଆନ୍ତର୍ଜାତିକ ସ୍ୱୀକୃତିର ଏକ ନୂତନ ଯୁଗ ଅୟମାରମ୍ଭ କରିଛି।

## ସଂରକ୍ଷିତ ଜଙ୍ଗଲରୁ ହାତୀର ଗଳିତ ମୃତଦେହ ଠାବ

ବାରିପଦା, ୫।୬(ସମିସ): ବାରିପଦା ବନଖଣ୍ଡ ଅଧୀନ ମଞ୍ଚାବନ୍ଧା ସଂରକ୍ଷିତ ଜଙ୍ଗଲରୁ ଗୁରୁବାର ଏକ ଦନ୍ତା ହାତୀର ଗଳିତ ମୃତଦେହକୁ ବନବିଭାଗ ଠାବ କରିଛି। ହାତୀଟି ଏକ ଖାଲ ମଧ୍ୟରେ ପଡିଥିବାରୁ ବନବିଭାଗର କର୍ମଚାରୀମାନେ ଉଦ୍ଧାର କାର୍ଯ୍ୟ ଜାରି ରଖିଛନ୍ତି। ତେବେ ହାତୀ ମୃତ୍ୟୁର କାରଣ ଜଣାପଡି ନ ଥିବାବେଳେ ହାତୀ-ହାତୀ ମଧ୍ୟରେ ଲଢେଇ ଜନିତ ମୃତ୍ୟୁ ଘଟିଥାଇପାରେ ବୋଲି ଶିମିଳିପାଳ କ୍ଷେତ୍ର ନିର୍ଦ୍ଦେଶକ ତଥା ଆଞ୍ଚଳିକ ମୁଖ୍ୟ ବନ୍ୟପ୍ରାଣୀ ସଂରକ୍ଷକ ଡ.ପ୍ରକାଶ ଚାନ୍ଦ ଗୋଗିନେନୀ ଅନୁମାନ କରୁଛନ୍ତି। ଶବ ବ୍ୟବଚ୍ଛେଦ କରିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡିବ। ମୃତ ହାତୀର ବୟସ ୧୦ ବର୍ଷ ମଧ୍ୟରେ ହେବ।

## ଦୀପ ନିଆଁ ଲାଗି ମହିଳା ଗୁରୁତର

ଆଳି, ୫।୬(ସମିସ): ସୁଦଶା ବ୍ରତ ଅବସରରେ ଆଜି ସବୁ ମନ୍ଦିରରେ ଶ୍ରଦ୍ଧାଳୁଙ୍କ ଭିଡ଼ ହୋଇଥିବା ବେଳେ ଆଳିର ଆରାଧ୍ୟଦେବତା ପ୍ରଭୁ ଲକ୍ଷ୍ମୀବରାହ ମନ୍ଦିରରେ ଏକ ଅଘଟଣ ଘଟିଛି। ଦୀପ ନିଆଁ ଲାଗି ଜଣେ ମହିଳା ଭକ୍ତ ଗୁରୁତର ଆହତ ହୋଇଛନ୍ତି। ମହିଳାଜଣଙ୍କ ହେଲେ, ରାଜକନିକା ବ୍ଲକ ଅନ୍ତର୍ଗତ ବଳରାମପୁର ଛଦେଶ ଗ୍ରାମର ଇନ୍ଦ୍ରମଣି ନାୟକଙ୍କ ପତ୍ନୀ ସୁପ୍ରିୟା ନାୟକ। ତାଙ୍କୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ସୁପ୍ରିୟା ନିଜ ଘର ଆଳି ବ୍ଲକ ଅନ୍ତର୍ଗତ କୋଚିଲା ଗ୍ରାମକୁ ଆସିଥିଲେ। ଆଜି ସୁଦଶା ବ୍ରତ କରିଥିବାରୁ ସେ ଲକ୍ଷ୍ମୀବରାହ ମନ୍ଦିରକୁ ପୂଜା କରିବାକୁ ଆସିଥିଲେ। ସେ ଦୀପ ଲଗାଉଥିବା ସମୟରେ ଅସାବଧାନତା ଯୋଗୁଁ ତାଙ୍କ ଶାଢ଼ିରେ ନିଆଁ ଲାଗିଯାଇଥିଲା। ତାଙ୍କ ଚିତ୍କାର ଶୁଣି ସେଠାରେ ଉପସ୍ଥିତ ଦୁଇଜଣ ପୂଜକ ଶିବପ୍ରସାଦ ପଣ୍ଡା ଓ ନଟବର ଦୀକ୍ଷିତ ତାଙ୍କ ଦେହରୁ ନିଆଁ ଲିଭାଇବା ସହ ତାଙ୍କୁ ନିଜର ବସ୍ତ୍ର ଦ୍ୱାରା ଢାଙ୍କି ଦେଇଥିଲେ। ପରେ ତାଙ୍କୁ ଆଳି ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଅବସ୍ଥା ଗୁରୁତର ଥିବାରୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରଯାଇଥିବା ନେଇ ଆଳି ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ପ୍ରଣବ ଶୁକ୍ଲା ସୂଚନା ଦେଇଛନ୍ତି।

## ଶିକ୍ଷକଙ୍କୁ ଦିଆଯିବ କରୋନା ସତର୍କତା

ଭୁବନେଶ୍ୱର,୫।୬(ସମିସ): ଦେଶ ଓ ରାଜ୍ୟରେ କୋରାନା ଆକ୍ରାନ୍ତଙ୍କ ସଂଖ୍ୟା ବଢୁଥିବାବେଳେ ସ୍କୁଲ୍ ଛାତ୍ରଛାତ୍ରୀଙ୍କ ସୁରକ୍ଷାକୁ ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ପ୍ରତିକ୍ରିୟା ରଖିଛନ୍ତି। ଖରାଛୁଟି ପରେ ବିଦ୍ୟାଳୟ ଖୋଲିଲେ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ କୋଭିଡ୍ ନେଇ ସତର୍କ କରାଯିବ। କାହାକୁ ଥଣ୍ଡା ହେଲେ ମାସ୍କ ପିନ୍ଧି ବିଦ୍ୟାଳୟକୁ ଆସିବେ। ଅଧିକ ସ୍ୱାସ୍ଥ୍ୟ ଖରାପ ହେଲେ ସ୍କୁଲ୍ ନ ଆସି ଘରେ ରହିବେ ଛାତ୍ରଛାତ୍ରୀ। ଆଗାମୀ ଦିନରେ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ)ଙ୍କୁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯିବ। ସ୍ୱାସ୍ଥ୍ୟ ବିଭାଗର ମାର୍ଗଦର୍ଶିକା ଅନୁଯାୟୀ ପଦକ୍ଷେପ ନିଆଯିବ ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି।

## ଆଜି ରାଜ୍ୟ କ୍ୟାବିନେଟ

ଭୁବନେଶ୍ୱର,୫।୬(ସମିସ): ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ କ୍ୟାବିନେଟର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଆସନ୍ତାକାଲି ଅପରାହ୍ନ ୪ଟା ସମୟରେ ଲୋକସେବା ଭବନରେ ବୈଠକ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି। ଆସନ୍ତା ୧୨ ତାରିଖରେ ରାଜ୍ୟ ବିଜେପି ସରକାରକୁ ଶାସନ ଭାର ସମ୍ଭାଳିବାର ପ୍ରଥମ ବର୍ଷ ପୂରଣ ହେଉଛି। ତେଣୁ ବର୍ଷ ପୂର୍ତ୍ତିକୁ ଦୃଷ୍ଟିରେ ରଖି ଆସନ୍ତାକାଲି ସରକାର କିଛି ବଡ଼ ଘୋଷଣା କରିବାର ସମ୍ଭାବନା ରହିଛି।

## ଭଦ୍ରକ ଏସ୍‌ପି ହେଲେ ମନୋଜ ରାଉତ

ଭୁବନେଶ୍ୱର,୫।୬(ସମିସ): ଭଦ୍ରକର ନୂଆ ଏସ୍‌ପି ହେଲେ ମନୋଜ କୁମାର ରାଉତ। ସେ କେଉଁଝରର ଜିଲ୍ଲାରେ ଅତିରିକ୍ତ ଏସ୍‌ପି କାର୍ଯ୍ୟ କରୁଥିଲେ। ସେହିଭଳି ଭଦ୍ରକ ଏସ୍‌ପି ଥିବା ୨୦୧୨ ବ୍ୟାଚ୍‌ର ଆଇପିଏସ୍ ମଡ଼କର ସନ୍ଦୀପ ସମ୍ପଦଙ୍କୁ ନବରଙ୍ଗପୁର ଜିଲ୍ଲାର ଏସ୍‌ପି ଭାବେ ବଦଳି କରାଯାଇଛି। ଏନେଇ ଗୃହ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଇ କରାଯାଇଛି।


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
**GADHWAL GROUP**
**Mob.: 9437015112**



**ପୂର୍ବ ତଟ ରେଳପଥ**

ସାମଗ୍ରୀଗୁଡ଼ିକର ଯୋଗାଣ

ନିମ୍ନଲିଖିତ ଟେଣ୍ଡର ୱେବ୍‌ସାଇଟ : www.ireps.gov.in ରେ ଅପ୍‌ଲୋଡ କରାଯାଇଛି।

ଟେଣ୍ଡର ବିଜ୍ଞପ୍ତି ସଂ. Sr.DMM/KUR/EP/2025-26/02, ତା.04.06.2025 ରିଖ

କ୍ରମ ସଂ.01: ଟେଣ୍ଡର ସଂ. 81255611, ସାମଗ୍ରୀଗୁଡ଼ିକର ସଂକ୍ଷିପ୍ତ ବିବରଣୀ: 60 କି.ଗ୍ରା. ରେଲ୍ ଇତ୍ୟାଦି ନିମନ୍ତେ ଜଗଲ୍ଡ (Joggled) ଫିସ୍ ପ୍ଲେଟ୍ ର ନିର୍ମାଣ ଏବଂ ଯୋଗାଣ, ପରିମାଣ: 1781 ସେଟ୍।

ବନ୍ଦ ହେବା ତାରିଖ ଓ ସମୟ: ତା.23.06.2025 ରିଖ 1500 ଘଣ୍ଟିକା।

ବରିଷ୍ଠ ମଣ୍ଡଳ ସାମଗ୍ରୀ ପ୍ରବନ୍ଧକ, ଖୋର୍ଦ୍ଧା ରୋଡ୍
PR-208/Q/25-26



**AFFIDAVIT**

By virtue of an Affidavit before Executive Magistrate, Bhubaneswar, CF No.-95/ Date 05.06.2025, that I D. Soumya Priyadarshini, D/o- Sramika Digal permanent resident of Pipudidei, Po.- Kainjhar, Ps.- Tikabali, Kandhamala, Odisha, PIN- 760219 state that my former name was D. Soumya Prayadarshini which has been corrected to **D. Soumya Priyadarshini**. So **D. Soumya Prayadarshini** and **D. Soumya Priyadarshini** is one and same person. Henceforth I will be known as D. Soumya Priyadarshini for all future purposes.



**AFFIDAVIT**

I, **Kalpana Mohapatra**, W/o- Girish Mohapatra, resident of Plot no 223, Near Empires Hotel, Sahid Nagar, Po/Ps- Sahid Nagar , Dist- Khordha , Pin-751007 Odisha declare by this affidavit No. 93 dtd-11/02/2025 that now onwards I shall be known as **Kalpana Rath** for all future purposes.



**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, CF No. 56, dated: 22/05/2025, I, **NIBASHI MAJHI,** W/o- Purusattam Majhi, resident of At/Po- Ghatikia, Ps- Bharatpur, Bhubaneswar, Pin-751003, Dist-Khordha, Odisha declare that I have changed my name from **Nibasatam Majhi** (Old Name) to **NIBASHI MAJHI** (New Name). Henceforth, I shall be known as **NIBASHI MAJHI** for all purposes.

**NIBASHI MAJHI**



**AFFIDAVIT**

By virtue of an affidavit, I **Pranati Das,** aged 56 yeards, W/o- Prasanna Kumar Das, resident of Vill/Po- Dainlo, Ps- Krushnaanandpur, Dist- Jagatsinghpur, Odisha declared that my actual / real name is **Pranati Das** which has recorded in my voter id bearing No- TL00361329 but in my Aadhar Card bearing No- 3383 2016 6094 my name has been wrongly mentioned as **Panati Das**. Henceforth, both the names **Pranati Das** and **Panati das** is one and same person for all purposes.

**PRANATI DAS**



**AFFIDAVIT**

By virtue of an Affidavit sworn before the Executive Magistrate, Derabish, Kendrapara on dated 02.06.25 I Anwar Alli Khan, S/o- Asgar Alli Khan, Resident of Vill- Mantripada, Po-Fakirabad, PS- Derabish, Dist- Kendrapara, Odisha-754250, declare that my name has been wrongly mentioned in my Postal Term Depost Account Passbook Anuar Ali Khan Insted of Anwar Alli Khan. Henceforth I shall be know as Anwar Alli Khan for all future purpose.

Sd/- Anwar Alli Khan



**AFFIDAVIT**

By virtue of an affidavit sworn before The Executive Magistrate, Titilagarh, dated- 20/03/2025. I, **Rabin Majhi,** aged about 43 years, Son of Chintamani Majhi, resident of At- Sargiguda, Kandh pada, P.O./P.S. Titilagarh, Dist. Bolangir, (Odisha) declare that, now I have changed my name from **Robin Majhi To Rabin Majhi.** Henceforth, I shall be known as **Rabin Majhi** for all purposes.

**RABIN MAJHI**



**AFFIDAVIT**

I, Mahindra Mohan Sahoo, S/o- Late Harihar Sahoo, resident of Plot No. 219/2572, Gobinda Prasad, Near Baishnab Vihar Apartment, Bomikhal, PO- Rasulgarh, Bhubaneswar, PIN- 751010, Odisha declared by this affidavit No. 8941, dtd- 02/06/2025 that now onwards I shall be known as **MAHINDRA MOHAN SAHU** for all future purposes.



**AFFIDAVIT**

I **Mahitosh Kumar Deo,** S/o- Balaram Singh, resident of Plot No-325, Tower - 7, Royal Lagoon, Nandankanan Road, Near Lalchand Jewellers , Raghunathpur, Bhubaneswar, Pin- 751024, Odisha declare by this Affidavit number CF No - 1136, Dtd. 03/06/2025 I have changed my son's name from **Harshvardhan Dev to Harshvardhan Deo** for all future purposes.


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ପାକିସ୍ତାନର ଗୁଇନ୍ଦା...

କରିବାରେ ସହାୟତା କରିଛନ୍ତି। ତାଙ୍କର ପ୍ରଭାବ ଦିଲ୍ଲୀରେ ଥିବା ପାକିସ୍ତାନୀ ହାଇକମିସନରେ ମଧ୍ୟ ରହିଛି। ସେ ନିୟମିତ ଭାବେ ପ୍ରଥମ ସଚିବ(ଭିସା) ସୁହେଲ କମର ଓ କାଉନସେଲର (ବାଣିଜ୍ୟ) ଉମର ସୋାହେରୟାରଙ୍କ ସହ ଯୋଗାଯୋଗ କରୁଥିଲେ। ସେ ଯାହାକୁ ପାକିସ୍ତାନ ଆସିବା ଦରକାର ବୋଲି ଅନୁଭବ କରୁଥିଲେ, କେବଳ ଗୋଟିଏ ଫୋନ କଲେ ସେମାନଙ୍କୁ ଭିସା ତୁରନ୍ତ ମିଳିଯାଉଥିଲା। ନୂଆଦିଲ୍ଲୀରେ ପାକିସ୍ତାନ ହାଇକମିସନରେ କାମ କରୁଥିବା ଆଇଏସ୍‌ଆଇ ଏଜେଣ୍ଟ ଦାନିଶ ଓରଫ ଏହସାନୁର ରାାହେମାନଙ୍କ ସହ ସେହଜାଦଙ୍କର ଭଲ ସମ୍ପର୍କ ଥିଲା। ଦାନିଶ ପାକିସ୍ତାନ ଦୂତାବାସରେ ଭିସା ଅଫିସର ଭାବେ କାମ କରୁଥିଲେ। ଭାରତୀୟ ୟୁଟ୍ୟୁବର ଜ୍ୟୋତି ମାଲହୋତ୍ରାଙ୍କ ସହିତ ଦାନିସଙ୍କର ଭଲ ସଂପର୍କ ଥିଲା। ଅପରସନ ସିନ୍ଦୂର ବେଳେ ଦାନିସଙ୍କୁ ଭାରତ ସରକାର ଅବାଞ୍ଛିତ ବ୍ୟକ୍ତି ଘୋଷଣା କରି ବହିଷ୍କାର କରିଥିଲେ।

ଆହୁରି ଜଣାପଡ଼ିଛି ଯେ ପାକିସ୍ତାନ ଯିବା ଲାଗି ପର୍ଯ୍ୟଟନ ଭିସାର କୌଣସି ବ୍ୟବସ୍ଥା ନଥିବା ବେଳେ ସେହଜାଦଙ୍କ ଇସାରାରେ ପାକିସ୍ତାନ ହାଇକମିସନ ଭାରତୀୟ ନାଗରିକଙ୍କୁ ପର୍ଯ୍ୟଟକ ଭିସା ଯୋଗାଉଥିଲା। ଏହି ଗସ୍ତର ପ୍ରାୟୋଜନ କରୁଥିଲେ ମ୍ୟାଡମ୍ ସେହଜାଦ।

### ବର୍ଷକରେ ବିକାଶ..

ଆନ୍ତରିକତାକୁ ନେଇ ମଧ୍ୟ ସନ୍ଦେହ ସୃଷ୍ଟି ହୋଇଛି । ସ୍ଥାନୀୟ ଅଞ୍ଚଳର ବିକାଶ, ପଞ୍ଚାୟତସ୍ତରରେ ଆବଶ୍ୟକତା ଅନୁସାରେ କାର୍ଯ୍ୟ ପାଇଁ ପୂର୍ବ ସରକାର ଯେଉଁ ପଦକ୍ଷେପ ନେଇଥିଲେ, ତାହାକୁ ବନ୍ଦ କରି ଶାସକ ବିଜେପି ରାଜନୈତିକ ଦୃଷ୍ଟିରୁ ଲାଭବାନ ହୋଇଥିବା ମନେ କରୁଥିଲେ ହେଁ, ଏହା ରାଜ୍ୟର ଗ୍ରାମାଞ୍ଚଳରେ ରହୁଥିବା ସାଢ଼େ ୩ କୋଟି ଲୋକଙ୍କ ପାଇଁ କ୍ଷତିକାରକ ସାବ୍ୟସ୍ତ ହୋଇଛି । ଗତ ମାର୍ଚ୍ଚ ମାସରେ ବିଧାନସଭାରେ ସରକାରଙ୍କ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁଯାୟୀ ରାଜ୍ୟର ୫,୧୯୭ଟି ଗାଁ ଓ ପଡ଼ାକୁ ସବୁଦିନିଆ ରାସ୍ତା ନ ଥିବା ସୂଚନା ଦିଆଯାଇଥିଲା। ୨୦୨୪-୨୫ ମସିହାରେ ଗ୍ରାମ ପଞ୍ଚାୟତ ଓ ପଞ୍ଚାୟତ ସମିତି ଦ୍ୱାରା କରାଯାଇଥିବା ଏକ ସର୍ଭେ ମାଧ୍ୟମରେ ଏହି ଗାଁ ଓ ପଡ଼ାଗୁଡ଼ିକୁ ଚିହ୍ନଟ କରାଯାଇ ରାସ୍ତା ନିର୍ମାଣ କରାଯିବ ବୋଲି କୁହାଗଲା। ମାତ୍ର ସରକାରଙ୍କ ଏହି ଘୋଷଣା କେବଳ ଗଣମାଧ୍ୟମର ଶୀର୍ଷକ ମଧ୍ୟରେ ଅଟକି ଗଲା ଓ ବିକଶିତ ଗାଁ, ବିକଶିତ ଓଡ଼ିଶା କେବଳ ଏକ ଶ୍ରୁତମଧୁର ସ୍ଲୋଗାନ ହୋଇ ରହିଗଲା ।

### ଓଡ଼ିଶାରେ 'ପିସି'...

ଏପରି ସମୟରେ ପିସି କାରବାର ଅଭିଯୋଗ ରାଜ୍ୟ ସରକାରଙ୍କ ଛବିକୁ ମଳିନ କରିଛି। ବିଶେଷକରି ବିଜେପି ବିଧାୟକମାନେ ଜିତିଥିବା ଅଞ୍ଚଳକୁ ଦିଆଯାଇଥିବା ଅନୁଦାନରେ ପିସି କାରବାର ସୀମା ଟପିଥିବା ବି ଅଭିଯୋଗ ଶୁଣିବାକୁ ମିଳୁଛି।

ଦିନକ ତଳେ ବିଜେପିର ଅନ୍ୟତମ ବରିଷ୍ଠ ନେତା ତଥା ଦଳର ମୁଖପାତ୍ର ସମୀର ଦାଶ ଏଭଳି ପ୍ରସଙ୍ଗ ଲୋକଲୋଚନକୁ ଆଣିବା ସହ ସରକାରୀସ୍ତରରେ ଚାଲିଥିବା ପିସି ବ୍ୟବସ୍ଥାର ମୁଖା ଖୋଲିଛନ୍ତି। ବିଭିନ୍ନ ଗଣମାଧ୍ୟମ ସହ ଆଲୋଚନା ବେଳେ ସେ କହିଛନ୍ତି ଯେ ନୂଆ ସରକାରକୁ ବର୍ଷେ ବିତିଲାଣି। ହେଲେ ମାଟି ମୁଠାଏ ପଡ଼ି ନାହିଁ। ଯାହା ବି ହୋଇଛି ତାହା ତାଙ୍କ ସମୟର ଅନୁଦାନ ତଥା ଅର୍ଥାତ୍ ପୂର୍ବ ସରକାରର ଅର୍ଥରେ ହୋଇଛି। ବର୍ତ୍ତମାନ ଯେଉଁ କାମର ଶୁଭ ଦିଆଯାଇଛି ସେ ଟଙ୍କା ୨୦୨୨-୨୩ ଓ ୨୦୨୩-୨୪ରେ ମଞ୍ଜୁର ହୋଇଥିଲା। ନୂଆ ଯୋଜନା କି କାମ କିଛି ବି ମଞ୍ଜୁର ହୋଇନି। ୧୫ ବର୍ଷ ଭିତରେ ଏମ୍‌ଏଲ୍‌ଏ ଏବଂ ଏମ୍‌ପି ଲ୍ୟାଡ୍‌ରେ ପିସି କାରବାର ନ ଥିଲା। ମୁଖ୍ୟମନ୍ତ୍ରୀଙ୍କ ପାଣ୍ଠି ଓ ଅନ୍ୟ ଉନ୍ନୟନମୂଳକ କାମରେ ପିସିର ନାଁ ଗନ୍ଧ ନ ଥିଲା। ଅଫିସରମାନେ ପିସି ମାଗିବାକୁ ସାହସ କରୁ ନ ଥିଲେ। ମାତ୍ର ଏବେ ବର୍ଷକ ଭିତରେ ବିନା ପିସିରେ ଏମ୍‌ଏଲ୍‌ଏ ହାତପାଣ୍ଠି ଅନୁଦାନରେ ହେଉଥିବା କାମରେ ବିଲ୍ ହେଉନି ବୋଲି ସମୀର ଖୋଲାଖୋଲି କହୁଛନ୍ତି।

ବିଜେପିର ରାଜ୍ୟ ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ରଞ୍ଜନ ଦାଶଙ୍କ ଏପରି ମନ୍ତବ୍ୟ ରାଜ୍ୟରେ ଚାଲିଥିବା 'ପିସି' କାରବାରର ଗୁମର ଖୋଲି ଦେଇଛି। ନିମାପଡ଼ା ବିଧାୟିକା ତଥା ଉପମୁଖ୍ୟମନ୍ତ୍ରୀଙ୍କ ନିର୍ବାଚନମଣ୍ଡଳୀରେ ଯଦି ବିନା ପିସିରେ କାମ ହେଉନି, ତେବେ ରାଜ୍ୟର ଅନ୍ୟ ନିର୍ବାଚନମଣ୍ଡଳୀରେ ସ୍ଥିତି କ'ଣ ଥିବ ତାକୁ ନେଇ ଏବେ ପ୍ରଶ୍ନ ଉଠିଛି। ଓଡ଼ିଶାରେ ଓଡ଼ିଆ ଲୋକଙ୍କର ଏକ ଦୁର୍ନୀତିମୁକ୍ତ ସରକାର ଗଠନ ହେବ ବୋଲି ବିଜେପି ଘୋଷଣା ଦେଇଥିଲା। ମାତ୍ର ଏବେ ରାଜ୍ୟରେ ଡ଼ବଲ ଇଞ୍ଜିନ୍ ସରକାରରେ ଡ଼ବଲ ଦୁର୍ନୀତି ଓ ରାଜ୍ୟରେ ୩୦% ପିସି ସରକାର ଚାଲିଥିବା ନେଇ କଂଗ୍ରେସର ଅଭିଯୋଗ ଯେ ସତ୍ୟ ତାହା ପ୍ରମାଣିତ ହୋଇଛି ।

### ଆଜିଠୁ ବଢ଼ିବ...

ଗୁଳୁଗୁଳି ଅନୁଭୂତ ହେବ ଓ ଅପରାହ୍ଣରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବ। ଏନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି ଯେ ୯ ତାରିଖ ଯାଏଁ ଅସହ୍ୟ ଗରମ ଓ ଗୁଳୁଗୁଳି ଅନୁଭବ ହେବ। ବିଶେଷ କରି ଉପକୂଳବର୍ତ୍ତୀ ଜିଲ୍ଲାମାନଙ୍କରେ ଏହାର ପ୍ରଭାବ ଅଧିକ ରହିବ। ତେଣୁ ଗଞ୍ଜାମ ଗଜପତି, ଖୋର୍ଦ୍ଧା ନୟାଗଡ, ପୁରୀ, ଜଗତସିଂହପୁର, କଟକ, କେନ୍ଦ୍ରାପଡ଼ା, ବାଲେଶ୍ୱର ଆଦି ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି।

### ମୁଖ୍ୟମନ୍ତ୍ରୀଙ୍କ ଅଫିସ୍...

ରୋକିବାକୁ ହେଲେ ଦୁଇ ଲକ୍ଷ ଟଙ୍କା ଦେବାକୁ ପଡ଼ିବ ବୋଲି କହିଥିଲା। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଫୋନ୍ ଆସିଥିବାରୁ ପ୍ରତାପ ଭୟରେ ତାଙ୍କ କଥାରେ ରାଜି ହୋଇଥିଲେ । ସମ୍ପୃକ୍ତ ବ୍ୟକ୍ତିଙ୍କ ଭିମଟାଙ୍ଗୀ ସ୍ଥିତ ଘରକୁ ଆସି ୨ ଲକ୍ଷ ଟଙ୍କା ଦେଇଥିଲେ। ଏହାପରେ ମଧ୍ୟ ଜାନକୀର ଆତଙ୍କ ଥମି ନଥିଲା। ସେ ପୁଣିଥରେ ଫୋନ୍ କରି ଆହୁରି ୫ ଲକ୍ଷ ଟଙ୍କା ମାଗିଥିଲା। ପ୍ରତାପର ଅରାଜି ହେବାରୁ ଜାନକୀ ଗାଳିଗୁଲଜ କରିବା ସହିତ ଜୀବନରେ ମାରିଦେବାକୁ ଧମକ ଦେଇଥିଲା। ଶେଷରେ ପ୍ରତାପ କୌଣସି ଉପାୟ ନପାଇ ଏୟାରଫିଲ୍ଡ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ମଧ୍ୟ ତାଙ୍କ ଅଭିଯୋଗ ଆଧାରରେ ଏକ ମାମଲା ରୁଜୁ କରି ତଦନ୍ତ କରୁଛି।

### ଏନ୍‌କାଉଣ୍ଟର୍‌ରେ କୁଖ୍ୟାତ...

ଜାତୀୟ ଉଦ୍ୟାନରେ ମାଓ ଦମନ ପାଇଁ ଡିଆର୍‌ଜି ଏବଂ ଏସ୍‌ଟିଏଫ୍ ଯବାନମାନଙ୍କ ପକ୍ଷରୁ ମିଳିତ କମ୍ବିଂ ଅପରେସନ୍ କରାଯାଇଥିଲା। ଏହି ସମୟରେ ଯବାନ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ଏଥିରେ ବହୁ ମାଓବାଦୀଙ୍କ ମୃତ୍ୟୁ ହୋଇଥିବା ବେଳେ ସେଥିରେ ମାଓନେତା ସୁଧାକର ଥିବା ଜଣାଯାଇଛି। ତେବେ, ଶେଷ ଖବର ଲେଖା ହେବା ସୁଦ୍ଧା ସୁରକ୍ଷାବାହିନୀ ଏବଂ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ଜାରି ରହିଛି। କିନ୍ତୁ, ବର୍ତ୍ତମାନ ସୁଦ୍ଧା ପୁଲିସ୍ ପକ୍ଷରୁ ଏନେଇ କୌଣସି ସୂଚନା ପ୍ରଦାନ କରାଯାଇନାହିଁ। ସୁଧାକରଙ୍କ ମୃତ୍ୟୁ ମାଓଗଡ଼ ପାଇଁ ଏକ ଶକ୍ତ ଧକ୍କା ବୋଲି କୁହାଯାଉଛି। ଉଲ୍ଲେଖଯୋଗ୍ୟ, ଗତ ମେ' ୨୧ତାରିଖରେ କେନ୍ଦ୍ରୀୟ କମିଟି ସଦସ୍ୟ ବାସବରାଜୁର ଏନକାଉଣ୍ଟରରେ ମୃତ୍ୟୁ ହୋଇଥିଲା।

## ଆଜିର ରାଶିଫଳ

**ମେଷ:** ଅଟକି ଥିବା କାର୍ଯ୍ୟ ପୂରଣ କରିବେ। ଆପଣଙ୍କ ପାଇଁ ସମୟ ବହୁତ ଭଲ। ନୂତନ ବନ୍ଧୁଙ୍କ ସହ ସାକ୍ଷାତ ହେବ। ପତି-ପତ୍ନୀଙ୍କ ମଧ୍ୟରେ ସୁସମ୍ପର୍କ ରହିବ। ଧନ ପ୍ରାପ୍ତି ହୋଇପାରେ। ଦାନଧର୍ମରେ ସମୟ ଅତିବାହିତ ହେବ।

**ବୃଷ:** ନୂତନ ବ୍ୟବସାୟରେ ନିବେଶ କରିବାକୁ ଅନୁକୂଳ ସମୟ। ଧାର୍ମିକ କାର୍ଯ୍ୟରେ ସମୟ ବିତାଇବେ। ମହିଳାମାନେ ସନ୍ତାନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି। ଉଧାର ଟଙ୍କା ଫେରି ପାଇବେ।

**ମିଥୁନ:** କାର୍ଯ୍ୟକ୍ଷେତ୍ରରେ ପ୍ରଶଂସିତ ହେବେ। ଆର୍ଥିକ ସମସ୍ୟା ରହିପାରେ। କଥା କହିବା ସମୟରେ ସଂଯମତା ରକ୍ଷା କରନ୍ତୁ। ବିଦ୍ୟାର୍ଥୀମାନେ ପ୍ରତିଯୋଗିତାମୂଳକ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ।

**କର୍କଟ:** ସାହିତ୍ୟ ସମାବେଶରେ ପ୍ରଶଂସିତ ହୋଇପାରନ୍ତି। ସମୟର ସଦୁପଯୋଗ କରନ୍ତୁ। ମାତାପିତାଙ୍କ କଥାକୁ ପାଳନ କରନ୍ତୁ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ମନ ଉଣା ରହିବ।

**ସିଂହ:** ଆୟ ଅନୁସାରେ ବ୍ୟୟ ହେବ। ଅକସ୍ମାତ୍ ଧନ ଲାଭ ଯୋଗ ରହିଛି। ନିର୍ଦ୍ଧାରିତ ଯୋଜନା ମୁତାବକ କାମ ହେବ। ବିଦ୍ୟାର୍ଥୀମାନେ ପଢ଼ାମନସ୍କ ହେବେ। ଜୀବନସାଥୀଙ୍କଠାରୁ ମୂଲ୍ୟବାନ ଉପହାର ପାଇପାରନ୍ତି।

**କନ୍ୟା:** କାର୍ଯ୍ୟକ୍ଷେତ୍ରରେ ନିଜ ଟାର୍ଗେଟ୍‌କୁ ପୂରା କରନ୍ତୁ। ନୂତନ ଯାନବାହନ କ୍ରୟ କରିପାରନ୍ତି। ଅଯଥାରେ କାହା ସହିତ ଯୁକ୍ତିତର୍କ କରନ୍ତୁନି। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ।

**ତୁଳା:** ଆଜିର ଦିନଟି ଆପଣଙ୍କ ପାଇଁ ବହୁତ ଭଲ। ଉତ୍ତମ ବୁଦ୍ଧିରେ କାର୍ଯ୍ୟ ପୂରା କରିବେ। ନିଜ ବ୍ୟକ୍ତିଗତ ମାମଲା ବିଷୟରେ ପରିବାର ଲୋକଙ୍କ ସହ ଆଲୋଚନା କରନ୍ତୁ। ପ୍ରତିକୂଳ ପରିସ୍ଥିତିରେ ଭାଙ୍ଗି ପଡ଼ନ୍ତୁନି।

**ବିଛା:** ଅଟକି ଥିବା ଦିଗରୁ ଧନ ମିଳିପାରେ। ଆୟ ଅନୁସାରେ ବ୍ୟୟ ଅଧିକ ହେବ। ପରିବାରର ଚାପ ଆପଣଙ୍କ ଉପରେ ଅଧିକ ରହିବ। ପିଲାମାନେ ଖେଳକୁଦରେ ସମୟ ବିତାଇବେ। ମହିଳାମାନଙ୍କୁ ମୁଖ୍ୟ ଦାୟିତ୍ୱ ମିଳିବ।

**ଧନୁ:** ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ କଠିନ ପରିଶ୍ରମ କରିବେ। ଆଜି ଭାଗ୍ୟ ଆପଣଙ୍କ ସାଥି ଦେବ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଅଭିଭାବକ ଚିନ୍ତାରେ ରହିବେ। ଦୂରସ୍ଥାନ ଯାତ୍ରା କରିପାରନ୍ତି।

**ମକର:** ସରକାରୀ ଚାକିରିଆଙ୍କ ପାଇଁ ଆଜିର ଦିନଟି ବହୁତ ଭଲ। ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ା ପ୍ରତି ଅଧିକ ଧ୍ୟାନ ଦେବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଅତିଥି ସତ୍କାର କରିବେ।

**କୁମ୍ଭ:** ଅଚାନକ ଆପଣଙ୍କ ମନ ଭିତରେ ପରିବର୍ତ୍ତନ ଆସିବ। ଆର୍ଥିକ ସମସ୍ୟା ରହିବନି। ଅନ୍ୟକୁ ଉଧାର ଦେଇ ଠକି ପାରନ୍ତି। ଆୟ ଅନୁସାରେ ଅଧିକ ବ୍ୟୟ ହେବ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମୀନ:** ପାରିବାରିକ ମତଭେଦ ଦେଖା ଦେଇପାରେ । ଅନ୍ୟକୁ ଅଧିକ ବିଶ୍ୱାସ କରନ୍ତୁ ନାହିଁ। ମହିଳାମାନେ ଅଯଥା ଖର୍ଚ୍ଚ କରିବେ। କ୍ୟାରିୟରରେ ଉନ୍ନତି ହେବ। ପଡ଼ୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ।


O-233 | Email:- rw_dharmagarh@yahoo.com

GOVERNMENT OF ODISHA
OFFICE OF THE SUPERINTENDINGENGINEER
RURAL WORKS DIVISION, DHARMAGARH

BID IDENTIFICATION NO. DMGH/Online-01 OF 2025-26Dates: 30.05.2025

**"e" PROCUREMENT NOTICE**

Bid documents consisting of Work, Estimate Cost, Cost of tender Paper, Bid Security, Time of Completion, Class of Contractor and the set of terms and conditions of contract and other necessary documents can be seen in Govt. website i.e www.tendersorissa.gov.in

1.Name of the Work : Road works in the district of Kalahandi as mentioned in DTCN
2. Total No of Works : 01 No.
3.Estimated Cost: : Rs.33.57 lakhs
4.Period of Completion: : 02 Calendar Month
5.Other Details:

| Availability of Tender online for bidding | | Last date & time seeking tender clarification | Date &timeof Opening of tender |
|---|---|---|---|
| From | To | | |
| 05.06.2025 At 10.00 AM | 16.06.2025 Up to 5.00 PM | 13.06.2025 Up to 5.00 PM | 17.06.2025 At 11.00 AM |

Further details can be seen from the website www.tendersorissa.gov.in

Superintending Engineer
Rural Works Division
Dharmagarh

OIPR-25100/11/0024/2526



C-464

GOVERNMENT OF ODISHA
OFFICE OF THE EXECUTIVE ENGINEER, P.H. DIVISION, ANGUL
Ph : 06764-296431, Email: eephangul@yahoo.in

**CANCELLATION OF TENDER CALL NOTICE**

The Tender invited vide Bid Identification No. 29 of 2024-25 dt. 19.02.2025 for the work:"Improvement of Korian Junction on Dhenkanal town road from CH.7/200 to 7/816 & link in District Dhenkanal for the year 2024-25"is hereby cancelled due to 1st time single tender.

Er. Prasanta Behara
Superintending Engineer,
P.H. Division, Angul

OIPR-13056/11/0020/2526

## ୭୮ ଜଣଙ୍କ ସ୍ଥାନରେ ୧୫ ଭିଏଡବ୍ଲ୍ୟୁ

# ଚାଷୀଙ୍କ ପାଖରେ ପହଞ୍ଚୁନି କୃଷି ବିଭାଗ

## କାଗଜ ଚାଷରେ କୃଷି ବିକାଶ

## ଜମିରେ କଇଁକଇଁ କାନ୍ଦୁଛି ଚାଷୀ

ନୟାଗଡ଼,୫।୬(ସମିସ)

ନୟାଗଡ଼ ଜିଲ୍ଲାରେ କାଗଜ ଚାଷରେ କୃଷି ବିଭାଗ ମାତିଥିବାବେଳେ ବାସ୍ତବରେ ଚାଷୀ କିଭଳି ଚାଷ କରିବ ତାକୁ ନେଇ ମୁଣ୍ଡରେ ହାତ ଦେଇ ବସୁଛି। ଚାଷୀ ବିହନଠାରୁ ସାର ପର୍ଯ୍ୟନ୍ତ ଚିନ୍ତାରେ ନିଜ ଜମି ମୁଣ୍ଡରେ ବସି କଇଁ କଇଁ କାନ୍ଦୁଥିବାବେଳେ କୃଷି ବିଭାଗର ବଡ଼ପଣ୍ଡାମାନେ ଚାଷୀଙ୍କ ନାଁରେ ଗଣ୍ଠିଲି ବାନ୍ଧିବାରେ ବ୍ୟସ୍ତ। ରାଜ୍ୟ ଓ କେନ୍ଦ୍ର ସରକାର କୃଷକ ପାଇଁ କରୁଥିବା ସମସ୍ତ ଯୋଜନା ଚାଷୀଙ୍କ ପାଖରେ ପହଞ୍ଚି ପାରୁନାହିଁ। ଚାଷୀ ଓ କୃଷି ବିଭାଗ ମଧ୍ୟରେ ଦୂରତା ଦିନକୁ ଦିନ ବୃଦ୍ଧି ପାଉଛି। ଚାଷୀ ଓ କୃଷି ବିଭାଗ ମଧ୍ୟରେ ସମନ୍ୱୟ ରକ୍ଷା କରିବା ପାଇଁ ଗ୍ରାମୀଣ କୃଷି କର୍ମଚାରୀ ମୁଖ୍ୟ ଭୂମିକା ନିର୍ବାହ କରିଥା’ନ୍ତି। ନୟାଗଡ଼ ଜିଲ୍ଲାର ଚାଷୀଙ୍କୁ ତାଙ୍କ ଅଞ୍ଚଳର କିଏ ଗ୍ରାମୀଣ କୃଷି କର୍ମଚାରୀ ବୋଲି ଜାଣୁନାହାନ୍ତି। କୃଷକ ସାଥୀମାନେ ଚାଷୀଙ୍କ ପାଖରେ ଠିଆ ହେଉନଥିବା ବେଳେ ନିଜ ଚାଷ ଛାଡ଼ି ଜଣେ ଚାଷୀ ବ୍ଲକ୍ କିମ୍ବା ଜିଲ୍ଲା କାର୍ଯ୍ୟାଳୟକୁ ଦୌଡ଼ିବା ସମ୍ଭବ ହେଉନାହିଁ।

କୃଷକଙ୍କୁ ସରକାରଙ୍କ ବିଭିନ୍ନ କୃଷି ଯୋଜନା ବିଷୟରେ ସଚେତନ ଓ ସହଯୋଗ କରିବା ପାଇଁ ପ୍ରତି ପଞ୍ଚାୟତରେ ଜଣେ ଲେଖାଏଁ ଗ୍ରାମୀଣ କୃଷି କର୍ମଚାରୀ ରହିବା ଆବଶ୍ୟକ। ନୟାଗଡ଼ ଜିଲ୍ଲାରେ ୧୯୪ ପଞ୍ଚାୟତ ରହିଥିବାବେଳେ ମାତ୍ର ୮ ପ୍ରତିଶତ ଭିଏଡବ୍ଲ୍ୟୁ ଜିଲ୍ଲାରେ କାର୍ଯ୍ୟ କରୁଥିବା ସୂଚନା ମିଳିଛି। ଭିଏଡବ୍ଲ୍ୟୁ ତଥା ଗ୍ରାମୀଣ କୃଷି କର୍ମଚାରୀଙ୍କ ଭୂମିକା କୃଷି ଓ କୃଷକ ପାଇଁ ଗୁରୁତ୍ୱପୂର୍ଣ୍ଣ ଅଟେ। ଚାଷୀଙ୍କୁ ସୁବିଧାରେ ସାର ଯୋଗାଣଠାରୁ ଆରମ୍ଭ କରି କୃଷି କ୍ଷେତ୍ରରେ ସହାୟତା ପାଇଁ ଭିଏଡବ୍ଲ୍ୟୁ ଅନେକ କାର୍ଯ୍ୟ କରିଥା’ନ୍ତି। ପ୍ରଧାନମନ୍ତ୍ରୀ ଫସଲ ବୀମାଠାରୁ ଆରମ୍ଭ କରି ଧାନ ପଞ୍ଜୀକରଣ ଫର୍ମ ଯାଞ୍ଚ କରିବାରେ ଭିଏଡବ୍ଲ୍ୟୁ କାର୍ଯ୍ୟ କରିଥା’ନ୍ତି। ନୟାଗଡ଼ ଜିଲ୍ଲାରେ ଭିଏଡବ୍ଲ୍ୟୁ ସମସ୍ୟା ଜଟିଳ ସ୍ଥିତିରେ ରହିଥିବାବେଳେ କିଭଳି କାର୍ଯ୍ୟ ହେବ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ନୟାଗଡ଼ ଜିଲ୍ଲାରେ ୧୯୪ ପଞ୍ଚାୟତ ରହିଥିବାବେଳେ କୃଷିବିଭାଗ ଅଧୀନରେ ୭୮ଟି ଭିଏଡବ୍ଲ୍ୟୁ ପଦ ରହିଛି। ୭୮ ଭିଏଡବ୍ଲ୍ୟୁ ରହିବା ସ୍ଥାନରେ ଜିଲ୍ଲାରେ ମାତ୍ର ୧୫ ଜଣ ଭିଏଡବ୍ଲ୍ୟୁ କାର୍ଯ୍ୟ କରୁଥିବା ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ସୁମନ ସିଂହ ପଟ୍ଟନାୟକ ସୂଚନା ଦେଇଛନ୍ତି। ସେହିଭଳି ୩୧ ଜଣ ଓଭରସିଅରଙ୍କ ସ୍ଥାନରେ ୨୬ ଜଣ କାର୍ଯ୍ୟ ତୁଲାଉଛନ୍ତି। ଜିଲ୍ଲା ଓ ବ୍ଲକ୍ କୃଷି କାର୍ଯ୍ୟାଳୟରେ କର୍ମଚାରୀଙ୍କ ସମସ୍ୟା ମଧ୍ୟ ବହୁଗୁଣିତ ବୋଲି ପରୋକ୍ଷରେ ସୂଚନା ଦେଇଛନ୍ତି। ୧୫ ଜଣ ଭିଏଡବ୍ଲ୍ୟୁଙ୍କୁ ୧୯୪ ପଞ୍ଚାୟତର ଦାୟିତ୍ୱ ଦିଆଯାଇଥିବା ବେଳେ କୌଣସି ଭିଏଡବ୍ଲ୍ୟୁ ଚାଷୀଙ୍କ ପାଖରେ ପହଞ୍ଚି ପାରୁନାହାନ୍ତି। ଫଳରେ ଚାଷୀ ସରକାରୀ ସହାୟତା ତଥା ଚାଷ ସମ୍ପର୍କରେ କୌଣସି ସୂଚନା ପାଇପାରୁନାହାନ୍ତି। ଏଭଳି ସ୍ଥିତିରେ ଜିଲ୍ଲା କୃଷି ବିଭାଗ କେବଳ ଫାଇଲ୍ ଚାଷ କରୁଥିବାବେଳେ ବାସ୍ତବରେ ଚାଷୀଙ୍କ ବିକାଶ କେବେ ହେବ ବୋଲି ପ୍ରଶ୍ନ ଉଠିଛି।

## ବିକଶିତ କୃଷି ସଂକଳ୍ପ ଅଭିଯାନ

# ରଥ ସଚେତନତା ନାଁରେ କେଳେଙ୍କାରୀ

**ନୟାଗଡ଼,୫।୬(ସମିସ):** ନୟାଗଡ଼ ଜିଲ୍ଲା କୃଷି ବିଭାଗ ଏବେ କେଳେଙ୍କାରୀ ପାହାଡ଼ ଉପରେ ଠିଆ ହୋଇଛି। ମାଣ୍ଡିଆ କେଳେଙ୍କାରୀ ଜିଲ୍ଲାରେ ଚର୍ଚ୍ଚା ସୃଷ୍ଟି କରିଥିବାବେଳେ ଏବେ କୃଷି ସଚେତନତା ନାଁରେ କିଭଳି କେଳେଙ୍କାରୀ କରାଯାଉଛି, ତାହା ସାମ୍ନାକୁ ଆସିଛି। କେନ୍ଦ୍ର ସରକାରଙ୍କ ପକ୍ଷରୁ ବିକଶିତ କୃଷି ସଂକଳ୍ପ ଅଭିଯାନ ଗତ ମେ’ ୨୯ ତାରିଖରୁ ଆରମ୍ଭ ହୋଇଥିଲା। ଏଥିରେ କୃଷକଙ୍କୁ ସଚେତନତା କରିବା ପାଇଁ ଦୁଇଟି ରଥ ବ୍ୟବସ୍ଥା କରାଯାଇଛି। ଏହି ଦୁଇଟି ରଥ ମେ’ ୨୯ରୁ ଜୁନ୍ ୧୨ ତାରିଖ ପର୍ଯ୍ୟନ୍ତ ଜିଲ୍ଲାର ବିଭିନ୍ନ ଗାଁକୁ ଯାଇ ଲୋକଙ୍କୁ ସଚେତନ କରିବା ମୁଖ୍ୟ ଉଦ୍ଦେଶ୍ୟ ରହିଛି। ଏଲ୍‌ଇଡି ମାଧ୍ୟମରେ ବିଭିନ୍ନ ଗାଁରେ ଚାଷୀଙ୍କୁ ଏକାଠି କରି ଭିଡିଓ ଦେଖାଇ ସଚେତନତା ସୃଷ୍ଟି କରିବାକୁ ନିୟମ ରହିଛି। ଜିଲ୍ଲା କୃଷି ବିଭାଗ ଦୁଇଟି ରଥ ବ୍ୟବସ୍ଥା କରିଥିବାବେଳେ ଆଜି ପର୍ଯ୍ୟନ୍ତ ସେଥିରେ ଏଲ୍‌ଇଡି ଲାଗି ନ ଥିବା ଦେଖାଯାଇଛି। ଗୁରୁବାର ଦୁଇଟି ରଥରେ ଏଲ୍‌ଇଡି ଲଗାଇବା ପାଇଁ ଅଣାଯାଇଥିବାବେଳେ ତାହା ଗାଡ଼ିଠାରୁ ବଡ଼ ହେବାରୁ ତାକୁ କାଢ଼ି ଦିଆଯାଇଛି। ଯେନତେନ ପ୍ରକାରେ ସଚେତନତା ନାଁରେ ଫଟୋ ଉଠାଇ ଏଥିପାଇଁ ଆସିଥିବା ୪ ଲକ୍ଷ ଟଙ୍କା ଚଳୁ କରିବାକୁ ଉଦ୍ୟମ ଚାଲିଥିବା ଅଭିଯୋଗ ହେଉଛି। ଉକ୍ତ ରଥକୁ କୌଣସି ଗ୍ରାମାଞ୍ଚଳରେ ଦେଖିବାକୁ ମିଳୁନଥିବା ବେଳେ ସଚେତନତା ନାଁରେ କିଛି ଅଧିକାରୀ ପକେଟ୍ ଗରମ କରିବାକୁ ପ୍ରୟାସ କରୁଛନ୍ତି।

# ଅଜଣା ଗାଡ଼ି ଧକ୍କାରେ ବୃଦ୍ଧ ମୃତ

**ଗଣିଆ,୫।୬(ସମିସ):** ଗୁରୁବାର ସକାଳୁ ଗଣିଆ-କଣ୍ଟିଲୋ ରାସ୍ତା ପାଣ୍ଡରାସିଂହା ଛକଠାରେ ଏକ ସଡ଼କ ଦୁର୍ଘଟଣାରେ ଜଣେ ବୃଦ୍ଧଙ୍କର ମୃତ୍ୟୁ ଘଟିଛି। ମୃତକ ଜଣକ ହେଲେ ଗଣିଆ ବ୍ଲକ୍ ଅନ୍ତର୍ଗତ କିଶୋରପ୍ରସାଦ ପଞ୍ଚାୟତ ପାଣ୍ଡରାସିଂହା ଗ୍ରାମର ସନେଇ ରାଉତ। ସନେଇ ଗୁରୁବାର ଭୋର ସମୟରେ ଶୌଚ ହେବା ପାଇଁ ରାସ୍ତାରେ ଯାଉଥିବା ସମୟରେ ତାଙ୍କୁ ଏକ ଅଜଣା ଗାଡ଼ି ଧକ୍କା ଦେଇଥିଲା। ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଦୁର୍ଘଟଣା ଘଟାଇଥିବା ବ୍ୟକ୍ତି ଜଣକ ବୃଦ୍ଧଙ୍କୁ ରାସ୍ତା ପାର୍ଶ୍ୱକୁ ନେଇ ଗୋଟିଏ ଗାମୁଛା ଘୋଡ଼ାଇ ଦେଇ ପଳାଇ ଯାଇଥିଲା। କିଛି ସମୟ ପରେ ବୃଦ୍ଧଙ୍କ ପରିବାର ଲୋକ ତାଙ୍କୁ ଖୋଜାଖୋଜି କରି ରାସ୍ତାକଡ଼ରେ ମୃତଦେହ ପଡ଼ିଥିବା ଦେଖିଥିଲେ। ଖବର ପାଇ ଗଣିଆ ଥାନା ଅଧିକାରୀ ଲକ୍ଷ୍ମଣ ଦଣ୍ଡସେନା ଘଟଣାସ୍ଥଳରେ ପହଞ୍ଚି ଶବକୁ ଜବତ କରି ଏକ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ପାଇଁ ପଠାଇଥିଲେ। ସନେଇ ରାଉତଙ୍କର ଗୋଟିଏ ବୋଲି ରୋଜଗାରିଆ ପୁଅର ଗତ ୩ ବର୍ଷ ତଳେ ଟ୍ରାକ୍ଟର ଦୁର୍ଘଟଣାରେ ମୃତ୍ୟୁ ହୋଇଥିଲା। ଗୁରୁବାର ସନେଇଙ୍କ ମୃତ୍ୟୁରେ ପାଣ୍ଡରାସିଂହା ଗ୍ରାମରେ ଶୋକର ଛାୟା ଖେଳିଯାଇଛି।

# ବାଲି ବୋଝେଇ ୨ ହାଇୱା ଜବତ



**ଓଡ଼ଗାଁ,୫।୬(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ଆଦର୍ଶ ଥାନା ପୁଲିସ ବୁଧବାର ରାତିରେ ସ୍ୱତନ୍ତ୍ର ଭାବେ ପାଟ୍ରୋଲିଂ କରୁଥିବାବେଳେ କଣ୍ଟିଲୋରୁ ଗଞ୍ଜାମ ଜିଲ୍ଲାକୁ ବେଆଇନ ଭାବେ ବାଲି ଚାଲାଣ ହେଉଥିବା ୨ ହାଇୱାକୁ ବାହାଡ଼ାଝୋଲା ନିକଟରୁ ଜବତ କରି ୨ ପୃଥକ୍ ମାମଲା ରୁଜୁ କରାଯାଇଛି। ହାଇୱା ୨ଟି ନୟାଗଡ଼ ବସନ୍ତ ବିହାରୀ ମହାପାତ୍ରଙ୍କର ବୋଲି ଜଣାଯାଇଛି।

# ସ୍ନାତକୋତ୍ତର ପରୀକ୍ଷାରେ ମମତା ଟପ୍ପର



**ଓଡ଼ଗାଁ,୫।୬(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ରଘୁନାଥ ସମବାୟ ମହାବିଦ୍ୟାଳୟର ପ୍ରାକ୍ତନ ଛାତ୍ରୀ ସ୍ଥାନୀୟ କୋରପିଠା ଗ୍ରାମର ମମତା ସାହୁ ରାଜ୍ୟ ସାଧାରଣ ସ୍ନାତକୋତ୍ତର ପ୍ରବେଶିକା ପରୀକ୍ଷାରେ ସଂସ୍କୃତ ବିଷୟରେ ସାମାଜିକ ପଛୁଆ ବର୍ଗରେ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି। ମେଧା ତାଲିକା ଅନୁସାରେ ରାଜ୍ୟରେ ସେ ଦ୍ୱିତୀୟ ସ୍ଥାନ ଅଧିକାର କରିଛନ୍ତି। ତାଙ୍କ ବାପା ଭଗବାନ ସାହୁ ଓ ମାଆ ଝୁନୁବାଳା ଝିଅର ସଫଳତାକୁ ନେଇ ଖୁସିବ୍ୟକ୍ତ କରିଥିବାବେଳେ କଲେଜ ଅଧ୍ୟକ୍ଷ ରାଜକିଶୋର ସାହୁଙ୍କ ସହିତ ସମସ୍ତ ଅଧ୍ୟାପିକା ଅଧ୍ୟାପକ ବିଶେଷ କରି ସଂସ୍କୃତ ବିଭାଗ ଅଧ୍ୟାପିକା ଅଧ୍ୟାପକଙ୍କ ସହିତ ବ୍ଲକ୍ ଅଧ୍ୟକ୍ଷ ଲୋକନାଥ ସାହୁ ତାଙ୍କର ସଫଳତା ପାଇଁ ଶୁଭେଚ୍ଛା ଜଣାଇଛନ୍ତି।

# ଗ୍ରୀଷ୍ମକାଳୀନ ରାଜଯୋଗ ଶିବିର

**ଓଡ଼ଗାଁ,୫।୬(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ବ୍ରହ୍ମାକୁମାରୀ ଜାଗୃତି ଭବନ ରୋହିବାଙ୍କ ପରିସରରେ ଶିଶୁଙ୍କ ଆଶାର ଜାଗରଣ ପାଇଁ ଗୁରୁବାର ଗ୍ରୀଷ୍ମକାଳୀନ ରାଜଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ଅଞ୍ଚଳର ବିଦ୍ୟାଳୟମାନଙ୍କରୁ ପ୍ରାୟ ୪୫ଜଣ ଛାତ୍ରଛାତ୍ରୀ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ମିନି ଭଉଣୀ, ମୁଖ୍ୟ ସଞ୍ଚାଳିକା ନୟାଗଡ଼ ସେବାକେନ୍ଦ୍ର, ବିକେ ଯମୁନା ଭଉଣୀ ମୁଖ୍ୟ ସଞ୍ଚାଳିକା ଆସ୍କା (ଗଞ୍ଜାମ), ବିକେ ମନୋରଞ୍ଜନ ଭାଇ ନୟାଗଡ଼, ବିକେ ଶାନ୍ତି ଭଉଣୀ ମୁଖ୍ୟ ସଞ୍ଚାଳିକା ରୋହିବାଙ୍କ ସେବାକେନ୍ଦ୍ର, ସାମ୍ବାଦିକ ଅଶୋକ ମହାପାତ୍ର, ସାରସ କୁମାର ମିଶ୍ର ପ୍ରମୁଖଙ୍କ ସହିତ ମନୋରଞ୍ଜନ ଭାଇ, ଦମୟନ୍ତୀ ଭଉଣୀ, ଶିକ୍ଷକ ରାଧାମୋହନ ନାୟକ ଯୋଗଦେଇଥିଲେ। ଅପରାହ୍ଣରେ ସାଧାରଣ ଜ୍ଞାନ ସମ୍ବନ୍ଧୀୟ ପ୍ରଶ୍ନୋତ୍ତର ସହିତ ବୃକ୍ଷରୋପଣ କରାଯାଇଥିଲା।

# ବିକଶିତ କୃଷି ସଂକଳ୍ପ ଅଭିଯାନ



**ଦଶପଲ୍ଲା,୫।୬(ସମିସ):** ଦଶପଲ୍ଲା ବ୍ଲକ୍ ତୁମୁଣ୍ଡି ଏବଂ ସରିଗଣ୍ଡା ପଞ୍ଚାୟତରେ ଦଶପଲ୍ଲା କୃଷି କାର୍ଯ୍ୟାଳୟ ତରଫରୁ ''ବିକଶିତ କୃଷି ସଂକଳ୍ପ ଅଭିଯାନ’କୁ ନେଇ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମ ସାରା ରାଜ୍ୟରେ ଗତ ମେ’ ୨୯ରୁ ଆରମ୍ଭ ହୋଇ ଜୁନ୍ ୧୨ ପର୍ଯ୍ୟନ୍ତ ହେବାର ବ୍ୟବସ୍ଥା ରହିଛି। ଏହି କାର୍ଯ୍ୟକ୍ରମରେ ନୟାଗଡ଼ ଜିଲ୍ଲା ଉଦ୍ୟାନ କୃଷି ଅଧିକାରୀ ଲଳିତ କୁମାର ପଣ୍ଡା, ଭାରତୀୟ ଜଳ ପ୍ରବନ୍ଧନ ପ୍ରତିଷ୍ଠାନର ପ୍ରଧାନ ବୈଜ୍ଞାନିକ ଡ. ଧ୍ରୁବ ଚରଣ ସାହୁ, ସିଫାର ପ୍ରଧାନ ବୈଜ୍ଞାନିକ ଡ. ରାଜେଶ କୁମାର, ନୟାଗଡ଼ କେଭିକେର ବୈଜ୍ଞାନିକ ଡ. ମଧୁସ୍ମିତା ଜେନା, ନୟାଗଡ଼ କୃଷି ଅଧିକାରୀ ଗୌରୀ ଶଙ୍କର ମିଶ୍ର, ଦଶପଲ୍ଲା ବ୍ଲକ୍ କୃଷି ଅଧିକାରୀ ତୀର୍ଥ ପଟ୍ଟନାୟକ, ଦଶପଲ୍ଲା ସହକାରୀ କୃଷି ଅଧିକାରୀ ପଲ୍ଲବୀ ମହାପାତ୍ର, ଦଶପଲ୍ଲା ସହକାରୀ ଉଦ୍ୟାନ କୃଷି ଅଧିକାରୀ ଅନୁରାଗ ଦାଶମହାପାତ୍ର, ମୃତ୍ତିକା ସଂରକ୍ଷଣ ଓ ଜଳ ବିଭାଜିକା ନିର୍ଦ୍ଦେଶାଳୟର ସହକାରୀ ନିର୍ଦ୍ଦେଶକ ସୌମ୍ୟ ରଞ୍ଜନ ଶତପଥୀ, ଆଇଆଇଡବ୍ଲୁଏମ୍‌ର ଗବେଷକ ସୌମ୍ୟ ରଞ୍ଜନ ନାୟକ ପ୍ରମୁଖ ଉପସ୍ଥିତ ରହି ବିକଶିତ କୃଷି ବିଷୟରେ ଆଲୋଚନା କରିଥିଲେ। ସ୍ଥାନୀୟ ସରପଞ୍ଚଙ୍କ ସହ ଶତାଧିକ ଚାଷୀ ଭାଇ ଓ ମା’ମାନେ ଯୋଗଦେଇଥିଲେ।

# ମାଳତି ମୁଣ୍ଡିଆରେ ଚାଲିଛି ବେଆଇନ ପଥର ଖନନ



- ସବୁ ଜାଣି ଖଣି ଅଧିକାରୀ ଚୁପ୍
- ହେଉଛି ବେଆଇନ ବ୍ଲାଷ୍ଟିଂ; ନିଘୋଡ଼ ନିଦରେ ପୁଲିସ

**ଖଣ୍ଡପଡ଼ା,୫।୬(ସମିସ):** ନୟାଗଡ଼ ଜିଲ୍ଲା ଖଣ୍ଡପଡ଼ା ବ୍ଲକ୍ ଅଧୀନ ସିଙ୍ଗାପଡ଼ା ପଞ୍ଚାୟତ ନିକଟ ବେଡାକି ଗ୍ରାମ ଅଧୀନସ୍ଥ ମାଳତି ମୁଣ୍ଡିଆରେ ଚାଲିଛି ବେଆଇନ ପଥର ଖନନ। ମାଫିଆଙ୍କ କବ୍‌ଜାରେ ମାଳତି ମୁଣ୍ଡିଆ ରହିଥିବାବେଳେ ଦିନ ଦ୍ୱିପ୍ରହରରେ ଟ୍ରିପ୍ ଟ୍ରିପ୍ ପଥର ଲୁଟି ନେଉଥିବା ସାଧାରଣରେ ଅଭିଯୋଗ ହୋଇଛି। ଖଣି ମାଲିକମାନେ ପଥର କାଟିବା ପାଇଁ ଯେତିକି ଲିଜ୍ ନେଇଛନ୍ତି ତା’ଠାରୁ ଅଧିକ ସ୍ଥାନରେ ବେଆଇନ ଭାବେ ପଥର ଖନନ କରୁଥିବା ଜଣାପଡ଼ିଛି। ଯାହାଫଳରେ ଖଣି ଲିଜ୍‌ଧାରୀ କୋଟି କୋଟି ଟଙ୍କା ରୋଜଗାର କରୁଥିବାବେଳେ ଲକ୍ଷାଧିକ ଟଙ୍କାର ରାଜସ୍ୱ ହରାଉଛନ୍ତି ରାଜ୍ୟ ସରକାର। ଖଣ୍ଡପଡ଼ା ତହସିଲ୍ କାର୍ଯ୍ୟାଳୟଠାରୁ ମାତ୍ର ୬ କିଲୋମିଟର ଦୂରରେ ଚାଲିଛି ଏହି ପଥର ଖନନ। ବେଧଡ଼କ ଭାବେ ଚାଲୁଥିବା ଏହି ପଥର ଖଣି ବିଷୟରେ ସ୍ଥାନୀୟ ତହସିଲ୍ ପ୍ରଶାସନଠାରୁ ଆରମ୍ଭ କରି ଖଣି ଅଧିକାରୀ ସବୁ ଜାଣି ମଧ୍ୟ ନୀରବଦ୍ରଷ୍ଟା ସାଜିଥିବା ସାଧାରଣରେ ଆଲୋଚନା ହେଉଛି। ନିକଟରେ ଜିଲ୍ଲା ପ୍ରଶାସନ ଓ ଖଣି ବିଭାଗ ଅଧିକାରୀମାନେ ବିଭିନ୍ନ ପଥର ଖଣିକୁ ଅନୁଧ୍ୟାନ କରି ଫେରିଥିଲେ ହେଁ କେବଳ ବିଧାୟକଙ୍କୁ ସହଯୋଗ କରୁଥିବା ବେଆଇନ ଖଣି ଲିଜ୍‌ଧାରୀଙ୍କୁ ସୁରକ୍ଷା ପ୍ରଦାନ କରାଯିବା ସହିତ ଅନ୍ୟ ଖଣି ଲିଜ୍‌ଧାରୀଙ୍କୁ ସ୍ଥାନୀୟ ପୁଲିସ ସହାୟତାରେ ଖଣିକୁ ବନ୍ଦ କରୁଥିବା ସାଧାରଣରେ ଆଲୋଚନା ହେଉଛି। ଯାହା ଫଳରେ ଲଘୁ ଖଣିଜ ଦ୍ରବ୍ୟ ଅହେତୁକ ମୂଲ୍ୟରେ ବିକ୍ରି ହେଉଛି। ଏନେଇ ସ୍ଥାନୀୟ ଅଞ୍ଚଳରେ ଜନଅସନ୍ତୋଷ ଦେଖାଦେଇଛି।

କେବଳ ପଥର ଚୋରାଚାଲାଣ ନୁହେଁ, ବେଆଇନ୍ ପଥର ବ୍ଲାଷ୍ଟିଙ୍ଗ୍ ଯୋଗୁଁ ଜନଜୀବନ ମଧ୍ୟ ପ୍ରଭାବିତ ହେବା ସହ ଘରଦ୍ୱାର ମଧ୍ୟ ଥରୁଥିବାର ଅଭିଯୋଗ ହେଉଛି। ମୁଣ୍ଡିଆର ଚାରିପାଖରେ ଗୋଚର ଜମି ଏବଂ ଚାଷ ଜମି ଥିବାରୁ ସେହି ଅଞ୍ଚଳର ଗାଈଗୋରୁ, ଛେଳି, ମେଣ୍ଢା ଆଦି ଗୃହପାଳିତ ପଶୁମାନେ ଚଳପ୍ରଚଳ କରିଥାନ୍ତି। ମାତ୍ର ବେଆଇନ ପଥର ବ୍ଲାଷ୍ଟିଙ୍ଗ୍ ଯୋଗୁଁ ଚାଷଜମି ନଷ୍ଟ ହେବା ସହ ଚଳପ୍ରଚଳ କରୁଥିବା ଗୃହପାଳିତ ପଶୁଙ୍କ ଦେହରେ ପଥର ବାଜି ଖଣ୍ଡିଆଖାବରା ହେଉଥିବା ମଧ୍ୟ ଲୋକମାନେ ଅଭିଯୋଗ ଆଣିଛନ୍ତି। ବେଆଇନ ବ୍ଲାଷ୍ଟିଙ୍ଗ୍‌ରୁ ହେଉଥିବା ଶବ୍ଦ ଯୋଗୁଁ ସ୍ଥାନୀୟ ଅଞ୍ଚଳରେ ଏକପ୍ରକାର ଭୟର ବାତାବରଣ ସୃଷ୍ଟି ହୋଇଥିବା ଜଣାପଡ଼ିଛି। ଏ ସମସ୍ତ ସମସ୍ୟାକୁ ନେଇ ପୂର୍ବରୁ ସ୍ଥାନୀୟ ଲୋକମାନେ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ ଖଣି ଲିଜ୍‌ଧାରୀଙ୍କ ବିରୋଧରେ ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିବା ଜଣାପଡ଼ିଛି। ଏନେଇ ଖଣ୍ଡପଡ଼ା ତହସିଲ୍‌ଦାରଙ୍କୁ ଯୋଗାଯୋଗ କରିଥିଲେ ହେଁ ସେ ଫୋନ୍ ଉଠାଇ ନ ଥିଲେ। ଖଣ୍ଡପଡ଼ା ତହସିଲ୍ ଅଞ୍ଚଳରେ ବେଆଇନ ପଥର ଖନନ କରୁଥିବା ଖଣି ଲିଜ୍‌ଧାରୀଙ୍କ ବିରୋଧରେ ବିଭାଗ ପକ୍ଷରୁ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ସାଧାରଣରେ ଦାବି ହୋଇଛି।

## ମୁଖ୍ୟମନ୍ତ୍ରୀ କରିଥିଲେ ଘୋଷଣା

# ପ୍ୟାକେଜ୍ ଅପେକ୍ଷାରେ କାଳିଆପଲ୍ଲୀ ଗ୍ରାମବାସୀ

**ଭାପୁର,୫।୬(ସମିସ):** ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍ ଧାନଚାଙ୍ଗଡ଼ା ପଞ୍ଚାୟତ କାଳିଆପଲ୍ଲୀ ଗ୍ରାମରେ ଶବର ରାଜା ବିଶ୍ୱାବସୁଙ୍କୁ ପୂଜାର୍ଚ୍ଚନା କରିବା ସହ ଭାରତୀୟ ବିଶ୍ୱାବସୁ ଶବର ସମାଜ ତରଫରୁ ଆୟୋଜିତ ଯଜ୍ଞରେ ପୂର୍ଣ୍ଣାହୁତି ଦେବା ସହ ଏକ ସଭାରେ ଉଦ୍‌ବୋଧନ ଦେଇଥିଲେ। ଏହି ସଭାରେ ରାଷ୍ଟ୍ରପତି କହିଥିଲେ ଶବର ରାଜା ବିଶ୍ୱାବସୁଙ୍କୁ ଜଗନ୍ନାଥ ପ୍ରେମୀମାନେ ସବୁଦିନେ ମନେ ରଖିବେ ଓ ଏହି କାଳିଆପଲ୍ଲୀ ହେଉଛି ଭାରତର ପ୍ରଥମ ସ୍ଥାନ ଯେଉଁଠି ଆଦିବାସୀ ଓ ଅଣଆଦିବାସୀଙ୍କ ମିଳନ ହୋଇଥିଲା। ପ୍ରାଚୀନ ଭାରତୀୟ ସଂସ୍କୃତି କଥା ଆଲୋଚନା କରିବା ସମୟରେ ଶବର ସଂସ୍କୃତି ସବୁଠାରୁ ଆଗରେ ରହିବ। ଗତ ମାର୍ଚ୍ଚ ୨୪ ତାରିଖ ଅପରାହ୍ଣରେ ରାଷ୍ଟ୍ରପତିଙ୍କ ଆଗମନରେ ଏହି ଅଖ୍ୟାତ ପଲ୍ଲୀ ସାରା ଦେଶରେ ଚର୍ଚ୍ଚିତ ହୋଇଛି। ଭାରତୀୟ ବିଶ୍ୱାବସୁ ଶବର ସମାଜ ପକ୍ଷରୁ କାଳିଆପଲ୍ଲୀଠାରେ ଆୟୋଜିତ ସଭାରେ ଏହି ସଂଘର ସଭାପତି ହୃଷୀକେଶ ଦେହୁରୀଙ୍କ ଆୟୋଜିତ ଏହି ସଭାରେ ରାଷ୍ଟ୍ରପତିଙ୍କ ସହ ରାଜ୍ୟପାଳ ହରିବାବୁ କମ୍ଭମ୍‌ପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବାଚସ୍ପତି ସୁରମା ପାଢ଼ୀ, ଖଣ୍ଡପଡ଼ା ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁ ଓ ବଡ଼ମ୍ବା ବିଧାୟକ ବିଜୟ କୁମାର ଦଳବେହେରା ଯୋଗଦେଇଥିଲେ। ଆଦିବାସୀଙ୍କ ଆର୍ଥିକ ଉତ୍‌ଥାନ ବିନା ଦେଶର ପ୍ରଗତି ଅସମ୍ଭବ ବୋଲି କହିବା ସହ ସମସ୍ତ ଆଦିବାସୀ ସେମାନଙ୍କ ପାଇଁ କେନ୍ଦ୍ର ଓ ରାଜ୍ୟ ସରକାର ଅଣଦେଖା କରି ଆସିଥିବାରୁ ଏହି ପୁରାଣ ପ୍ରସିଦ୍ଧ କାଳିଆପଲ୍ଲୀ ଅପାଙ୍‌କ୍ତେୟ ହୋଇ ପଡ଼ିରହିଛି। ରାଷ୍ଟ୍ରପତିଙ୍କ ଆଗମନ କାଳିଆପଲ୍ଲୀର ଭାଗ୍ୟ ବଦଳିଯିବ ବୋଲି ଗ୍ରାମବାସୀମାନେ ଆଶା ରଖିଥିଲେ। ସେହି ସଭାରେ ମୁଖ୍ୟମନ୍ତ୍ରୀ କାଳିଆପଲ୍ଲୀ ପାଇଁ ସ୍ୱତନ୍ତ୍ର ପ୍ୟାକେଜ୍ ସହ ଅନୁଦାନ ଦିଆଯିବାର ଘୋଷଣା କରିଥିଲେ। ହେଲେ ୩ ମାସ ପରେ ଘୋଷଣା ଘୋଷଣାରେ ରହିଯାଇଛି। ଗ୍ରାମବାସୀମାନେ ବହୁ ଆଶା କରିଛନ୍ତି, ବର୍ତ୍ତମାନ ମୁଖ୍ୟମନ୍ତ୍ରୀ ସେମାନଙ୍କ ଭାଗ୍ୟ ବଦଳାଇଦେବେ ବୋଲି। ଆଜି ପର୍ଯ୍ୟନ୍ତ କାଳିଆପଲ୍ଲୀ ପାଇଁ କୌଣସି ପ୍ୟାକେଜ୍ ଘୋଷଣା ହୋଇନଥିବା ବେଳେ କେବେ ମୁଖ୍ୟମନ୍ତ୍ରୀ ଘୋଷଣା କରିବେ ବୋଲି ଗ୍ରାମବାସୀ ଚାହିଁ ରହିଛନ୍ତି।


# ପ୍ରଧାନଶିକ୍ଷକଙ୍କୁ ‘ପ୍ରକୃତି ମିତ୍ର’ ପୁରସ୍କାର



**ଖଣ୍ଡପଡ଼ା,୫।୬(ସମିସ):** ଖଣ୍ଡପଡ଼ା ବ୍ଲକ୍ ଅଧୀନ କୋସ୍କା ଆଞ୍ଚଳିକ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ କାର୍ତ୍ତିକ ଚନ୍ଦ୍ର ଦଳେଇ ବିଶ୍ୱ ପରିବେଶ ଦିବସ ଅବସରରେ ପ୍ରକୃତି ମିତ୍ର ପୁରସ୍କାର ଗ୍ରହଣ କରି ଅନୁଷ୍ଠାନ ପାଇଁ ଗୌରବ ଆଣିଛନ୍ତି। ଜଣେ ପରିବେଶବିତ୍ ଭାବେ ଜଣାଶୁଣା ପ୍ରଧାନଶିକ୍ଷକ ଶ୍ରୀ ଦଳେଇ କାର୍ଯ୍ୟକାଳ ସମୟରେ ତନ୍ତୁବାୟ ସହଯୋଗ ଉଚ୍ଚ ବିଦ୍ୟାଳୟ ଓ ଗୋଳାପୋଖରୀ ଉଚ୍ଚ ବିଦ୍ୟାଳୟରେ ପ୍ରକୃତି ବନ୍ଧୁ ଓ ପ୍ରକୃତି ମିତ୍ର ପୁରସ୍କାର ପାଇବା ସହ ଇକୋ କ୍ଲବ୍ ଗଠନ କରି ସବୁଜ ପରିବେଶ ସୃଷ୍ଟି କରିବାରେ ଅଗ୍ରଣୀ ଭୂମିକା ଗ୍ରହଣ କରି ଆସୁଛନ୍ତି। ବିଶ୍ୱ ପରିବେଶ ଦିବସ ପାଳନ ଅବସରରେ ଭୁବନେଶ୍ୱରସ୍ଥିତ କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟର ସମ୍ମିଳନୀ କକ୍ଷରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିଭାଗୀୟ ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ରାଜ୍ୟ ପ୍ରଦୂଷଣ ବୋର୍ଡ ଅଧ୍ୟକ୍ଷ ମନୋରମା ମହାପାତ୍ର ଓ ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ଉପସ୍ଥିତିରେ ପ୍ରଧାନଶିକ୍ଷକ ଏହି ସମ୍ମାନଜନକ ପୁରସ୍କାର ଗ୍ରହଣ କରିଥିଲେ। ଏହି ପୁରସ୍କାର ପାଇଁ ପ୍ରଧାନଶିକ୍ଷକ ଶ୍ରୀ ଦଳେଇଙ୍କୁ ଖଣ୍ଡପଡ଼ା ଅଞ୍ଚଳର ପରିବେଶବିତ୍ ଓ ଶିକ୍ଷକମାନେ ସ୍ୱାଗତ ଜଣାଇଛନ୍ତି।

## ● ବିରୁଡ଼ା ସ୍ୱାସ୍ଥ୍ୟ ଆରୋଗ୍ୟ କେନ୍ଦ୍ର

# ୬ ମାସେ ହେଲା ନିର୍ମାଣ ଶେଷ; କାର୍ଯ୍ୟକ୍ଷମ କେବେ



**ନୟାଗଡ଼,୫।୬(ସମିସ):** ନୟାଗଡ଼ ଜିଲ୍ଲା ସଦର ବ୍ଲକ୍ ଅନ୍ତର୍ଗତ ବିରୁଡ଼ା ପଞ୍ଚାୟତରେ ଏକ ସ୍ୱାସ୍ଥ୍ୟ ଆରୋଗ୍ୟ କେନ୍ଦ୍ର କୋଠା ନିର୍ମାଣ ୬ ମାସ ତଳୁ ଶେଷ ହୋଇଛି। ୫୦ ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହୋଇଥିବା ଏହି କୋଠା ଏବେ ଅବ୍ୟବହୃତ ହୋଇ ରହିଛି। ଠିକାଦାର ନିର୍ମାଣ କାର୍ଯ୍ୟ ଶେଷ କରି ସ୍ୱାସ୍ଥ୍ୟ ବିଭାଗକୁ ହସ୍ତାନ୍ତର କରିଥିଲେ ମଧ୍ୟ ଏହାକୁ କାର୍ଯ୍ୟକ୍ଷମ କରାଯାଉ ନ ଥିବା ଅଭିଯୋଗ ହେଉଛି। ସ୍ୱାସ୍ଥ୍ୟ ବିଭାଗର ଦାୟିତ୍ୱହୀନତା ପାଇଁ ଏଭଳି ହେଉଥିବା ବିରୁଡ଼ା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ବାରମ୍ବାର ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଅଭିଯୋଗ କରିବା ପରେ କୌଣସି ସୁଫଳ ନ ମିଳିବାରୁ ଗୁରୁବାର ଗ୍ରାମର କିଛି ବ୍ୟକ୍ତି ଜିଲ୍ଲାପାଳଙ୍କୁ ଭେଟି ଅଭିଯୋଗ କରିଛନ୍ତି। ତୁରନ୍ତ ଏହି ସ୍ୱାସ୍ଥ୍ୟ ଆରୋଗ୍ୟ କେନ୍ଦ୍ରକୁ କାର୍ଯ୍ୟକ୍ଷମ କରିବାକୁ ଦାବି ହେଉଛି।

## ବିଶ୍ୱ ପରିବେଶ ଦିବସ

# ପ୍ଲାଷ୍ଟିକ୍ ଓ ପଲିଥିନ୍‌ମୁକ୍ତ ପରିବେଶ ଉପରେ ଗୁରୁତ୍ୱାରୋପ

ଗଣିଆ,୫।୬(ସମିସ)

ନୟାଗଡ଼ ମହାନଦୀ ବନ୍ୟପ୍ରାଣୀ ବନଖଣ୍ଡ ଛାମୁଣ୍ଡିଆ ବନାଞ୍ଚଳ ତରଫରୁ ଗୁରୁବାର ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। ଏହି ଅବସରରେ ଛାମୁଣ୍ଡିଆ ବନାଞ୍ଚଳ ଅଧିକାରୀ ଲକ୍ଷ୍ମୀନାରାୟଣ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଛାମୁଣ୍ଡିଆ କୁଞ୍ଜବିହାରୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଛାତ୍ରଛାତ୍ରୀମାନେ ହାତରେ ପ୍ଲାକାର୍ଡ ଓ ବ୍ୟାନର ଧରି ସ୍ଲୋଗାନ ଦେଇ ଗାଁ ପରିକ୍ରମା କରିଥିଲେ। ବନାଞ୍ଚଳ ଅଧିକାରୀ ପ୍ଲାଷ୍ଟିକ୍ ଓ ପଲିଥିନମୁକ୍ତ ପରିବେଶ ଉପରେ ଗୁରୁତ୍ୱାରୋପ କରି ଛାତ୍ରଛାତ୍ରୀଙ୍କୁ ସଚେତନତା ବାର୍ତ୍ତା ବାଣ୍ଟିଥିଲେ। ପ୍ଲାଷ୍ଟିକ୍ ଓ ପଲିଥିନ୍‌ଗୁଡ଼ିକ ମାଟିରେ ବିଘଟନ ହୋଇପାରେ ନାହିଁ। ଫଳରେ ମୃତ୍ତିକା ପ୍ରଦୂଷଣ ହୋଇଥାଏ। ସୁସ୍ଥ ପରିବେଶ ସୃଷ୍ଟି କରିବାକୁ ହେଲେ ସମସ୍ତେ ନିଜ ନିଜର ବାଡ଼ିରେ କିଛିନା କିଛି ଗଛ ରୋପଣ କରିବାକୁ ପଡ଼ିବ ବୋଲି ଶ୍ରୀ ପଣ୍ଡା କହିଥିଲେ। ଏହି ଅବସରରେ ଛାମୁଣ୍ଡିଆ ପଞ୍ଚାୟତ ନିର୍ବାଚିତ ଜନପ୍ରତିନିଧିଙ୍କୁ ଚାରା ବଣ୍ଟନ କରାଯାଇଥିଲା। ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ନାରାୟଣ ଦଳେଇ, ବନପାଳ ପ୍ରତାପ ସେଠୀ, ଲୋକନାଥ ସେଠୀ, ସଞ୍ଜୟ ରାଉତ, କାଳନ୍ଦୀ ଚରଣ ସାଥୁଆ, ବନରକ୍ଷୀ ଅନିତା ଦୁର୍ଗା, ଅସ୍ଥାୟୀ ବନ କର୍ମଚାରୀ ଓ ବିଦ୍ୟାଳୟର ସମସ୍ତ ଶିକ୍ଷକ ସହଯୋଗ କରିଥିଲେ।




**ଓଡ଼ଗାଁ:** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବନାଞ୍ଚଳ ଅଧିକାରୀ ନିଖିଲେଶ ମଲ୍ଲିକଙ୍କ ନେତୃତ୍ୱରେ ଗୁରୁବାର ସକାଳେ ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ଏକ ସଚେତନତା ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ବନାଞ୍ଚଳ କାର୍ଯ୍ୟାଳୟଠାରୁ ସ୍ଥାନୀୟ ରଘୁନାଥ ସରକାରୀ ଉଚ୍ଚ ବିଦ୍ୟାଳୟର ଛାତ୍ରମାନେ ଏକ ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରିବା ସହିତ ସଚେତନଧର୍ମୀ ସ୍ଲୋଗାନ ଦେଇଥିଲେ। ଓଡ଼ଗାଁ ପଲିଟେକ୍‌ନିକ୍ ଶିକ୍ଷାନୁଷ୍ଠାନରେ ଓଡ଼ଗାଁ ବନ ବିଭାଗ ଏବଂ ତାଲୁକ୍ ଆଇନ୍ ସେବା ପ୍ରାଧିକରଣ ମିଳିତ ଆନୁକୂଲ୍ୟରେ ବୃକ୍ଷରୋପଣ କରିଥିଲେ। ଏଥିରେ ଓଡ଼ଗାଁ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ସଂଘମିତ୍ରା ଶର୍ମା ଅଂଶଗ୍ରହଣ କରିଥିବାବେଳେ ପଲିଟେକ୍‌ନିକ୍ ଶିକ୍ଷାନୁଷ୍ଠାନର ଅଧ୍ୟକ୍ଷ ଡ. ବନବିହାରୀ ମହାନ୍ତି ଯୋଗଦେଇଥିଲେ। ଏଥିସହିତ ଓଡ଼ଗାଁ ବନାଞ୍ଚଳ ଅଧିକାରୀଙ୍କ ସହିତ ଆଇନଜୀବୀ, ଶିକ୍ଷାନୁଷ୍ଠାନର ଅଧ୍ୟାପକ ଅଧ୍ୟାପିକା ପ୍ରମୁଖ ଅଂଶଗ୍ରହଣ କରିଥିଲେ। ସେହିପରି ରାଧାକାନ୍ତ ସରକାରୀ ଉଚ୍ଚ ବିଦ୍ୟାଳୟ ଓଡ଼ଗାଁଠାରେ ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ସାଧାରଣ ଜ୍ଞାନ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରଧାନଶିକ୍ଷକ ରମେଶ ଚନ୍ଦ୍ର ସାହୁ, ସହକାରୀ ଶିକ୍ଷକ ପରମାନନ୍ଦ ଦଳେଇ, ଶିକ୍ଷୟିତ୍ରୀ ନିର୍ଲିପ୍ତା ପତି ଏବଂ ଜସସ୍ୱିନୀ ମହାପାତ୍ର ପ୍ରମୁଖ ଛାତ୍ରୀମାନଙ୍କ ସହିତ ଜଳବାୟୁ ପରିବର୍ତ୍ତନର କାରଣ ଓ ନିରାକରଣ ସମ୍ପର୍କରେ ଆଲୋଚନା କରିଥିଲେ।



## ବାଣପୁର-ବାଲୁଗାଁ ରୋଟାରୀ କ୍ଲବ୍ ପରିଦର୍ଶନ କଲେ ପ୍ରାନ୍ତପାଳ

ବାଲୁଗାଁ, ୫/୬(ସମିସ): ରୋଟାରୀ ଜିଲ୍ଲା ଗଭର୍ଣ୍ଣର ତଥା ପ୍ରାନ୍ତପାଳ ଯଜ୍ଞାଶିଷ ମହାପାତ୍ର ବୁଧବାର ଆସି ବାଣପୁର-ବାଲୁଗାଁ ରୋଟାରୀ କ୍ଲବ୍ ପରିଦର୍ଶନ କରିଛନ୍ତି। ଅଶୋକ ନଗରସ୍ଥିତ ଉମାମହେଶ୍ୱର ବଣିକ ସଂଘ ପରିସରରେ ଆୟୋଜିତ ସଭାରେ ଅତିଥି ଭାବେ ଶ୍ରୀ ମହାପାତ୍ର ଯୋଗଦେଇ ରୋଟାରୀର ଆଭିମୁଖ୍ୟ ଓ ବିଶ୍ୱରେ ଏହାର ଭୂମିକା ସମ୍ପର୍କରେ ଆଲୋକପାତ କରିବା ସହ କ୍ଲବ୍ ସଭାପତି ଶ୍ୟାମସୁନ୍ଦର ପୃଷ୍ଟି ଓ ସମ୍ପାଦକ ଅଶୋକ ନାୟକଙ୍କ ତତ୍ତ୍ୱାବଧାନରେ କ୍ଲବ୍ ପକ୍ଷରୁ କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମର ଭୂୟସୀ ପ୍ରଶଂସା କରିଥିଲେ। ରବିନାରାୟଣ ନାୟକ ସ୍ୱାଗତ ଭାଷଣ ଏବଂ ଡ.ସୁନୀଲ ପଟ୍ଟନାୟକ ସଭା ପରିଚାଳନା କରିଥିଲେ। ଗୋପାଳ ଚନ୍ଦ୍ର ନାୟକ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଧୀରେନ୍ଦ୍ରନାଥ ପାତ୍ର, ପ୍ରାନ୍ତପାଳ କରିଥିବା ବିଭିନ୍ନ କାର୍ଯ୍ୟକ୍ରମ ଯାହା ରେକର୍ଡ ସୃଷ୍ଟି କରିପାରିଛି ସେ ସମ୍ପର୍କରେ କବିତା ମାଧ୍ୟମରେ ବର୍ଣ୍ଣନା କରିଥିଲେ। ଏଥିରେ ଅବସରପ୍ରାପ୍ତ ଅଧ୍ୟକ୍ଷ କ୍ୟାପଟେନ ଭବାନୀ ପ୍ରସାଦ ହୋତା ଏବଂ ସିଏ ସତୀଶ କୁମାର ସୁବୁଦ୍ଧି ନୂତନ ସଭ୍ୟ ଭାବରେ ଶପଥ ନେଇଥିଲେ। ଡ.ଚିନ୍ତାମଣୀ ମିଶ୍ର ନୂତନ ସଭ୍ୟଙ୍କ ପରିଚୟ ପ୍ରଦାନ ଏବଂ ସି.ଏ. ମନୋରଞ୍ଜନ ବାରିକ ଧନ୍ୟବାଦ ଅର୍ପଣ କରିଥିଲେ। ରୋଟାରୀ ସ୍ୱାବଲମ୍ବୀ ଯୋଜନାରେ ବାଣପୁରର ଚନ୍ଦ୍ରଶେଖର ସାହୁଙ୍କୁ ଏକ ଠେଲା ଗାଡ଼ି ନିଃଶୁଳ୍କ ପ୍ରଦାନ କରିଥିଲେ। ସେହିପରି ଅଲାଇଡିହ ପଦ୍ମଚରଣ ହାଇସ୍କୁଲ ସାମ୍ମୁଖରେ ଯାତାୟାତ ଗାଡ଼ିଗୁଡ଼ିକର ଗତିକୁ ଧୀମା କରିବାକୁ ଏକ ରୋଡ୍ ଡିଭାଇଡର ପ୍ରଦାନ କରାଯାଇଛି। ପରେ କ୍ଲବ୍ ତରଫରୁ ଚିଲିକା କୂଳରେ ସ୍ଥାପନା କରାଯାଇଥିବା ବିଶ୍ୱ ଶାନ୍ତିସ୍ତୂପର ଉଦ୍‌ଘାଟନ କରିବା ସହ ଚିଲିକା ରୋଡ୍ ପୁରୁଣା ଥାନା ସମ୍ମୁଖରେ ଗତ ଅକ୍ଷୟ ତୃତୀୟାଠାରୁ ଏଯାବତ୍ ଦହି ପଣା ବଣ୍ଟନ କାର୍ଯ୍ୟକ୍ରମରେ ଯୋଗଦେଇ ପଣା ବଣ୍ଟନ କରିଥିଲେ ପ୍ରାନ୍ତପାଳ ଶ୍ରୀ ମହାପାତ୍ର।

## ଶ୍ରୀମହାବୀର ମୂର୍ତ୍ତି ନିର୍ମାଣ ଭୂମିପୂଜନ ଓ ଶିଳାନ୍ୟାସ

ଟାଙ୍ଗୀ, ୫/୬(ସମିସ): ଅଯୋଧାର ଶ୍ରୀରାମ ମନ୍ଦିରରେ ଗୁରୁବାର ଶ୍ରୀରାମ ଦରବାର ପ୍ରାଣ ପ୍ରତିଷ୍ଠା କାର୍ଯ୍ୟକ୍ରମ ଚାଲିଥିବାବେଳେ ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ରତନପୁରରେ ଶ୍ରୀମହାବୀରଙ୍କ ମୂର୍ତ୍ତି ନିର୍ମାଣ ଭୂମିପୂଜନ ଓ ଶିଳାନ୍ୟାସ ଉତ୍ସବ ଅନୁଷ୍ଠିତ ହୋଇଯାଇଛି।



ସମାଜସେବୀ ଗୌରାଙ୍ଗ ପାତ୍ରଙ୍କ ଦ୍ୱାରା ଶ୍ରୀମହାବୀର ମୂର୍ତ୍ତି (ଆନୁମାନିକ ୩୦ ଫୁଟ୍ ଉଚ୍ଚତା) ନିର୍ମାଣର ଭୂମିପୂଜନ ଓ ଶିଳାନ୍ୟାସ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ରତନପୁର ଶ୍ରୀହନୁମାନ ବାଟିକାର ପୂଜନ କାର୍ଯ୍ୟକ୍ରମକୁ ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ ଡ. ଚନ୍ଦ୍ରଶେଖର ଦାଶ ପରିଚାଳନା କରିଥିଲେ। ଶିଳ୍ପୀ ବ୍ରହ୍ମକୁମାର ରବୀନ୍ଦ୍ର ଓ ପୂଜକ ଶିବ ପାଣିଗ୍ରାହୀ ସହଯୋଗ କରିଥିବାବେଳେ ଗ୍ରାମବାସୀଙ୍କ ମଧ୍ୟରେ ଅଭୂତପୂର୍ବ ଆନନ୍ଦଉଲ୍ଲାସ ଭରିଯାଇଥିବା ଲକ୍ଷ୍ୟ କରାଯାଇଥିଲା। ପ୍ରକାଶଥାଉ କି, ମୂର୍ତ୍ତି ନିର୍ମାଣର ଶୁଭ ଦେଇଥିବା ସମାଜସେବୀ ଗୌରାଙ୍ଗ ପାତ୍ର ନିକଟରେ ପୁଲିସ ଚାକିରିରୁ ଅବସର ନେଇଥିବାବେଳେ ପୁତ୍ର ଗଞ୍ଜାମ ପୁଲିସ ସୁପରିଣ୍ଟେଣ୍ଡେଣ୍ଟ ଓ କନ୍ୟା ରାଜ୍ୟ ପ୍ରଶାସନିକ ଅଧିକାରୀଙ୍କ ସହଯୋଗରେ ଏଭଳି କାର୍ଯ୍ୟ ହେଉଥିବା ଜଣାପଡ଼ିଛି।

## ତମାଖୁ ସେବନ ସାମାଜିକ ବିକାଶର ବଡ଼ ପ୍ରତିବନ୍ଧକ

ଖୋର୍ଦ୍ଧା, ୫/୬(ସମିସ): ବେଗୁନିଆ ଆଦର୍ଶ କ୍ଲବ୍ ପକ୍ଷରୁ ବିଶ୍ୱ ତମାଖୁ ବର୍ଜନ ଦିବସ ପାଳିତ ହୋଇଛି। ଏହି ଅବସରରେ ଅଦୃଶ୍ୟମାନ ବିପଦର କାରଣ-ତମାଖୁ ଶୀର୍ଷକ କବିତାପାଠ ଓ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। କ୍ଲବ୍‌ର ଉପଦେଷ୍ଟା ବିଶିଷ୍ଟ ରସାୟନ ବିଜ୍ଞାନୀ ଡ. ହରିପ୍ରସାଦ ଦାସ ସଭାପତିତ୍ୱ କରିଥିଲେ। ଥାନା ଅଧିକାରୀ ଜ୍ୟୋତି ପ୍ରକାଶ ପଣ୍ଡା ମୁଖ୍ୟ ଅତିଥି, ଡ. ଅମରେନ୍ଦ୍ର ନାଥ ମହାପାତ୍ର ମୁଖ୍ୟବକ୍ତା, ସ୍ଥାନୀୟ ଗୋପବନ୍ଧୁ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରମୋଦ ସ୍ୱାଇଁ ଓ ପ୍ରାକ୍ତନ ପ୍ରଶାସନିକ ଅଧିକାରୀ ସୁଧାକର ସାମନ୍ତରାୟ ସମ୍ମାନିତ ଅତିଥିରୂପେ ଯୋଗଦେଇ ତମାଖୁ ସେବନ ସାମାଜିକ ବିକାଶରେ ବଡ଼ ପ୍ରତିବନ୍ଧକ ବୋଲି କହିଥିଲେ। କାର୍ଯ୍ୟକ୍ରମ ସଂଯୋଜକ ରବୀନ୍ଦ୍ର ନାଥ ପାଣିଗ୍ରାହୀ ଏହି ଦିବସର ତାତ୍ପର୍ଯ୍ୟ ସମ୍ବନ୍ଧରେ ସୂଚନା ଦେଇଥିଲେ। ଏହି ଅବସରରେ ଗୋପବନ୍ଧୁ ଉଚ୍ଚ ବିଦ୍ୟାଳୟରେ ନୂତନ ଭାବେ ଯୋଗଦେଇଥିବା ପ୍ରଧାନଶିକ୍ଷକ ଶ୍ରୀ ସ୍ୱାଇଁଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। କବୟିତ୍ରୀ ମାନସୀ ଦାସଙ୍କ ସଂଯୋଜନା କରିଥିଲେ। ଅନୁଷ୍ଠାନ ଉପସଭାପତି ମହେଫୁଜ ଅଲ୍ଲୀ ଧନ୍ୟବାଦ ଦେଇଥିଲେ।

## ନୂତନ ବିଡିଓଙ୍କୁ ନିର୍ବାଚିତ ପ୍ରତିନିଧିଙ୍କ ସ୍ୱାଗତ ସମ୍ବର୍ଦ୍ଧନା

ବେଗୁନିଆ, ୫/୬(ସମିସ): ବେଗୁନିଆ ବ୍ଲକ୍ କାର୍ଯ୍ୟାଳୟ ପରିସରରେ ନୂତନ ବିଡିଓ ସନ୍ତୋଷ ଜେନାଙ୍କୁ ନିର୍ବାଚିତ ପ୍ରତିନିଧିଙ୍କ ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଛି। ଏଥିରେ ବ୍ଲକ୍ ଅଧ୍ୟକ୍ଷ ଲକ୍ଷ୍ମୀଧର ସୁବୁଦ୍ଧିଙ୍କ ଅଧ୍ୟକ୍ଷତାରେ ବିଧାୟକ ପ୍ରଦୀପ କୁମାର ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ସରପଞ୍ଚ, ସମିତିସଭ୍ୟଙ୍କ ସହ କାର୍ଯ୍ୟାଳୟରେ ଯୋଗ ଦେଇଥିବା ନୂତନ ବିଡିଓ ଶ୍ରୀ ଜେନାଙ୍କୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରିଥିଲେ। ଏଥିରେ ବିଡିଓ ଶ୍ରୀ ଜେନା ବ୍ଲକ୍‌ର ସମସ୍ତ ଉନ୍ନତିମୂଳକ କାର୍ଯ୍ୟ ସୁଚାରୁ ରୂପେ ତୁଲାଇବେ ବୋଲି କହିଛନ୍ତି।

### ମେଗା ପାଇପ୍ ଜଳ ଯୋଗାଣ ସମନ୍ୱୟ ଓ ପରିଚାଳନା କମିଟି ବୈଠକ

# ଯୁଦ୍ଧକାଳୀନ ଭିତ୍ତିରେ ଜଳଯୋଗାଣ ପ୍ରକଳ୍ପ ସାରିବାକୁ ଗୁରୁତ୍ୱ

ଖୋର୍ଦ୍ଧା, ୫/୬(ସମିସ): ଖୋର୍ଦ୍ଧା ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ଚାଲୁ ରହିଥିବା ମେଗା ପାଇପ୍ ଜଳ ଯୋଗାଣ ସମନ୍ୱୟ ଓ ପରିଚାଳନା କମିଟିର ବୈଠକ ଗୁରୁବାର ପୂର୍ବାହ୍ଣରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓ୍ୱାନ୍ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଚଞ୍ଚଳ ରାଣା ଏଥିରେ ଅଧ୍ୟକ୍ଷତା କରିଥିଲେ। ଚିଲିକା, ଟାଙ୍ଗୀ, ବାଣପୁର ରିୱାଟର ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ନିର୍ମାଣ, ଭୁବନେଶ୍ୱର ବ୍ଲକ୍‌ର ୯ଟି ପଞ୍ଚାୟତରେ କ୍ଲିୟର ୱାଟର ରାଇଜିଂ ମେନ୍ ପାଇପଲାଇନ୍, ଟାଙ୍ଗୀ ବ୍ଲକ୍‌ର ୧୭ଟି ଗ୍ରାମ ପଞ୍ଚାୟତରେ ବିଛା ଯାଇଥିବା କ୍ଲିୟର ୱାଟର ରାଇଜିଂ ମେନ୍ ପାଇପ୍ ଲାଇନ, ଚିଲିକା, ଟାଙ୍ଗୀ, ବାଣପୁର ବ୍ଲକ୍, ଭୁବନେଶ୍ୱର ବ୍ଲକ୍‌ର ୬ଟି ପଞ୍ଚାୟତରେ ପାନୀୟଜଳ ସେବା ନିମନ୍ତେ ବାଙ୍କୁଆଳଠାରେ ଏଲିଭେଟେଡ୍ ଷ୍ଟୋରେଜ୍ ରିଜର୍ଭ ଭେୟର ନିର୍ମାଣ ସମୀକ୍ଷା କରିଥିଲେ। ସେହିପରି ବୋଲଗଡ଼ ଓ ବେଗୁନିଆ ବ୍ଲକ୍‌ରେ ଜାତୀୟ ରାଜପଥ କଡ଼ରେ ପାଇପ୍ ଲାଇନ୍ କାର୍ଯ୍ୟ, ସାନପଦର, ଡାବରଧୁଆ ପାଟଣା ଗ୍ରାମ ନିକଟରେ ରେଳ ଲାଇନ୍



ମଧ୍ୟ ଦେଇ ପାଇପଲାଇନ୍ ଯିବା, ଟାଙ୍ଗୀ ବ୍ଲକ୍‌ରେ ୱାଟର ରାଇଜିଂ ମେନ୍/କ୍ଲିୟର ୱାଟର ରାଇଜିଂ ମେନ୍, ବାଲିପାଟଣା ବ୍ଲକ୍‌ରେ ଦରଦନଳା ଓ ଝିଣ୍ଟି ନଳା ସେତୁ ରାସ୍ତା ମଧ୍ୟରେ ପାଇପ୍ ଲାଇନ୍ ଯିବା, ହରିପୁର କେନାଲ ସେତୁ ରାସ୍ତାରେ ପାଇପ୍ ଲାଇନ୍ ଯିବା, ବେଗୁନିଆ ୱାଟର ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପମ୍ପ ହାଉସକୁ ୩୩ କେଭି/୪୩୩ କେଭି ବିଦ୍ୟୁତ୍ ଯୋଗାଣ, ଜଟଣୀ ୱାଟର ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ଏବଂ ଇନ୍‌ଟେକ୍ ପମ୍ପ ହାଉସ ଆଦି ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ସମସ୍ୟାଗୁଡ଼ିକ ସମ୍ବନ୍ଧରେ ଜିଲ୍ଲାପାଳ ସମୀକ୍ଷା କରିଥିଲେ। ସେହିପରି ସର୍ବୋତ୍ତମ ମାନର କାର୍ଯ୍ୟ ଯୋଗାଇଦେବା ସହ ନିର୍ଦ୍ଧାରିତ ସମୟରେ ପ୍ରକଳ୍ପ କାର୍ଯ୍ୟ ଶେଷ କରିବାକୁ କାର୍ଯ୍ୟକାରୀ ସଂସ୍ଥା ଅଧିକାରୀଙ୍କୁ ଜିଲ୍ଲାପାଳ ତାଗିଦ୍ କରିଥିଲେ। ଏଥିସହିତ ଜାତୀୟ ରାଜପଥ କାର୍ଯ୍ୟ, ପୂର୍ତ୍ତ ବିଭାଗ, ୱାଟ୍‌କୋ, ଜଳସେଚନ, ବିଦ୍ୟୁତ୍ ପ୍ରଭୃତି ବିଭାଗର ବିଭିନ୍ନ ପ୍ରକଳ୍ପର କାର୍ଯ୍ୟ ଅଗ୍ରଗତି, ଜମି ସମସ୍ୟା, ଆଇନଶୃଙ୍ଖଳା ପରିସ୍ଥିତି, ମ୍ୟାପ୍ ପ୍ରସ୍ତୁତି, ସାବିକ୍ ରେକର୍ଡ ଓ ହାଲ୍ ରେକର୍ଡ ଯାଞ୍ଚ କାର୍ଯ୍ୟର ସମୀକ୍ଷା କରିଥିଲେ। ସେହିପରି ବିଡିଓ, ତହସିଲଦାର ସମ୍ପୃକ୍ତ ଲାଇନ୍ ଡିପାର୍ଟମେଣ୍ଟ ଏବଂ କାର୍ଯ୍ୟକାରୀ ସଂସ୍ଥା ସମନ୍ୱୟ ରକ୍ଷା କରି କ୍ଷେତ୍ରରେ ଉପୁଜୁଥିବା ସମସ୍ତ ସମସ୍ୟାର ସମାଧାନ କରି ଆସନ୍ତା ବୁଧବାର ସୁଦ୍ଧା ଜିଲ୍ଲା ପ୍ରଶାସନକୁ ବିସ୍ତୃତ ରିପୋର୍ଟ ପ୍ରଦାନ କରିବାକୁ ଜିଲ୍ଲାପାଳ ସମ୍ପୃକ୍ତ ବିଭାଗମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ଅତିରିକ୍ତ ଜିଲ୍ଲାପାଳ(ପ୍ରଶାସନ) ପ୍ରତାପ ଚନ୍ଦ୍ର ବେଉରା, ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜ୍ୟୋତିଶଙ୍କର ସାହୁ, ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ ଅଧୀକ୍ଷଣ ଯନ୍ତ୍ରୀ ଇଂ ରଶ୍ମିତା ଦାସ, ପୂର୍ତ୍ତ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ଇଂ ଶିବଲାଲ ସାହୁଙ୍କ ସମେତ ଲାଇନ ଡିପାର୍ଟମେଣ୍ଟ ନିର୍ବାହୀ ଯନ୍ତ୍ରୀ ଓ ବରିଷ୍ଠ ଅଧିକାରୀମାନେ ଯୋଗଦେଇଥିଲେ।

## ଟ୍ରେନ୍ ଯାତ୍ରୀଙ୍କ ବାଇକ୍ ଚୋରି; ହରଡ଼ଘଣାରେ ଷ୍ଟାଣ୍ଡ ମାଲିକ

ନିରାକାରପୁର, ୫/୬(ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ରେଳ ଷ୍ଟେସନ ବଜାର ନିକଟରୁ ଗୁରୁବାର ଜଣେ ଟ୍ରେନ୍ ଯାତ୍ରୀଙ୍କ ବାଇକ ଚୋରି ହୋଇଥିବା ଜଣାପଡ଼ିଛି। ପ୍ରକାଶ ଯେ, କଟକ ଜିଲ୍ଲାର ଜଣେ ବ୍ୟକ୍ତି ଯେ କି କଣାସ ଅଞ୍ଚଳରେ ବିଦ୍ୟୁତ୍ ବିଭାଗରେ କାର୍ଯ୍ୟ କରୁଥିବାବେଳେ ଟ୍ରେନ୍‌ରେ ଆସି ନିରାକାରପୁର ରେଳ ଷ୍ଟେସନ ନିକଟ ଏକ ଘରୋଇ ସାଇକଲ ଷ୍ଟାଣ୍ଡରେ ରଖୁଥିବା ବାଇକ୍‌କୁ ନେଇ ନିଜର କର୍ମ କ୍ଷେତ୍ରକୁ ଯାଉଥିଲେ। ବେଳେବେଳେ ସପ୍ତାହେ ଲେଖାଏଁ ନିଜର ବାଇକ ରଖି କାର୍ଯ୍ୟକ୍ଷେତ୍ରରେ ରହି ଯାଉଥିଲେ। କିନ୍ତୁ ଗୁରୁବା ସକାଳୁ ତାଙ୍କ ବାଇକଟିକୁ ଷ୍ଟାଣ୍ଡ ମାଲିକ ଘରୁ ବାହାର କରି ନିଜ ଘର ସାମ୍ନାରେ ରଖିଥିବାବେଳେ କେହି ଦୁର୍ବୃତ୍ତ ନେଇଯାଇଥିବା ଜଣାପଡ଼ିଛି। ତେଣୁ ଗାଡ଼ି ମାଲିକ ଜଣକ ଗାଡ଼ି ପାଇଁ ଆସି ନେବାକୁ ଗଲାବେଳେ ନିରାଶ ହୋଇଛନ୍ତି। କିଛି ଭଦ୍ରବ୍ୟକ୍ତିଙ୍କ ମଧ୍ୟସ୍ଥତାରେ ଏକ ଚୁକ୍ତିପତ୍ର ମାଧ୍ୟମରେ ଘରୋଇ ଷ୍ଟାଣ୍ଡ ମାଲିକ ଗାଡ଼ି ମାଲିକଙ୍କୁ କିଛି ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଗାଡ଼ି ଖୋଜି ଫେରସ୍ତ କରିବାକୁ ଲେଖାପଢ଼ା କରାଯିବା ପରେ ଗାଡ଼ି ମାଲିକ ଘରକୁ ଫେରିଥିବା ଜଣାପଡ଼ିଛି। ପ୍ରକାଶଥାଉ କି, ପୂର୍ବରୁ ଏହି ଷ୍ଟେସନ ୪ନଂ ପଟରେ ବହୁ ଘରୋଇ ଷ୍ଟାଣ୍ଡ ଚାଲିଥିବାବେଳେ ରେଳ ବିଭାଗ ତରଫରୁ ଏକ ସାଇକଲ ଷ୍ଟାଣ୍ଡ ନିଲାମ ଦିଆଯାଇ ଚାଲୁ କରାଯାଇଥିଲା। କିନ୍ତୁ ନିରାପତ୍ତା ଦୃଷ୍ଟିରୁ ଯାତ୍ରୀମାନେ ଘରୋଇ ଷ୍ଟାଣ୍ଡରେ ଗାଡ଼ି ରଖିବାକୁ ପସନ୍ଦ କରିବାରୁ କାଳକ୍ରମେ ନିଲାମ ସାଇକଲ ଷ୍ଟାଣ୍ଡଟି ବନ୍ଦ ହୋଇଯାଇଥିଲା। ଗାଡ଼ିଟି ଚୋରି ଯାଇଥିଲେ ବି ନା ଷ୍ଟାଣ୍ଡ ମାଲିକ କିମ୍ବା ଗାଡ଼ି ମାଲିକ କେହି ପୁଲିସ ନିକଟରେ ଅଭିଯୋଗ କରି ନ ଥିବା ରିପୋର୍ଟ ଲେଖା ହେବା ପର୍ଯ୍ୟନ୍ତ ଜଣାପଡ଼ିଛି।

## ଖୋର୍ଦ୍ଧାରୋଡ୍ ମଣ୍ଡଳ ପକ୍ଷରୁ ଲେଭଲ୍ କ୍ରସିଙ୍ଗ୍ ସଚେତନତା

ଜଟଣୀ, ୫/୬(ସମିସ): ସଡ଼କ ବ୍ୟବହାରକାରୀଙ୍କ ମଧ୍ୟରେ ଲେଭଲ୍ କ୍ରସିଙ୍ଗ୍ ସୁରକ୍ଷା ବିଷୟରେ ସଚେତନତା ବୃଦ୍ଧି କରିବା ଏବଂ ଲେଭଲ୍ କ୍ରସିଙ୍ଗ୍‌ଠାରେ ଦୁର୍ଘଟଣାକୁ ଏଡ଼ାଇବା ଉଦ୍ଦେଶ୍ୟରେ ଖୋର୍ଦ୍ଧା ରୋଡ୍ ମଣ୍ଡଳ ଦ୍ୱାରା ଅନ୍ତର୍ଜାତୀୟ ଲେଭଲ୍ କ୍ରସିଙ୍ଗ୍ ସଚେତନତା ଦିବସ ପାଳନ କରାଯାଇଛି। ଏହି ପର୍ଯ୍ୟବେକ୍ଷଣର ଅରଗୁଳ ରେଳ ଷ୍ଟେସନ ନିକଟସ୍ଥ ଲେଭଲ୍ କ୍ରସିଂ ଗେଟ୍ ନମ୍ବର ୨୦୨ରେ ଜନସାଧାରଣଙ୍କ ପାଇଁ ଏକ ସଚେତନତା କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଖୋର୍ଦ୍ଧା ରୋଡ୍ ସିଭିଲ୍ ଡିଫେନ୍ସ ସଂଗଠନର ସଦସ୍ୟଙ୍କ ଦ୍ୱାରା ଏକ ପଥପ୍ରାନ୍ତ ନାଟକ ମଧ୍ୟ ଆୟୋଜିତ ହୋଇଥିଲା। ଏହି ନାଟକ ଦ୍ୱାରା ଜନସାଧାରଣଙ୍କୁ ସଚେତନ କରାଯାଇଥିଲା ଯେ, ଟ୍ରେନ୍ ଫାଟକ ଅତିକ୍ରମ କରିବା ପାଇଁ





ମାତ୍ର କିଛି ସେକେଣ୍ଡ ସମୟ ନେଇଥାଏ। ତେଣୁ ଫାଟକ ବନ୍ଦ ଥିବା ସମୟରେ ଜନସାଧାରଣ ଧୈର୍ଯ୍ୟ ରଖନ୍ତୁ ଆଉ ଗେଟ୍ ବନ୍ଦ ଥିଲାବେଳେ ରେଳ ଟ୍ରାକ୍ ଅତିକ୍ରମ କରନ୍ତୁ ନାହିଁ କିମ୍ବା ଗେଟ୍ ଖୋଲିବା ପାଇଁ ଗେଟ୍ କିପରଙ୍କୁ ଚାପ ପକାନ୍ତୁ ନାହିଁ। ଏହି କାର୍ଯ୍ୟକ୍ରମରେ ପି.କେ.ବେହେରା, ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ (ଓପି), ଶୁଭ୍ରଜ୍ୟୋତି ମଣ୍ଡଳ, ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ (ଇନ୍‌ଫ୍ରା), ଶରତ ଚନ୍ଦ୍ର ବେହୁରିଆ, ଡେପୁଟି ମୁଖ୍ୟ ନିରାପତ୍ତା ଅଧିକାରୀ, ପୂର୍ବତଟ ରେଲ୍‌ୱେ ଏବଂ ଆଶିଷ କୁମାର ସେନାପତି, ବରିଷ୍ଠ ମଣ୍ଡଳ ନିରାପତ୍ତା ଅଧିକାରୀ (କାର୍ଯ୍ୟକାରୀ) ଉପସ୍ଥିତ ଥିଲେ।

### ଖବର ପ୍ରକାଶ ପରେ...

## ଅତ୍ରି ଉଷ୍ମପ୍ରସ୍ରବଣ କାର୍ଯ୍ୟ ପାଇଁ ପ୍ରଶାସନ ତତ୍ପର

ବେଗୁନିଆ, ୫/୬(ସମିସ): ଏସିଆ ମହାଦେଶର ପ୍ରମୁଖ ପର୍ଯ୍ୟଟନସ୍ଥଳୀ ବେଗୁନିଆ ବ୍ଲକ୍ ବାଘମାରୀ ପଞ୍ଚାୟତ ଅନ୍ତର୍ଗତ ଅତ୍ରି ଗ୍ରାମସ୍ଥିତ ଉଷ୍ମପ୍ରସ୍ରବଣ ଓ ଏକାଦଶ ରୁଦ୍ର ବାବା ହଟ୍ଟକେଶ୍ୱର ପୀଠର ଉନ୍ନତୀକରଣ ପାଇଁ ବାରମ୍ବାର ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲା। ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଶାସନ କାଳରେ ଅତ୍ରିକୁ ପ୍ରମୁଖ ପର୍ଯ୍ୟଟନସ୍ଥଳୀର ବିକାଶ ପାଇଁ ୪ କୋଟି ଟଙ୍କାର ଅନୁଦାନ ରାଶି ମଞ୍ଜୁର ହୋଇଥିଲା। ସେହି ଅନୁଦାନ ଅର୍ଥରେ ଅତ୍ରି ଉଷ୍ମପ୍ରସ୍ରବଣ ପରିସରରେ ଥିବା ମୁଖ୍ୟ କୁଣ୍ଡ ଭୁଶୁଡ଼ିବା, ଜଳଯୋଗାଣ, ପାନ୍ଥନିବାସ ଗୃହର ମରାମତି ଓ ବିଭିନ୍ନ କାର୍ଯ୍ୟ ହୋଇପାରୁ ନ ଥିବାରୁ କୁମ୍ଭକର୍ଣ୍ଣ ନିଦ୍ରାରେ



ଶୋଇ ପଡ଼ିଥିବା ପ୍ରଶାସନ ଚେଇଁ ଉଠିଛି। ପ୍ରତିଦିନ ଦେଶ ବିଦେଶ ତଥା ରାଜ୍ୟ ବାହାରୁ ଆସୁଥିବା ପର୍ଯ୍ୟଟକମାନେ ମୁହଁ ଫେରାଇବା ଘଟଣା ଉପରେ ପ୍ରଶାସନକୁ ଅବଗତ କରାଇବାରେ ଗଣମାଧ୍ୟମର ପ୍ରମୁଖ ଭୂମିକା ଗ୍ରହଣ କରିଥିଲା। ଏଥିରେ ବିଧାୟକ ପ୍ରଦୀପ କୁମାର ସାହୁ ଓ ଜିଲ୍ଲା ପର୍ଯ୍ୟଟନ ବିଭାଗ ଅଧିକାରୀ ମୀରାବାଇ ବେହେରା ଓ ଯନ୍ତ୍ରୀଙ୍କ ସମେତ ସ୍ଥାନୀୟ ଅଞ୍ଚଳର ଜନସାଧାରଣ ଉପସ୍ଥିତ ରହି ବିକାଶ କାର୍ଯ୍ୟକୁ କିଭଳି ତ୍ୱରାନ୍ୱିତ କରାଯିବ ତା'ର ରୂପରେଖ ପ୍ରସ୍ତୁତ କରିଥିଲେ। ଏହି ୪ କୋଟି ଅନୁଦାନ ଅର୍ଥର ସଦୁପଯୋଗ କରିବା ପାଇଁ ପ୍ରଶାସନିକସ୍ତରରେ ଚୂଡ଼ାନ୍ତ ପ୍ରସ୍ତୁତି ହୋଇଛି।

### ● ଜଣ୍ଡିସ ସଂକ୍ରମଣ ଘଟଣା

## ନରମାନବୀ ଓ ବଡ଼ପାରୀରେ ପାଣି ନମୂନା ପରୀକ୍ଷା

ଟାଙ୍ଗୀ, ୫/୬(ସମିସ): ଟାଙ୍ଗୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରଭୁକ୍ତ ବଡ଼ପାରୀ ଓ ନରମାନବୀରେ ଜଣ୍ଡିସ ସଂକ୍ରମଣକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ କ୍ରମେ ବୁଧବାର ରକ୍ତ ନମୂନା ଓ ଗୁରୁବାର ପାନୀୟଜଳ ନମୂନା ପରୀକ୍ଷା କରାଯାଇଥିବା ଜଣାପଡ଼ିଛି। ସୂଚନାଯୋଗ୍ୟ, ଏହି ସ୍ୱାସ୍ଥ୍ୟକେନ୍ଦ୍ର ପରିସରଭୁକ୍ତ ବଡ଼ପାରୀରେ ପ୍ରଥମେ ଜଣ୍ଡିସ ସଂକ୍ରମଣ ଜଣାପଡ଼ିଥିଲା ଓ ୫ ଜଣ ସଂକ୍ରମିତ ଚିହ୍ନଟ ପରେ ସ୍ୱାସ୍ଥ୍ୟ ବିଭାଗର ତତ୍ପରତା ଦେଖାଯାଇଥିଲା। ବଡ଼ପାରୀରେ ସ୍ୱାସ୍ଥ୍ୟ ବିଭାଗ ପ୍ରତିଶେଧକ ବ୍ୟବସ୍ଥା ଆପଣାଇଥିଲା। ବଡ଼ପାରୀ ପରେ ଏହି ସ୍ୱାସ୍ଥ୍ୟକେନ୍ଦ୍ର ପରିସରଭୁକ୍ତ ଆଦିବାସୀ ଅଧ୍ୟୁଷିତ



କୁଞ୍ଜୁରୀ ପଞ୍ଚାୟତ ନରମାନବୀରେ ୧୫ ଜଣ ସଂକ୍ରମଣର ଶିକାର ହୋଇଥିବା ଜଣାପଡ଼ିବା ପରେ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର ଏକ ଟିମ୍ ନରମାନବୀରେ ପହଞ୍ଚି ରକ୍ତ ନମୂନା ପରୀକ୍ଷା ପରେ ବୁଧବାର ୮ ଜଣ ସଂକ୍ରମଣର ଶିକାର ହୋଇଥିବା ଜଣାପଡ଼ିବା ପରେ ପ୍ରତିଷେଧକ ବ୍ୟବସ୍ଥା ଜାରି ରହିଛି। ଗୁରୁବାର ବଡ଼ପାରୀ ଓ ନରମାନବୀରେ ଗ୍ରାମ ଜଳଯୋଗାଣ ଓ ପରିମଳ ବିଭାଗ ବିଭିନ୍ନ ସ୍ଥାନରେ ପାନୀୟଜଳ ନମୂନା ସଂଗ୍ରହ କରି ପରୀକ୍ଷା ପାଇଁ ପଠାଇଥିବା ଜଣାପଡ଼ିଛି।

# ପ୍ଲାଷ୍ଟିକ୍‌ମୁକ୍ତ ପରିବେଶ ଓ ବୃକ୍ଷରୋପଣ ପାଇଁ ଆହ୍ୱାନ





### ● ଖୋର୍ଦ୍ଧା ଜିଲ୍ଲା ଭାରତ ସ୍କାଉଟ୍ସ ଗାଇଡ୍ସ

ଖୋର୍ଦ୍ଧା, ୫/୬(ସମିସ): ଖୋର୍ଦ୍ଧା ଉପକଣ୍ଠ ଅଣ୍ଡା ଶାଳେଶ୍ୱର ସପ୍ତେଶ୍ୱର ଦେବ ବିଦ୍ୟାପୀଠ ପରିସରରେ ଖୋର୍ଦ୍ଧା ଜିଲ୍ଲା ଭାରତ ସ୍କାଉଟ୍ସ ଓ ଗାଇଡ୍ସ ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଛି। ପ୍ରାରମ୍ଭରେ ଜିଲ୍ଲା ଶିକ୍ଷାଧିକାରୀ ସୋନାମିକା ରାୟଙ୍କ ପରିବେଶଜନିତ ବାର୍ତ୍ତାକୁ ପାଠ କରାଯାଇଥିଲା। ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଡ. ପ୍ରଜ୍ଞା ପାରମିତା ଜେନା, ଅନ୍ୟତମ ଅତିଥିଭାବେ ଡି. ବିଜୟଲକ୍ଷ୍ମୀ ଯୋଗଦେଇ ବୃକ୍ଷରୋପଣ କରିବା ସହିତ ପରିବେଶ ପାଇଁ ଆଜିର ଦିନରେ ସମସ୍ତେ ମୁକ୍ତ ଭାବରେ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଥିଲେ। ଏହି ଅବସରରେ ଚିତ୍ରାଙ୍କନ, ତର୍କ, ସଙ୍ଗୀତ ଓ କୁଇଜ୍ ପ୍ରଭୃତି ପ୍ରତିଯୋଗିତାରେ ୧୨ ଜଣ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ଏଥିସହିତ ଜିଲ୍ଲା ସ୍କାଉଟ୍ କମିଶନର ପ୍ରଭାକର ସାହୁ ଏବଂ ରାଜ୍ୟ ତାଲିମଦାତା ଦିବାକର ପଟ୍ଟନାୟକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଜିଲ୍ଲା ସ୍କାଉଟ୍ସ ଗାଇଡ୍ସ ସମ୍ପାଦକ ସୁଧାକର ମହାପାତ୍ର କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଯୁଗ୍ମ ସମ୍ପାଦକ ପ୍ରକାଶ ପଲାଇ, ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ଦିଲ୍ଲୀପ କୁମାର ମୋଦୀ, ଅଫିସ ଆସିଷ୍ଟାଣ୍ଟ ସଞ୍ଜୟ କୁମାର ବଳବନ୍ତରାୟ, ଜିଲ୍ଲା କର୍ମକର୍ତ୍ତା ଶ୍ୟାମ ସୁନ୍ଦର ହୋତା, ଚିତ୍ତରଞ୍ଜନ ବରାଳ, ମାନସ ସେଠୀ, ନୃସିଂହ ପ୍ରସାଦ ସିଂଙ୍କ ସମେତ ବିଦ୍ୟାଳୟ ପଞ୍ଚସଖା ପରିଚାଳନା ସଂଗଠନ ସଭାପତି, ପରିଚାଳନା କମିଟି ସଦସ୍ୟ, ଶିକ୍ଷକ ଶିକ୍ଷୟିତ୍ରୀ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଶେଷରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ଗଣେଶ ପୃଷ୍ଟି ଧନ୍ୟବାଦ ଅର୍ପଣ କରିଥିଲେ।

### ● ବ୍ରହ୍ମାକୁମାରୀ ସେବାକେନ୍ଦ୍ର

ସ୍ଥାନୀୟ ଗୋଡ଼ିପୋଖରୀସ୍ଥିତ ବ୍ରହ୍ମାକୁମାରୀ ସେବାକେନ୍ଦ୍ର ପରିସରରେ ଏହାର ମୁଖ୍ୟ ସଞ୍ଚାଳିକା ବ୍ରହ୍ମାକୁମାରୀ ଅନୁରାଧା ଭଉଣୀଙ୍କ ସଭାପତିତ୍ୱରେ "ବିଶ୍ୱ ପରିବେଶ ଦିବସ' ପାଳନ କରାଯାଇଥିଲା। ଅତିଥି ଭାବରେ ବରିଷ୍ଠ ସାମ୍ବାଦିକ ସୁଜିତ୍ ମିଶ୍ର ଯୋଗଦେଇ ପରିବେଶ ସୁରକ୍ଷା ବିଷୟରେ ନିଜର ମତ ରଖିଥିଲେ। ପରେ ଉପସ୍ଥିତ ବ୍ରହ୍ମାକୁମାର ଓ ବ୍ରହ୍ମାକୁମାରୀମାନଙ୍କୁ ଚାରା ବଣ୍ଟନ କରିଥିଲେ। ଏହାପରେ ଖୋର୍ଦ୍ଧା ସହର ଉପକଣ୍ଠ ଅର୍ଜୁନପୁରସ୍ଥିତ ଷଷ୍ଠ ଭାରତ ରିଜର୍ଭ ବାଟାଲିୟନ ପରିସରରେ କମାଣ୍ଡାଣ୍ଟ ବସନ୍ତ ନାୟକଙ୍କ ସମେତ ୩ ଜଣ ଡେପୁଟି କମାଣ୍ଡାଣ୍ଟ, ୨ ଜଣ ଆସିଷ୍ଟାଣ୍ଟ କମାଣ୍ଡାଣ୍ଟ, ୧୦ ଜଣ କନେଷ୍ଟବଳ, ୧୦ ଜଣ ଓଡ୍ରାଫ୍ ଓ ବ୍ରହ୍ମାକୁମାରୀ ଖୋର୍ଦ୍ଧା ସେବାକେନ୍ଦ୍ରର ଭାଇ-ଭଉଣୀମାନେ ମିଶି ବୃକ୍ଷରୋପଣ କରିଥିଲେ। ଏହାପରେ ଗୁରୁଜଙ୍ଗସ୍ଥିତ ଜବାହର ନବୋଦୟ ବିଦ୍ୟାଳୟ ପରିସରରେ ଅଧ୍ୟକ୍ଷା କବିତା କରଙ୍କ ଉପସ୍ଥିତିରେ ବିଭିନ୍ନ ରାଜ୍ୟରୁ ଆସିଥିବା ୩୦ ଜଣଙ୍କୁ ପରିବେଶ ସୁରକ୍ଷା, ସ୍ୱଚ୍ଛତା, ଆଧ୍ୟାତ୍ମିକତା ଓ ରାଜଯୋଗ ବିଷୟରେ ବ୍ରହ୍ମାକୁମାରୀ ଭାଇଭଉଣୀମାନେ ଶିକ୍ଷା ଦେଇଥିଲେ।



### ● ତାଲୁକ ଆଇନ ସେବା କମିଟି

ଖୋର୍ଦ୍ଧା କୋର୍ଟ ତାଲୁକ ଆଇନସେବା ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଛି। ଖୋର୍ଦ୍ଧା ଉପକଣ୍ଠ ପାଇକତିଗିରିଆ ସଂରକ୍ଷିତ ଜଙ୍ଗଲରେ ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ବୃକ୍ଷରୋପଣ କରାଯାଇଛି। ଏଥିରେ ଦ୍ୱିତୀୟ ଅତିରିକ୍ତ ଜିଲ୍ଲା ଜଜ୍ ସୁଷମା ସ୍ୱାଇଁ, ସିଜିଏମ୍ ଶରତଚନ୍ଦ୍ର ଜେନା, ସିଭିଲ୍ ଜଜ୍ (କନିଷ୍ଠ) ଶ୍ରୀପର୍ଣ୍ଣା ମହାପାତ୍ର, ଜେଏମ୍‌ଏଫ୍‌ସି ଦୁର୍ଗାପ୍ରସାଦ ପଣ୍ଡା, ରେଞ୍ଜର ଜୟକୃଷ୍ଣ ପଣ୍ଡା, ବସନ୍ତ ଶତପଥୀ, ଆଇନଜୀବୀ ବିକ୍ରମ କେଶରୀ ଚମ୍ପତି, ଶିବ ପ୍ରସାଦ ତ୍ରିପାଠୀ ପ୍ରମୁଖ ବୃକ୍ଷରୋପଣ କରିଥିଲେ।

**ଟାଙ୍ଗୀ:** ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ସୁନ୍ଦରପୁର କଲୋନୀ ପ୍ରାଥମିକ ବିଦ୍ୟାଳୟ ପରିସରରେ ବିଦ୍ୟାଳୟର ଅଭିଭାବକମାନଙ୍କୁ ନେଇ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଲଳିତ ନାରାୟଣ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ ବିଦ୍ୟାଳୟର ପରିଚାଳନା ସଭାପତି ରାଜୁ ଡାଲି, ଉପ ସଭାନେତ୍ରୀ ସୋନାଲୀ ମଣ୍ଡଳ, ଅସୀମା ପରମାଣିକ ପ୍ରମୁଖ ଅତିଥିରୂପେ ଯୋଗଦେଇ ପ୍ଲାଷ୍ଟିକ୍ ପ୍ରଦୂଷଣ, ଜଳବାୟୁ ପରିବର୍ତ୍ତନ, ବନ୍ୟପ୍ରାଣୀ ସୁରକ୍ଷା, ଗୋ-ସମ୍ପଦ ସୁରକ୍ଷା ନିଜ ଘର ଏବଂ ଆଖପାଖ ପରିବେଶ କିପରି ସ୍ୱଚ୍ଛ ରହିବ ସେ ସମ୍ପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ବିଦ୍ୟାଳୟ ପରିସରରେ ଚାରାରୋପଣ କରାଯାଇଥିଲା। ବୀଣାପାଣି ମଣ୍ଡଳ ଧନ୍ୟବାଦ ଅର୍ପଣ କରିଥିଲେ।

**ବାଲୁଗାଁ:** ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ଗୁରୁବାର ବାଲୁଗାଁ ମହାବିଦ୍ୟାଳୟ ପକ୍ଷରୁ ପ୍ଲାଷ୍ଟିକ୍‌ମୁକ୍ତ ଚିଲିକା ଅଭିଯାନ ଆରମ୍ଭ କରାଯାଇଛି। ମହାବିଦ୍ୟାଳୟର ରାଷ୍ଟ୍ରୀୟ ସମର ଶିକ୍ଷାର୍ଥୀ ବାହିନୀ, ଜାତୀୟ ସେବା ଯୋଜନା, ଯୁବ ରେଡ୍‌କ୍ରସ ସମେତ ବନ ବିଭାଗ ଓ ସ୍ଥାନୀୟ ସ୍ୱେଚ୍ଛାସେବୀ ଅନୁଷ୍ଠାନ ବିହଙ୍ଗ ଫାଉଣ୍ଡେସନ ମିଳିତ ଭାବେ ପ୍ଲାଷ୍ଟିକ୍‌ମୁକ୍ତ ଚିଲିକାର ସଂକଳ୍ପ ନେଇ ଏହି ଅଭିଯାନରେ ସାମିଲ ହୋଇ ଚିଲିକା କୂଳରେ ବୃକ୍ଷରୋପଣ କରିବା ସହ ପ୍ଲାଷ୍ଟିକ୍ ଆବର୍ଜନା ସଫେଇ କରିଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷ ଲକ୍ଷ୍ମୀଧର ସୁବୁଦ୍ଧି, ବାଲୁଗାଁ ବନ୍ୟପ୍ରାଣୀ ରେଞ୍ଜ ବନପାଳ ରଶ୍ମିତା ଜେନା, ଅଧ୍ୟାପକ କୈଳାସ ଚନ୍ଦ୍ର ମହାରଣା, ଏନ୍‌ଏସ୍‌ଏସ୍ କାର୍ଯ୍ୟକ୍ରମ ଅଧିକାରୀ ରୀନା ରାଉତ, ଯୁବ ରେଡ୍‌କ୍ରସ ଅଧିକାରିଣୀ ମନସ୍ୱିନୀ ପଟ୍ଟନାୟକ, ଅଧ୍ୟାପକ ଅକ୍ଷୟ କୁମାର ମିଶ୍ର, ବିହଙ୍ଗ ଫାଉଣ୍ଡେସନ ସମ୍ପାଦକ ବବୁଲ ରଣସିଂ, ଦୀପାଳି ପାଟ୍ଟଶାଣୀ ପ୍ରମୁଖ ସାମିଲ୍ ହୋଇଥିଲେ।

**ବେଗୁନିଆ:** ବେଗୁନିଆ ସଦର ମହକୁମାସ୍ଥିତ ସେଣ୍ଟ ଜାଭିୟର୍ସ ଉଚ୍ଚ ବିଦ୍ୟାଳୟ ବିଶ୍ୱ ପରିବେଶ ସଚେତନତା ଦିବସ ପାଳନ ହୋଇଛି। ସଭାର ପ୍ରାରମ୍ଭରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ଏକ ସଚେତନତା ରାଲି ସହ ବୃକ୍ଷରୋପଣ କରାଯାଇଥିଲା। ପରେ "ମୁଁ ଗଛ କହୁଛି' ଶୀର୍ଷକ ଆଲୋଚନାଚକ୍ର ଓ କବିତାପାଠରେ ଅନୁଷ୍ଠାନର ପ୍ରଶାସନିକ ଅଧିକାରୀ ସାମନ୍ତରାୟ ଦୀପ୍ତିରଞ୍ଜନ ମହାନ୍ତିଙ୍କ ଅଧ୍ୟକ୍ଷତା ଓ ପ୍ରଫେସର ରବୀନ୍ଦ୍ର ନାଥ ପାଣିଗ୍ରାହୀଙ୍କ ସଂଯୋଜନାରେ ଭୁବନେଶ୍ୱରସ୍ଥିତ ପଠାଣି ସାମନ୍ତ ପ୍ଲାନେଟୋରିୟମ୍‌ର ଅବସରପ୍ରାପ୍ତ ଉପନିର୍ଦ୍ଦେଶକ ଡ. ଶୁଭେନ୍ଦୁ ପଟ୍ଟନାୟକ ମୁଖ୍ୟ ଅତିଥି, ପରିବେଶପ୍ରେମୀ ବାବା ରାମଶରଣ ମୁଖ୍ୟବକ୍ତା, ଶିକ୍ଷାବିତ୍ ଡ. ହରି ପ୍ରସାଦ ଦାସ ଓ ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ସୁଧାକର ସାମନ୍ତରାୟ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବୃକ୍ଷ ବିନା ଜୀବଜଗତ ତିଷ୍ଠିବା ଅସମ୍ଭବ ବୋଲି ମତ ପ୍ରକାଶ କରିଥିଲେ। ଶେଷରେ ଗାୟକ ହରିହର ମହାପାତ୍ର ଉଦ୍‌ଯାପନୀ ସଙ୍ଗୀତ ଗାନ କରିଥିବାବେଳେ ଶିକ୍ଷୟିତ୍ରୀ ମୋନାଲିସା ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

**ଜଟଣୀ:** ପରିବେଶ ସୁରକ୍ଷା ଦିଗରେ ପ୍ରୟାସକୁ ଆହୁରି ଘନିଷ୍ଠ କରିବା ଏବଂ ପରିବେଶ ସଂରକ୍ଷଣ ପାଇଁ ଏକାଠି କାମ କରିବା ପାଇଁ ଖୋର୍ଦ୍ଧା ରୋଡ୍ ଡିଭିଜନ 'ବିଶ୍ୱ ପରିବେଶ ଦିବସ' ପାଳନ କରିଛି। ସବୁଜ ପରିବେଶ ଆଡ଼କୁ ଏକ ପଦକ୍ଷେପ ନେଇ ଉତ୍କଳ ପବ୍ଲିକ୍ ସ୍କୁଲରେ ଏକ ବୃକ୍ଷରୋପଣ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏଥିରେ ଖୋର୍ଦ୍ଧା ରୋଡ୍‌ର ଡିଭିଜନାଲ ରେଳ ପ୍ରବନ୍ଧକ ଏଚ୍.ଏସ୍.ବାଜୱା, ଗୁରସିମରନ କୌର, ପୂର୍ବତଟ ରେଳବାଇ ମହିଳା କଲ୍ୟାଣ ସଂଘର ସଭାନେତ୍ରୀ, ପି.କେ.ବେହେରା, ଅତିରିକ୍ତ ଡିଭିଜନାଲ ରେଳ ପ୍ରବନ୍ଧକ (ଅପରେସନ୍ସ), ଶୁଭ୍ରା ଜ୍ୟୋତି ମଣ୍ଡଳ, ଅତିରିକ୍ତ ଡିଭିଜନାଲ ରେଳ ପ୍ରବନ୍ଧକ (ଇନ୍‌ଫ୍ରା), ଶାଖା ଅଧିକାରୀ ଏବଂ ପୂର୍ବତଟ ରେଳବାଇ ମହିଳା କଲ୍ୟାଣ ସଂଘ ସଦସ୍ୟ ଚାରାରୋପଣ କରିଥିଲେ। ପରିବେଶ ଅନୁକୂଳ ଅଭ୍ୟାସ ଗ୍ରହଣ କରି ପ୍ଲାଷ୍ଟିକ୍ ପ୍ରଦୂଷଣ ଦୂର କରିବା ପାଇଁ ଯାତ୍ରୀଙ୍କୁ ପ୍ରେରଣା ଦେବା ପାଇଁ ସ୍କାଉଟ୍ସ ଏବଂ ଗାଇଡ୍ସ ପିଲାଙ୍କ ଦ୍ୱାରା ଖୋର୍ଦ୍ଧା ରୋଡ୍ ରେଳ ଷ୍ଟେସନରେ ସଚେତନତା କାର୍ଯ୍ୟକ୍ରମ କରାଯାଇଥିଲା। ଏହି ଅବସରରେ ଶ୍ରୀ ବାଜୱା ଓ ଶ୍ରୀମତୀ କୌର ଯାତ୍ରୀ ଏବଂ ବିକ୍ରେତାଙ୍କୁ କପଡ଼ା ବା ଝୋଟ ବ୍ୟାଗ୍ ବଣ୍ଟନ କରିଥିଲେ। ଏହି ଅବସରରେ ରେଳ କର୍ମଚାରୀଙ୍କ ପିଲାଙ୍କ ପାଇଁ ଏକ ଚିତ୍ରାଙ୍କନ ଏବଂ ଚିତ୍ରକଳା ପ୍ରତିଯୋଗିତା ଆୟୋଜନ କରାଯାଇଥିଲା।

## ଶିକ୍ଷକ ବଦଳି ପାଇଁ ନେତାଙ୍କ ଘରେ ଗହଳି

# ଗଣେଶ୍ୱରଙ୍କ ପରେ ଅସନ୍ତୋଷ ଝାଡ଼ିଲେ ତାରା

ଭୁବନେଶ୍ୱର,୫।୬(ସମିସ): ସୁପାରିସ୍ ଆଧାରରେ ଶିକ୍ଷକ/ଶିକ୍ଷୟତ୍ରୀଙ୍କୁ ବଦଳି କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ବିଜ୍ଞପ୍ତି ପରେ ଅଡୁଆରେ ପଡ଼ିଛନ୍ତି ବିଧାୟକ ଓ ସାଂସଦ। ସକାଳୁ ସକାଳୁ ଘରେ ଲାଗୁଛି ଲମ୍ବା ଲାଇନ୍। ଶହଶହ ଅନୁରୋଧପତ୍ର ଟେବୁଲ୍ ଉପରେ ଗଦା ହେଲାଣି। ତନ୍ମଧ୍ୟରୁ କେଉଁ ୧୫ ଜଣଙ୍କୁ ବଦଳି ପାଇଁ ସୁପାରିସ୍ କରିବେ ସେନେଇ ଜନପ୍ରତିନିଧିମାନେ ଅକଳରେ ପଡ଼ିଛନ୍ତି। ଫଳରେ ବିଧାୟକଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବା ସହ ସରକାର ଏହାର ପୁନଃବିଚାର କରିବାକୁ ଦାବି କରୁଛନ୍ତି। ବିଜେଡି ବିଧାୟକ ଗଣେଶ୍ୱର ବେହେରାଙ୍କ ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି ଏନେଇ ସରକାରଙ୍କୁ ପ୍ରଶ୍ନ କରିଛନ୍ତି।

ବିଜେଡି ବିଧାୟକ ଗଣେଶ୍ୱର ବେହେରା କହିଛନ୍ତି ଯେ ୧୫ଜଣ ଶିକ୍ଷକ ବଦଳି କ୍ଷମତା ବିଧାୟକଙ୍କୁ ବୁମେରାଂ ହେବ। ଅନେକ ଶିକ୍ଷକ ବଦଳି ସୁପାରିସ ପାଇଁ ଧାଡ଼ି ବାନ୍ଧୁଥିବାରୁ ସମସ୍ୟା ବଢ଼ିଛି। ଯେଉଁମାନେ ସୁପାରିସ ନ ପାଇବେ ସେମାନେ କେବେ କ୍ଷମା ଦେବେନି। ସହଯୋଗ ନ କରିବାକୁ ପରୋକ୍ଷରେ ମଧ୍ୟ ଧମକ ଦେଉଛନ୍ତି। ଗୋଟେ ବର୍ଷରେ ଏହି ସମସ୍ୟା, ପାଞ୍ଚ ବର୍ଷରେ ଅନେକ ଶତ୍ରୁ ବାହାରିବେ। ସରକାରଙ୍କ ସୁପାରିସ ବ୍ୟବସ୍ଥା ସାଙ୍ଘାତିକ ଅବସ୍ଥା ସୃଷ୍ଟି କରିଛି। ଏଥିପାଇଁ ବଦଳି ସୁପାରିସ କ୍ଷମତା ପ୍ରତ୍ୟାହାର କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀଙ୍କୁ ସେ ଚିଠି ଲେଖିଛନ୍ତି। ଅନ୍ୟ ବିଧାୟକମାନେ ଯଦି ଏକମତ ନୁହନ୍ତି, ତା'ହାଲେ ତାଙ୍କଠାରୁ ଏହି କ୍ଷମତା ଫେରାଇ ନିଅନ୍ତୁ ବୋଲି ବିଧାୟକ ଶ୍ରୀ ବେହେରା କହିଛନ୍ତି। ଯେଉଁ ଶିକ୍ଷକଙ୍କର ପ୍ରକୃତରେ ସମସ୍ୟା ଅଛି, ସେମାନଙ୍କ କଥା ବିଚାର କରାଯାଉ ଏବଂ ସରକାର ବଦଳି ନୀତିରେ ପରିନବର୍ତ୍ତନ କରନ୍ତୁ ବୋଲି ସେ ଦାବି କରିଛନ୍ତି।

**କେଭି, ଓଏଭି ଭଳି ସ୍ୱତନ୍ତ୍ର ନିୟମ ଆଣିବାକୁ ଶିକ୍ଷକ ସଂଘର ଦାବି**

ସେହିପରି କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି କହିଛନ୍ତି ଯେ ଶିକ୍ଷକ ବଦଳି ସୁପାରିସ ପାଇଁ ବିଧାୟକମାନଙ୍କୁ କ୍ଷମତା ଦେବା ସରକାରଙ୍କ ଏକ କଦର୍ଯ୍ୟ ନିଷ୍ପତ୍ତି। ପ୍ରାୟ ୫ଶହ ଶିକ୍ଷକ ବଦଳି ପାଇଁ ତାଙ୍କୁ ଅନୁରୋଧ କଲେଣି। ସମସ୍ତ ଆବେଦନକାରୀ ସମସ୍ତେ ନିଜର, ତାଙ୍କ ନିର୍ବାଚନମଣ୍ଡଳୀର। ଏପରିକି ସମ୍ପର୍କୀୟମାନେ ମଧ୍ୟ ଅନୁରୋଧ କରୁଛନ୍ତି। ତନ୍ମଧ୍ୟରୁ କେଉଁ ୧୫ ଜଣଙ୍କୁ କେଉଁ ଆଧାରରେ ସେ ସୁପାରିସ କରିବେ ବୋଲି ପ୍ରଶ୍ନ କରିବା ସହ ଗୋଟିଏ ମଧ୍ୟ ସୁପାରିସ କରିବେ ନାହିଁ ବୋଲି କହିଛନ୍ତି। ସରକାର ଏହାର ପୁନର୍ବିଚାର କରିବାକୁ ସେ ଦାବି କରିଛନ୍ତି। ଅପରପକ୍ଷରେ ବର୍ଷେ ମଧ୍ୟରେ ବିଭାଗୀୟ ମନ୍ତ୍ରୀ ପ୍ରାୟ ୫ ହଜାର ବଦଳି କରିଥିବା ଏବଂ ଏହା ସ୍ୱାଧୀନତା ଇତିହାସରେ ଏହା ବିରଳ ବୋଲି କହିଛନ୍ତି। ମନ୍ତ୍ରୀ ଯଦି ୫ହଜାର ବଦଳି କରିପାରୁଛନ୍ତି, ତା'ହେଲେ ବିଧାୟକଙ୍କୁ ମଧ୍ୟ ୫ଶହ ଶିକ୍ଷକଙ୍କୁ ବଦଳି କରିବା ପାଇଁ କ୍ଷମତା ଦିଅନ୍ତୁ ବୋଲି ସେ କହିଛନ୍ତି। ଅବିଭକ୍ତ କୋରାପୁଟ ଜିଲ୍ଲାରେ ନିଯୁକ୍ତି ପାଇଥିବା ଶିକ୍ଷକମାନେ ସେମାନଙ୍କ ଜିଲ୍ଲାକୁ ପଳାଇଲେଣି। ପୁଣି ଶିକ୍ଷକ ପଦ ଖାଲି ପଡ଼ିବ। ପୁଣି ସେହି ପଦରେ ନିଯୁକ୍ତି ଦେଇ ବଦଳି କରିବେ। ଏହା ଏକ ବ୍ୟବସାୟରେ ପରିଣତ ହୋଇଛି। ଏହାକୁ ବନ୍ଦ କରାଯାଉ। ୧୫ଜଣଙ୍କୁ ବଦଳି କରିବା ପାଇଁ ସୁପାରିସ ମଧ୍ୟ ସରକାରଙ୍କ ଏକ ଚାଲ୍ ବୋଲି ଶ୍ରୀ ବାହାନୀପତି କହିଛନ୍ତି। କାରଣ ୧୫ଜଣଙ୍କ ସୁପାରିସ କରି ୧୫ଶହ ଶିକ୍ଷକଙ୍କ ଆକ୍ରୋଶର ଶିକାର ହେବେ। ବିଜେପି ନେତାମାନେ କିନ୍ତୁ ଭିତିରିଆ ବହୁ ଅଧିକ ବଦଳି କରିବେ ବୋଲି ସେ ଆଶଙ୍କା ପ୍ରକାଶ କରିଛନ୍ତି।

ଅନ୍ୟପକ୍ଷରେ ଓଡ଼ିଶା ସିବିଟି ଶିକ୍ଷକ ସଂଘ ସଭାପତି ରାଜେନ୍ଦ୍ର ମଲ୍ଲିକ କହିଛନ୍ତି ଯେ କେନ୍ଦ୍ରୀୟ ବିଦ୍ୟାଳୟ ଓ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପରି ଗଣଶିକ୍ଷା ବିଭାଗ ମଧ୍ୟ ଶିକ୍ଷକ ବଦଳି ପାଇଁ ନିର୍ଦ୍ଦିଷ୍ଟ ନିୟମ ଆଣିବାର ଆବଶ୍ୟକ ରହିଛି। ବର୍ତ୍ତମାନର ବଦଳି ନିୟମ ଶିକ୍ଷକଙ୍କ ହିତରେ ଆସୁନାହିଁ। ରାଜ୍ୟକୁ ଅର୍ବାନ, ସେମିଅର୍ବାନ, ଗ୍ରାମୀଣ ଓ ଉପାନ୍ତ କ୍ଲଷ୍ଟର ଭାବେ ବିଭକ୍ତ କରାଯାଇ ଶିକ୍ଷକ ବଦଳି କରାଯିବା ଉଚିତ୍। ପ୍ରତି କ୍ଲଷ୍ଟରରେ ଜଣେ ଶିକ୍ଷକ ପାଞ୍ଚବର୍ଷ କାମ କରିବାର ପ୍ରାବଧାନ ରହିଲେ ସେମାନେ ଚାପଗ୍ରସ୍ତ ହେବେନାହିଁ। ନୀତି ନିର୍ଦ୍ଧାରଣ ପୂର୍ବରୁ ଶିକ୍ଷକଙ୍କ ସହ ବ୍ୟାପକ ଆଲୋଚନା କରିବାକୁ ମଧ୍ୟ ସେ ଦାବି କରିଛନ୍ତି।

ସେହିପରି ଓଡ଼ିଶା ସରକାରୀ ହାଇସ୍କୁଲ ଶିକ୍ଷକ ସଙ୍ଘ ସଭାପତି ଶୁଭ୍ରଜିତ ପ୍ରତିହାରୀ କହିଛନ୍ତି ଯେ ସୁପାରିସ୍ କ୍ଷମତା ଲୋକପ୍ରତିନିଧିଙ୍କୁ ନିହାତି ଅଡୁଆରେ ପକାଇବ। ଗରିବ ଶ୍ରେଣୀର, ରୋଗଗ୍ରସ୍ତ, ମାଆବାପାଙ୍କଠାରୁ ଦୂରରେ ରହୁଥିବା କିମ୍ବା ପରିବାରଠାରୁ ୫ଶହ କିଲୋମିଟର ଦୂରରେ ରହୁଥିବା ଶିକ୍ଷକଶିକ୍ଷୟିତ୍ରୀମାନଙ୍କୁ ଅଗ୍ରାଧିକାର ଦେଇ ବଦଳି କରାଯାଉ। ଫଳରେ ଶିକ୍ଷକ ଖୁସି ହେବେ ଓ ଶିକ୍ଷାର ମାନ ମଧ୍ୟ ବୃଦ୍ଧି ହେବ ବୋଲି ସେ ମତ ଦେଇଛନ୍ତି। ସୂଚନାଯୋଗ୍ୟ, ଗତ ମେ ୧୩ ତାରିଖରେ ନିଜ ନିର୍ବାଚନ ମଣ୍ଡଳୀରସର୍ବାଧିକ ୧୫ଜଣ ଲେଖାଏଁ ଶିକ୍ଷକ/ଶିକ୍ଷୟତ୍ରୀଙ୍କୁ ଅନ୍ୟତ୍ର ବଦଳି ପାଇଁ ବିଧାୟକ ଓ ସାଂସଦମାନେ ସୁପାରିସ କରିବେ ବୋଲି ବିଜ୍ଞପ୍ତି ପ୍ରକାଶ ପାଇଥିଲା।

## ଡିଏସ୍‌ପିଙ୍କ କାର୍ ଧକ୍କାରେ ଶ୍ରମିକ ମୃତ



ଦେଓଗାଁ, ୫।୬ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅଧୀନ ଦେଓଗାଁ ବଙ୍ଗଳା ନିକଟ ୨୬ନଂ ଜାତୀୟ ରାଜପଥରେ ଗୁରୁବାର ସନ୍ଧ୍ୟାରେ ଜଣେ ଶ୍ରମିକ ସାଇକଲରେ ଯାଉଥିବା ବେଳେ କାର୍ ଧକ୍କାରେ ତାଙ୍କର ମୃତ୍ୟୁ ଘଟିଛି। ମୃତ ଶ୍ରମିକ ହେଲେ, ସଇଁନ୍ତଳା ଥାନା ଅଧୀନ ଜଲିଆ ଗାଁର ଭକ୍ତି ସାହୁ। ପରେ ଉତ୍ତ୍ୟକ୍ତ ଲୋକେ କାର୍ ଚାଳକଙ୍କୁ ଅଟକ ରଖି କ୍ଷତିପୂରଣ ଦାବିରେ ଦୀର୍ଘ ୪ ଘଣ୍ଟା ଜାତୀୟ ରାଜପଥକୁ ଅବରୋଧ କରିଥିଲେ। ଘଟଣାସ୍ଥଳରେ ଦେଓଗାଁ ପୁଲିସ ପହଞ୍ଚି କାର୍ ଚାଳକ ଲୋକନାଥ ସାହୁଙ୍କୁ ଉଦ୍ଧାର କରି ଥାନାରେ ଅଟକ ରଖି ତଦନ୍ତ ଜାରି ରଖିବା ସହ ଲୋକଙ୍କୁ ବୁଝାସୁଝା କରିଥିଲେ। କାର୍ ଚାଳକ କଳାହାଣ୍ଡି ଜିଲ୍ଲା ପୁଲିସ ବିଭାଗରେ ଡିଏସ୍‌ପି ଭାବେ କାର୍ଯ୍ୟରତ ଥିବା ଜଣାପଡ଼ିଛି। ପରେ କ୍ଷତିପୂରଣ ଦେବାର ପ୍ରତିଶ୍ରୁତି ଦେବା ପରେ ପରିସ୍ଥିତି ସ୍ୱାଭାବିକ ହୋଇଥିଲା। ସଦର ଏସ୍‌ଡିପିଓ ସରୋଜ ଉପାଧ୍ୟାୟଙ୍କ ସମେତ ଦେଓଗାଁ, ତୁଷୁରା ସଇଁନ୍ତଳା ଓ ଟାଉନ ଥାନା ଅଧିକାରୀ ଓ ୨ ପ୍ଲାଟୁନ୍ ଫୋର୍ସ ପରିସ୍ଥିତିକୁ ଆୟତ୍ତ କରିଥିଲେ।

## ଦଇତାପତି ନିଯୋଗ ପାଇଁ ୨.୨୫ କୋଟିର ସ୍ୱତନ୍ତ୍ର ଅର୍ଥରାଶି

ଭୁବନେଶ୍ୱର, ୫।୬(ସମିସ): ଆସନ୍ତା ରଥଯାତ୍ରାକୁ ଶୃଙ୍ଖଳିତ ଭାବେ ପରିଚାଳନା କରିବା ପାଇଁ ଆଇନ ବିଭାଗ ତତ୍ପର ହୋଇଉଠିଛି। ଆସନ୍ତା ରଥଯାତ୍ରାରେ ନୀତିକାନ୍ତିକୁ ଶୃଙ୍ଖଳିତ ଭାବେ ପରିଚାଳନା ପାଇଁ ସରକାର ଦଇତାପତି ନିଯୋଗକୁ ପୁରସ୍କାର ଭାବେ ଅର୍ଥରାଶି ପ୍ରଦାନ କରିବେ। ଏଥିପାଇଁ ମୋଟ ୨କୋଟି ୨୫ ଲକ୍ଷ ଟଙ୍କାର ସ୍ୱତନ୍ତ୍ର ଅର୍ଥରାଶିକୁ ବିଭାଗ ପକ୍ଷରୁ ଅନୁମୋଦନ କରାଯାଇଛି। ବିଭାଗ ପକ୍ଷରୁ ଏନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କୁ ଚିଠି ଲେଖାଯାଇ ଅବଗତ କରାଯାଇଛି। ଦଇତାପତି ନିଯୋଗକୁ ସ୍ୱତନ୍ତ୍ର ଭାବେ ଏହି ରାଶି ପ୍ରଦାନ କରିବାକୁ ଆଇନ ବିଭାଗ ଅନୁମୋଦନ କରିଛି। ଏନେଇ ପୂର୍ବରୁ ଶ୍ରୀମନ୍ଦିର ପ୍ରସାସନ ପକ୍ଷରୁ ଆଇନ ବିଭାଗକୁ ଚିଠି ଲେଖାଯାଇ ପ୍ରସ୍ତାବ ଦିଆଯାଇଥିଲା। ଏହି ରାଶି ଶ୍ରୀମନ୍ଦିର ପ୍ରଶାସନ ପାଣ୍ଠିରୁ ପ୍ରଦାନ କରାଯାଇପାରିବ ବୋଲି ଚିଠିରେ ଦର୍ଶାଯାଇଛି। ପରେ ସେହି ଅର୍ଥକୁ ରାଜ୍ୟ ସରକାର ଅତିରିକ୍ତ ବଜେଟରେ ଶ୍ରୀମନ୍ଦିର ପ୍ରଶାସନକୁ ପ୍ରଦାନ କରିବେ ବୋଲି ଚିଠିରେ ଉଲ୍ଲେଖ ରହିଛି।

■ ସେଲ୍‌ଫି ହେଲା କାଳ

## ଦେବୀ ନଦୀ ପୋଲରୁ ଖସି ପଡ଼ି ଯୁବକ ନିଖୋଜ



ନାଉଗାଁ,୫।୬(ସମିସ): ସେଲ୍‌ଫି ନେବା ବେଳେ ଦେବୀ ନଦୀକୁ ଖସି ଜଣେ ଯୁବକ ନିଖୋଜ ହୋଇଯାଇଛନ୍ତି। ନିଖୋଜ ଯୁବକ ହେଲେ, ନାଉଗାଁ ଥାନା ଅନ୍ତର୍ଗତ ବଛାଳ ପଞ୍ଚାୟତ ବଛାଳ ଗ୍ରାମର ଟୁକୁନା ଲେଙ୍କାଙ୍କ ପୁଅ ସୂର୍ଯ୍ୟକାନ୍ତ ଲେଙ୍କା। ସୂର୍ଯ୍ୟକାନ୍ତ ଆଜି ଶିଖର ଦେବୀନଦୀ ପୋଲ ଉପରେ ସେଲ୍‌ଫି ଉଠାଉଥିବା ବେଳେ ନଦୀକୁ ଖସି ପଡ଼ିଥିଲେ। ନାଉଗାଁ ଅଗ୍ନିଶମ ବାହିନୀ ଓ ସ୍ଥାନୀୟ ଲୋକ ବହୁ ଖୋଜାଖୋଜି କରିଥିଲେ ହେଁ ତାଙ୍କର ସନ୍ଧାନ ମିଳିନଥିଲା। ଶେଷ ଖବର ଲେଖା ହେବା ବେଳକୁ ଜଗତସିଂହପୁର ଓଡ୍ରାଫ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି କରୁଥିବା ଜଣାପଡ଼ିଛି। ଅପରପକ୍ଷେ, ସ୍ଥାନୀୟ ବିଧାୟକ ଅମରେନ୍ଦ୍ର ଦାସ ମଧ୍ୟ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି।

**ରାଜ୍ୟସ୍ତରୀୟ ବିଶ୍ୱ ପରିବେଶ ଦିବସ**

# ଏ ବର୍ଷ ରାଜ୍ୟରେ ଲାଗିବ ୭.୫ କୋଟି ଗଛ

ଭୁବନେଶ୍ୱର,୫।୬(ସମିସ): ଏ ବର୍ଷ ରାଜ୍ୟରେ ୭.୫ କୋଟି ବୃକ୍ଷ ରୋପଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି। ଗୁରୁବାର ଭୁବନେଶ୍ୱରସ୍ଥିତ ଓୟୁଏଟି କୃଷି ଶିକ୍ଷା ସଦନ ଠାରେ ଆୟୋଜିତ ରାଜ୍ୟସ୍ତରୀୟ ବିଶ୍ୱ ପରିବେଶ ଦିବସ କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ନିଜ ଅଭିଭାଷଣରେ କହିଥିଲେ ଯେ, ପରିବେଶ ସଂରକ୍ଷଣ ଏବଂ ଜଳବାୟୁ ପରିବର୍ତ୍ତନ ସମ୍ବନ୍ଧରେ ସଚେତନତା ବିସ୍ତାର କରିବା ପାଇଁ ଆଜିର ଦିନଟି ଉତ୍ସର୍ଗୀକୃତ। ପ୍ରଦୂଷିତ ପୃଥିବୀର ଭୟାବହତାକୁ ହୃଦୟଙ୍ଗମ କରି ଅଧିକରୁ ଅଧିକ ସବୁଜ ପରିବେଶ ସୃଷ୍ଟି କରିବା ଏବଂ ପ୍ରକୃତିର ସଂରକ୍ଷଣ କରିବା ଏକାନ୍ତ ଅପରିହାର୍ଯ୍ୟ ହୋଇପଡିଛି। ତେଣୁ ପ୍ଲାଷ୍ଟିକ ବର୍ଜନ ଏକ ଗଣଆନ୍ଦୋଳନ ହେବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସରକାର ସିଙ୍ଗିଲ୍ ୟୁଜ୍ ପ୍ଲାଷ୍ଟିକ ନିଷେଧ ସହ ଏହାର ଦୀର୍ଘସ୍ଥାୟୀ ବିକଳ୍ପକୁ ପ୍ରୋତ୍ସାହନ ଏବଂ ବର୍ଜ୍ୟ ପରିଚାଳନା ପ୍ରଣାଳୀକୁ ସଶକ୍ତ କରିବା ପାଇଁ ସରକାର ସକ୍ରିୟ ପଦକ୍ଷେପ ନେଇଛନ୍ତି।




ସମାଜରେ ପ୍ରକୃତ ପରିବର୍ତ୍ତନ ଆଣିବାକୁ ହେଲେ ଏହା ପ୍ରଥମେ ନିଜ ଓ ନିଜ ପରିବାରଠାରୁ ଆରମ୍ଭ ହେବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। 'ଏକ୍ ପେଡ୍ ମା' କେ ନାମ୍' ଅଭିଯାନରେ ରାଜ୍ୟ ସରକାର ପ୍ରାୟ ସାଢ଼େ ୬ କୋଟିରୁ ଅଧିକ ଗଛ ଲଗାଇ ଏହି ଅଭିଯାନକୁ ସଫଳ କରିଛନ୍ତି। ଫଳରେ ରାଜ୍ୟରେ ଜଙ୍ଗଲ ଓ ବୃକ୍ଷ ଆବରଣରେ ପାଖାପାଖି ୫୬୦ ବର୍ଗ କିଲୋମିଟର ନେଟ୍ ବୃଦ୍ଧି ହୋଇଛି। ଯାହା ସମସ୍ତ ରାଜ୍ୟ ମଧ୍ୟରେ ଚତୁର୍ଥ ସର୍ବାଧିକ। ଜନସାଧାରଣ ଓ ଅନୁଷ୍ଠାନ ଗୁଡିକ ପ୍ରାୟ ୨ କୋଟିରୁ ଊର୍ଦ୍ଧ୍ୱ ଚାରା ରୋପଣ କରି ରେକର୍ଡ ସୃଷ୍ଟି କରିଛନ୍ତି। ପରିଶେଷରେ ରାଜ୍ୟରେ ପରିବେଶ ସୁରକ୍ଷା ତଥା ଏହାର ସଂରକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ କରିଥିବା ବିଭିନ୍ନ ଜିଲ୍ଲାର ୧୮୫ 'ପ୍ରକୃତି ମିତ୍ର' ଏବଂ ୨୧୧ 'ପ୍ରକୃତି ବନ୍ଧୁ' ପୁରସ୍କାର ପ୍ରାପ୍ତ ଅନୁଷ୍ଠାନ ତଥା ବ୍ୟକ୍ତିଙ୍କୁ ମୁଖ୍ୟମନ୍ତ୍ରୀ ଅଭିନନ୍ଦନ ଜଣାଇଛନ୍ତି।

**ଏକ ସୁସ୍ଥ ସମାଜ ପାଇଁ ଏକ ସୁସ୍ଥ ପରିବେଶ ଦରକାର: ମୁଖ୍ୟମନ୍ତ୍ରୀ**

କାର୍ଯ୍ୟକ୍ରମ ପ୍ରାରମ୍ଭରେ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂହ ଖୁଣ୍ଟିଆ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା 'ଏକ ପେଡ୍ ମା' କେ ନାମ୍' କାର୍ଯ୍ୟକ୍ରମରେ କୃଷି ଶିକ୍ଷା ସଦନଠାରେ ବୃକ୍ଷରୋପଣ କରିଥିଲେ। ଏହି ଅବସରରେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ଆସିଥିବା ଛାତ୍ରଛାତ୍ରୀଙ୍କ ଦ୍ୱାରା ପରିବେଶ ଦିବସ ଉପଲକ୍ଷେ ଏକ ପ୍ରଦର୍ଶନୀ ହୋଇଥିଲା।

# ବିଶ୍ୱ ବାଣିଜ୍ୟ

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୫.୭୫
- ପାଉଣ୍ଡ ୧୧୬.୬୯
- ୟୁରୋ ୯୮.୨୫
- ୟେନ୍ ୦.୬୦


### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୧,୩୦୦ (ନୂଆଦିଲ୍ଲୀ)
- ରୁପା : ୧,୦୪,୧୦୦ (କେଜି)

### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୧,୪୪୨.୦୦
- ନିଫ୍ଟି ୨୪,୭୫୦.୦୦



### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



## ଟିପିସିଓଡିଏଲ୍ ମେଗା 'ବିଲ୍ ପେ ଆଣ୍ଡ ୱିନ୍'କାର୍ଯ୍ୟକ୍ରମ

ଭୁବନେଶ୍ୱର,୫।୬ମ(ସମିସ): ଟାଟା ପାୱାର ଓ ଓଡ଼ିଶା ସରକାରଙ୍କ ଏକ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ୍ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ଭୁବନେଶ୍ୱରର ଏମ୍‌ଡିସି ଅଡିଟୋରିୟମ୍‌ରେ ମେଗା 'ବିଲ୍ ପେ ଆଣ୍ଡ ୱିନ୍' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ନିୟମିତ ଭାବେ ସଠିକ୍ ସମୟରେ ଏବଂ ଅନଲାଇନ୍ ମାଧ୍ୟମରେ ନିଜର ବିଦ୍ୟୁତ ବିଲ୍ ପଇଠ କରୁଥିବା ଗ୍ରାହକମାନଙ୍କୁ ରିୱାର୍ଡ ପ୍ରଦାନ କରାଯାଇଛି। ଏକ ଡ୍ର' ଜରିଆରେ ଭୁବନେଶ୍ୱର ସର୍କଲ୍‌ରୁ ୮୦ ଜଣ ଭାଗ୍ୟଶାଳୀ ଉପଭୋକ୍ତାଙ୍କୁ ଚୟନ କରାଯାଇଥିଲା ଏବଂ ସେମାନଙ୍କୁ ମୋବାଇଲ୍ ଓ ଅନ୍ୟାନ୍ୟ ଆକର୍ଷଣୀୟ ଉପହାର ଦିଆଯାଇଥିଲା। ୨୦୨୪-୨୫ ଆର୍ଥିକ ବର୍ଷର 'ବିଲ୍ ପେ ଆଣ୍ଡ ୱିନ୍' ସ୍କିମ୍ ଅଧୀନରେ ସମଗ୍ର ଟିପିସିଓଡିଏଲ୍ ସର୍କଲ୍‌ରେ ୯ ଜଣ ଭାଗ୍ୟଶାଳୀ ବିଜେତାଙ୍କୁ ମେଗା ପୁରସ୍କାର ଭାବେ ଆଇଫୋନ୍ ପ୍ରଦାନ କରାଯାଇଥିଲା। ଏହି ସ୍କିମ୍‌ରେ ଶୂନ ବକେୟା ରଖୁଥିବା ଏବଂ ଟିପିସିଓଡିଏଲ୍‌ର ଅନ୍‌ଲାଇନ୍ ପ୍ଲାଟଫର୍ମକୁ ବ୍ୟବହାର କରି ଧାର୍ଯ୍ୟ ତାରିଖ ଭିତରେ ନିଜର ବିଦ୍ୟୁତ୍ ବିଲ୍ ପଇଠ କରୁଥିବା ଉପଭୋକ୍ତାମାନଙ୍କୁ ପ୍ରୋତ୍ସାହନ ପ୍ରଦାନ କରାଯାଉଥିବା ଟିପିସିଓଡିଏଲ୍‌ର ସିଇଓ ଅରବିନ୍ଦ୍ ସିଂହ କହିଛନ୍ତି।

## ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି

# ଭାରତ ଆସିବ ଆମେରିକାର ଉଚ୍ଚସ୍ତରୀୟ କମିଟି



ନୂଆଦିଲ୍ଲୀ,୫।୬(ଏଜେନ୍ସି): ଭାରତ-ଆମେରିକା ମଧ୍ୟରେ ପ୍ରସ୍ତାବିତ ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା ସମ୍ପର୍କରେ ଏକ ବଡ଼ ସୂଚନା ଆସିଛି। ଆମେରିକୀୟ ଅଧିକାରୀଙ୍କ ଏକ ଉଚ୍ଚସ୍ତରୀୟ କମିଟି ଖୁବ୍ ଶୀଘ୍ର ଭାରତ ଗସ୍ତ କରିପାରନ୍ତି, ଯାହା ଦ୍ୱାରା ଜୁଲାଇ ୯ ପୂର୍ବରୁ ଚୁକ୍ତିର ପ୍ରଥମ ପର୍ଯ୍ୟାୟ ଆଲୋଚନା ଚୂଡ଼ାନ୍ତ ହେବ ବୋଲି କୁହାଯାଉଛି। ଆମେରିକା ଏକ ଟିମ୍ ଭାରତ ଆସୁଛି, ଯାହା ଦ୍ୱାରା ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା ଶୀଘ୍ର ହୋଇପାରିବ। ଭାରତୀୟ ପକ୍ଷର ନେତୃତ୍ୱ ବାଣିଜ୍ୟ ବିଭାଗର ସ୍ୱତନ୍ତ୍ର ସଚିବ ରାଜେଶ ଅଗ୍ରୱାଲ ନେଉଛନ୍ତି, ଯିଏ କି ସମ୍ପ୍ରତି ୱାଶିଂଟନରେ ୪ ଦିନ ଧରି ଆମେରିକୀୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି।

**ଜୁଲାଇ ୯ ପୂର୍ବରୁ ପ୍ରଥମ ପର୍ଯ୍ୟାୟ ଆଲୋଚନା ଚୂଡ଼ାନ୍ତ**

କେନ୍ଦ୍ର ବାଣିଜ୍ୟ ମନ୍ତ୍ରୀ ପୀଯୂଷ ଗୋୟଲ ଆମେରିକା ଗସ୍ତ ସମୟରେ ଦୁଇଥର ଆମେରିକୀୟ ବାଣିଜ୍ୟ ସଚିବ ହାୱାର୍ଡ ଲୁଟନିକଙ୍କୁ ମଧ୍ୟ ଭେଟିଛନ୍ତି। ସୂଚନାଯୋଗ୍ୟ ଯେ, ଆମେରିକା ଏପ୍ରିଲ ୨ ରେ ଭାରତ ଉପରେ ୨୬% ପାରସ୍ପରିକ ଶୁଳ୍କ ଲାଗୁ କରିଥିଲା, କିନ୍ତୁ ଏହାକୁ ୯୦ ଦିନ ପାଇଁ ସ୍ଥଗିତ ରଖାଯାଇଛି। ଏହି ସ୍ଥଗିତାଦେଶ ଜୁଲାଇ ୯ ରେ ଶେଷ ହେଉଛି - ଏହା ପୂର୍ବରୁ ଉଭୟ ଦେଶ ଏକ ମଧ୍ୟବର୍ତ୍ତୀକାଳୀନ ଚୁକ୍ତି ଆଲୋଚନା ଉପରେ ପହଞ୍ଚିବାକୁ ଚେଷ୍ଟା କରୁଛନ୍ତି। ଭାରତ ଦାବି କରୁଛି ଯେ ୨୬% ପାରସ୍ପରିକ ଶୁଳ୍କକୁ ସମ୍ପୂର୍ଣ୍ଣ ଭାବରେ ହଟାଯାଉ, ଯେତେବେଳେ କି ଆମେରିକା ପୂର୍ବରୁ ୧୦% ମୂଳ ଶୁଳ୍କ ଲାଗୁ କରୁଛି। ଆମେରିକା ଲଗାତାର ଚତୁର୍ଥ ବର୍ଷ ପାଇଁ ଭାରତର ସର୍ବବୃହତ ବାଣିଜ୍ୟିକ ଅଂଶୀଦାର ହୋଇଛି। କିନ୍ତୁ ଭାରତ ସହିତ ବଢ଼ୁଥିବା ବାଣିଜ୍ୟ ନିଅଣ୍ଟକୁ ନେଇ ଆମେରିକା ଚିନ୍ତା ପ୍ରକଟ କରିଛି। ଉଭୟ ଦେଶ ୨୦୩୦ ସୁଦ୍ଧା ଦ୍ୱିପାକ୍ଷିକ ବାଣିଜ୍ୟକୁ ୫୦୦ ବିଲିୟନ ଡଲାରକୁ ନେବାକୁ ଚାହୁଁଛନ୍ତି। ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଏହି ଦିଗରେ ପ୍ରଥମ କଠିନ ପଦକ୍ଷେପ ହୋଇପାରେ, ଯାହା ୨୦୨୫ (ସେପ୍ଟେମ୍ବର-ଅକ୍ଟୋବର) ସୁଦ୍ଧା ପର୍ଯ୍ୟାୟ ୧ରେ ସମାପ୍ତ ହୋଇପାରିବ। ସାମଗ୍ରିକ ଭାବରେ ଭାରତ ଏବଂ ଆମେରିକା ଏବେ ଏକ ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ପାଇଁ ଆଲୋଚନାର ଶେଷ ପର୍ଯ୍ୟାୟ ଆଡକୁ ଅଗ୍ରସର ହେଉଛନ୍ତି। ଜୁଲାଇ ୯ପୂର୍ବରୁ ପାରସ୍ପରିକ ଶୁଳ୍କ ହଟାଇବା ଏବଂ ବାଣିଜ୍ୟ ପ୍ରକ୍ରିୟାକୁ ସହଜ କରିବା ସମ୍ପର୍କରେ ଏକ ଦୃଢ଼ ଘୋଷଣା ଆଶା କରାଯାଉଛି। ଏହା ଆମେରିକା ପାଇଁ ଭାରତ ସହିତ ବାଣିଜ୍ୟ ବିସ୍ତାର କରିବା ପାଇଁ ଏକ ରଣନୈତିକ ସୁଯୋଗ ହୋଇପାରେ, ଯେତେବେଳେ କି ଭାରତ ପାଇଁ ଏହା ରପ୍ତାନି ବୃଦ୍ଧି ଏବଂ ବାଣିଜ୍ୟ ଅସନ୍ତୁଳନ ହ୍ରାସ କରିବାର ଏକ ସୁଯୋଗ।

## ଆଜିଠୁ 'ଉତ୍କଳ ଗ୍ରାଣ୍ଡ ପ୍ରପର୍ଟି ସେଲ୍ କାର୍ଣ୍ଣିଭାଲ୍'

ଭୁବନେଶ୍ୱର,୫।୬(ସିମସ): ୩୫ ବର୍ଷର ଅଟଳ ବିଶ୍ୱାସ, ଅଗ୍ରଣୀ ପ୍ରକଳ୍ପ ଏବଂ ସ୍ଥାପତ୍ୟ ଉତ୍କର୍ଷତା ପାଳନ ଅବସରରେ ଉତ୍କଳ ବିଲ୍ଡର୍ସ ଜୁନ୍ ୬ ରୁ ୮ ପର୍ଯ୍ୟନ୍ତ ଭୁବନେଶ୍ୱରସ୍ଥିତ ହୋଟେଲ ଲାଇଫ୍‌ରେ ଉତ୍କଳ ଗ୍ରାଣ୍ଡ ପ୍ରପର୍ଟି ସେଲ୍ କାର୍ଣ୍ଣିଭାଲ ଆରମ୍ଭ କରିଛି। ଏହି ତିନିଦିନିଆ କାର୍ଯ୍ୟକ୍ରମ 'ଉତ୍କଳ'ର ଯାତ୍ରାର ଭିନ୍ନ ଏକ ମାଇଲଖୁଣ୍ଟ, ଯାହା- ପ୍ରଥମଥର ପାଇଁ ପ୍ରିମିୟମ୍ ଆବାସିକ ଆପାର୍ଟମେଣ୍ଟ, ଉଚ୍ଚ ସମ୍ଭାବନା ଥିବା ବାଣିଜ୍ୟିକ କାର୍ଯ୍ୟାଳୟ ଏବଂ ଦୋକାନ ଗୃହକୁ ଗୋଟିଏ ଛାତ ତଳେ ଏକତ୍ରିତ କରିବ। ଆଗ୍ରହୀ ଗ୍ରାହକମାନେ ସ୍ୱତନ୍ତ୍ର ସ୍ପଟ୍ ଅଫର୍, ଆଶ୍ଚର୍ଯ୍ୟଜନକ ଉପହାର ଓ ଆକର୍ଷଣୀୟ ସୁବିଧା ନେଇ ଓଡିଶାର ସବୁଠାରୁ ସମ୍ମିତ ଡେଭଲପର ଦ୍ୱାରା ପ୍ରସ୍ତୁତ ସମିତିର ମାଲିକ ହୋଇପାରିବେ।

**ଉତ୍କଳ ବିଲ୍ଡର୍ସର ୩୫ତମ ଗୌରବମୟ ବର୍ଷ**




"ଗତ ସାଢ଼େ ତିନି ଦଶନ୍ଧି ଧରି ଉତ୍କଳ ତାର ଗୁଣବତ୍ତା, ସ୍ଥିରତା, ବିଶ୍ୱସନୀୟତା ପାଇଁ ଗ୍ରାହକ ମହଲରେ ପ୍ରସିଦ୍ଧି ଲାଭ କରିଛି। ଏହି ଅବସରରେ ଉତ୍କଳ ବିଲ୍ଡର୍ସର ପରିଚାଳନା ନିର୍ଦ୍ଦେଶକ ଶରଦ ବୈଦ କୁହନ୍ତି, ଏହି କାର୍ଣ୍ଣିଭାଲ୍ ସେହି ଅତୁଟ ବିଶ୍ୱାସ ପ୍ରତି ଉତ୍ସର୍ଗୀକୃତ ଏବଂ ଭବିଷ୍ୟତ ପାଇଁ ଏକ ନିମନ୍ତ୍ରଣ।" ଭୁବନେଶ୍ୱରରେ ଉତ୍କଳ ଦ୍ୱାର ପ୍ରସ୍ତୁତ ଅନେକ ଗୁଡିଏ ଆବାସିକ ଏବଂ ବାଣିଜ୍ୟିକ ପ୍ରକଳ୍ପ ବର୍ତ୍ତମାନ ସମାପ୍ତ ହୋଇ ଉପଭୋକ୍ତାମାନଙ୍କୁ ପ୍ରଦାନ କରାଯିବ। ଆମେ ଉପଭୋକ୍ତାମାନଙ୍କ ପାଇଁ ଏକ ବିଶ୍ୱସନୀୟ ଏବଂ ବିରଳ ୱିଣ୍ଡୋ ସୃଷ୍ଟି କରିବା ପାଇଁ ସଫଳ ହୋଇପାରିଛୁ ବୋଲି କମ୍ପାନୀର ଅନ୍ୟତମ ନିର୍ଦ୍ଦେଶକ ଅମିତ ବୈଦ କହିଛନ୍ତି। ଘୋଷଣା ପରଠାରୁ ଚମତ୍କାର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ଏହା ପ୍ରକୃତରେ ଆଗରୁ କେବେ ଦେଖାଯାଇନି। ଏହା ଉପଭୋକ୍ତାମାନଙ୍କ ପାଇଁ ନିବେଶର ପ୍ରକୃଷ୍ଟ ସମୟ। ଏହି ଅବସରରେ ଉତ୍କଳ ବିଲ୍ଡର ପକ୍ଷରୁ ୨୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ରିଆତି ସୁଯୋଗ ରହିଛି।

## ରାଜଧାନୀରେ ଓବେନ୍ ଇଲେକ୍ଟ୍ରିକ୍ ବାଇକ୍‌ର ନୂଆ ଶୋ'ରୁମ୍

ଭୁବନେଶ୍ୱର, ୫।୬(ସିମସ): ଘରୋଇ ଇଲେକ୍ଟ୍ରିକ୍ ବାଇକ୍ ନିର୍ମାତା ଓବେନ୍ ଇଲେକ୍ଟ୍ରିକ୍ ଭୁବନେଶ୍ୱରରେ ଏହାର ଶୋ'ରୁମ୍ ଏବଂ ସର୍ଭିସ୍ ସେଣ୍ଟର୍‌ର ଉନ୍ମୋଚନ ସହ ପୂର୍ବ ଭାରତରେ ନିଜର ଉପସ୍ଥିତି ଜାହିର କରିଛି। ଓବେନ୍ ଇଲେକ୍ଟ୍ରିକ୍ ଏହାର ସମ୍ପ୍ରସାରଣ ଯୋଜନାରେ ଭାରତର ୨୬ଟି ସହରରେ ୩୭ଟି ଶୋ'ରୁମ୍ ଖୋଲିଛି। ବର୍ଷ ଶେଷ ସୁଦ୍ଧା ଦେଶରେ ୧୦୦ରୁ ଅଧିକ ଶୋ'ରୁମ୍ ଏବଂ ସେବା କେନ୍ଦ୍ର ପ୍ରତିଷ୍ଠା କରିବା ପାଇଁ କମ୍ପାନୀର ଲକ୍ଷ୍ୟ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ।



ଏହି ନୂତନ ଶୋ'ରୁମ୍‌ର ମୁଖ୍ୟ ଆକର୍ଷଣ ହେଉଛି ଏକ ଉଚ୍ଚ-କ୍ଷମତା ସମ୍ପନ୍ନ ଇଲେକ୍ଟ୍ରିକ୍‌ବାଇକ୍ ଓବେନ୍ ରୋର ଇଜେଡ୍ ଯାହା ଏକ ଶକ୍ତିଶାଳୀ, ନିର୍ଭରଯୋଗ୍ୟ ଏବଂ ସ୍ଥାୟୀ ସହର ଯାତାୟାତ ଅଭିଜ୍ଞତା ପ୍ରଦାନ କରେ। ସମ୍ପୂର୍ଣ୍ଣ ଭାରତରେ ଡିଜାଇନ୍ ଏବଂ ନିର୍ମିତ, ରୋର ଇଜେଡ୍ ତିନୋଟି ବ୍ୟାଟେରୀ ପ୍ରକାରରେ ଉପଲବ୍ଧ –୨.୬ କେଡବ୍ଲ୍ୟୁଏଚ୍, ୩.୪ କେଡବ୍ଲ୍ୟୁଏଚ୍ ଏବଂ ୪.୪ କେଡବ୍ଲ୍ୟୁଏଚ୍ ଏବଂ ଉଚ୍ଚ ପ୍ରଦର୍ଶନ ସମ୍ପନ୍ନ ଏଲଏଫପି (ଲିଥିୟମ୍ ଆଇରନ୍ ଫସଫେଟ୍) ବ୍ୟାଟେରୀ ପ୍ରଯୁକ୍ତିବିଦ୍ୟା ସହିତ ସଜ୍ଜିତ ଯାହା ୫୦% ଅଧିକ ଉତ୍ତାପ ପ୍ରତିରୋଧ ଏବଂ ୨ଗୁଣା ବ୍ୟାଟେରୀ ଜୀବନକାଳ ସୁନିଶ୍ଚିତ କରେ। ରୋର ଇଜେଡ୍ ୯୯,୯୯୯ ଟଙ୍କା(ଏକ୍ସ-ଶୋରୁମ୍) ର ପ୍ରାରମ୍ଭିକ ମୂଲ୍ୟରେ ଏବଂ ମାତ୍ର ୭,୯୯୯ ଟଙ୍କାର ସହଜ ଡାଉନ୍ ପେମେଣ୍ଟ ସହିତ ଉପଲବ୍ଧ। ଭୁବନେଶ୍ୱରସ୍ଥିତ ଶୋ'ରୁମରେ ପ୍ରଥମ ମାସ ମଧ୍ୟରେ ଓବେନ୍ ରୋର ଇଜେଡ୍ କ୍ରୟ କରୁଥିବା ଗ୍ରାହକମାନେ ଏକ ସ୍ୱତନ୍ତ୍ର ଲଞ୍ଚ ଅଫରର ଅଂଶ ସ୍ୱରୂପ ଏକ ମାଗଣା ସ୍ୱର୍ଣ୍ଣ ମୁଦ୍ରା ପାଇବେ ବୋଲି ଓବେନ୍ ଇଲେକ୍ଟ୍ରିକ୍‌ର ପ୍ରତିଷ୍ଠାତା ଏବଂ ସିଇଓ ମଧୁମିତା ଅଗ୍ରୱାଲ୍ କହିଛନ୍ତି।

## ସାତ୍ତ୍ୱିକ ସୋଲାର ପକ୍ଷରୁ ଓଡ଼ିଶାରେ ସୋଲାର୍ ସେଲ୍, ମଡ୍ୟୁଲ୍ ପ୍ଲାଣ୍ଟର ଶିଳାନ୍ୟାସ

ଭୁବନେଶ୍ୱର,୫।୬(ସିମସ): ସାତ୍ତ୍ୱିକ ଗ୍ରୀନ୍ ଏନର୍ଜି ଲିମିଟେଡ୍ (ଏସ୍‌ଜିଇଏଲ୍)ର ସମ୍ପୂର୍ଣ୍ଣ ସହାୟକ ସଂସ୍ଥା ସାତ୍ତ୍ୱିକ ସୋଲାର ଇଣ୍ଡଷ୍ଟ୍ରିଜ୍ ପ୍ରାଇଭେଟ୍ ଲିମିଟେଡ୍ (ଏସ୍‌ଏସ୍‌ଆଇଓପିଏଲ୍) ପକ୍ଷରୁ ଓଡ଼ିଶାର ଗଞ୍ଜାମ ଜିଲ୍ଲାର ଗୋପାଳପୁରରେ ଥିବା ଟାଟା ଷ୍ଟିଲ୍ ସ୍ପେସିଆଲ୍ ଇକୋନମିକ୍ ଜୋନ୍ ଲିମିଟେଡ୍‌ର (ଟିଏସ୍‌ଏସ୍‌ଇଜେଡ୍‌ଏଲ୍) ଗୋପାଳପୁର ଶିଳ୍ପ ପାର୍କରେ ୫୭ ଏକର ଜମିରେ ୪.୦୦ ଗିଗାୱାଟ୍ ସୋଲାର ପିଭି ମଡ୍ୟୁଲ୍ ଉତ୍ପାଦନ କାରଖାନାର ଶିଳାନ୍ୟାସ କରାଯାଇଛି। ଏସ୍‌ଜିଇଲ୍‌ର ସମ୍ପୂର୍ଣ୍ଣ ସହାୟକ କମ୍ପାନି ଏସ୍‌ଏସ୍‌ଆଇପିଏଲ୍ ଅଧୀନରେ ଯୋଜନା କରାଯାଇଥିବା ଏହି ପ୍ରକଳ୍ପ ଏସ୍‌ଜିଇଏଲ୍‌ର ସମ୍ପ୍ରସାରଣ ରଣନୀତିରେ ଏକ ଗୁରୁତ୍ୱପୂର୍ଣ୍ଣ କେନ୍ଦ୍ର ଭାବେ ଉଭା ହେବ। ଓଡ଼ିଶାରେ ଏକ ୪.୮୦ ଗିଗାୱାଟ୍‌ର ସମନ୍ୱିତ ସେଲ୍ ଓ ୪.୦୦ ଗିଗାୱାଟ୍‌ର ମଡ୍ୟୁଲ୍ ଉତ୍ପାଦନ କାରଖାନା ସ୍ଥାପନ କରିବାର ଅଗ୍ରଣୀ ପର୍ଯ୍ୟାୟରେ ଆମେ ରହିଛୁ ଯାହା ଯଥାକ୍ରମେ ୨୦୨୭ ଆର୍ଥିକ ବର୍ଷ ଓ ୨୦୨୬ ଆର୍ଥିକ ବର୍ଷରେ କାର୍ଯ୍ୟକ୍ଷମ ହେବ ବୋଲି ଆଶା କରାଯାଉଛି। ଆମେ ଅମ୍ବାଲାରେ ଥିବା ଆମ ମଡ୍ୟୁଲ୍ ଉତ୍ପାଦନ କାରଖାନରେ ୧.୦୦ ଗିଗାୱାଟ୍ କ୍ଷମତା ଯୋଗ କରିବା ପ୍ରକ୍ରିୟାରେ ରହିଛୁ ଯାହା ୨୦୨୬ ଆର୍ଥିକ ବର୍ଷର ପ୍ରଥମ ତ୍ରୈମାସିକରେ କାର୍ଯ୍ୟକ୍ଷମ ହେବା ଆଶା କରାଯାଉଛି। କ୍ଷମତାରେ ଏହି ସମ୍ପ୍ରସାରଣ ପରେ ଉଭୟ ଅମ୍ବାଲା ଓ ଓଡ଼ିଶାରେ ଆମର କ୍ଷମତା ୪.୮୦ ଗିଗାୱାଟ୍ ସେଲ୍ ଓ ୪.୮୦ ଗିଗାୱାଟ୍‌ର ଉଭୟ ସେଲ୍ ଓ ମଡ୍ୟୁଲ୍ ଉତ୍ପାଦନକୁ ବୃଦ୍ଧି ପାଇବ ବୋଲି ଆମେ ଆଶା କରୁଛୁ ବୋଲି ଏସ୍‌ଜିଇଏଲ୍‌ର ସିଇଓ ପ୍ରଶାନ୍ତ ମାଥୁର କହିଛନ୍ତି।

## ବେଙ୍ଗାଲୁରୁ ଦଳାଚକଟା | ପୁଲିସ କମିସନର ସସ୍‌ପେଣ୍ଡ, ଗିରଫ ହେବେ ଆୟୋଜକ



ବେଙ୍ଗାଲୁରୁ, ୫।୬ (ଏଜେନ୍ସି): ଆରସିବିର ଆଇପିଏଲ୍ ବିଜୟ ଉତ୍ସବ ପାଳନ ବେଳେ ବେଙ୍ଗାଲୁରୁ ଷ୍ଟାଡିୟମରେ ହୋଇଥିବା ଦଳାଚକଟା ପାଇଁ ଦାୟୀ କିଏ? କେଉଁ ପରିସ୍ଥିତିରେ ଏଭଳି ଅଘଟଣ ଘଟିଲା? ଏହାକୁ ରୋକି ହୋଇ ପାରିଥାଆନ୍ତା କି? ଏଭଳି ପ୍ରଶ୍ନକୁ ନେଇ ଛାନଭିନ ଆରମ୍ଭ ହୋଇଥିବା ବେଳେ ରାଜ୍ୟ ସରକାର ଆଜି ବେଙ୍ଗାଲୁରୁ ପୁଲିସ କମିସନର, ଡିସିପି ଏବଂ ଏସିପିଙ୍କ ସମେତ ଅନ୍ୟ କେତେକ ପୁଲିସ ଅଧିକାରୀଙ୍କୁ ସସପେଣ୍ଡ କରିଛନ୍ତି। ଏହି ସୂଚନା ଦେଇ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା କହିଛନ୍ତି, ଦଳାଚକଟା ପାଇଁ ଦାୟୀ ଆରସିବି (ରୟାଲ ଚାଲେଞ୍ଜର୍ସ ବେଙ୍ଗାଲୁରୁ), କର୍ଣ୍ଣାଟକ କ୍ରିକେଟ ଆସୋସିଏସନ ଏବଂ ଉତ୍ସବ ଆୟୋଜନର ଦାୟିତ୍ୱ ନେଇଥିବା ଡିଏନ୍ଏ ଏଣ୍ଟରଟେନମେଣ୍ଟର କର୍ମକର୍ତ୍ତାଙ୍କୁ ଗିରଫ କରାଯିବ। ଏହି ଘଟଣାର ତଦନ୍ତ ଦାୟିତ୍ୱ ସିଆଇଡିକୁ ଦିଆଯାଇଥିବା ସେ କହିଛନ୍ତି।

ଏହାପୂର୍ବରୁ ଆଜି ଆଇପିଏଲ୍ ଟ୍ରଫି ବିଜେତା ଆରସିବି ବିରୋଧରେ ଏଫଆଇଆର ଦାଖଲ କରିଥିଲା ବେଙ୍ଗାଲୁରୁ ପୁଲିସ। ଆରସିବି ସହିତ କର୍ଣ୍ଣାଟକ କ୍ରିକେଟ ଆସୋସିଏସନ୍ ଏବଂ ଉତ୍ସବର ଆୟୋଜନ ଦାୟିତ୍ୱ ନେଇଥିବା ଡିଏନ୍ଏ ଏଣ୍ଟରଟେନମେଣ୍ଟ ବିରୋଧରେ ମଧ୍ୟ ଏଫ୍ଆଇଆର ଦାଖଲ ହୋଇଛି। ଭାରତୀୟ ନ୍ୟାୟସଂହିତାର ୫ଟି ଦଫାରେ ଏହି ମାମଲା ରୁଜୁ ହୋଇଛି। ମାମଲାର ତଦନ୍ତ ଦାୟିତ୍ୱ ନେଇଥିବା ଜିଲ୍ଲା ମାଜିଷ୍ଟ୍ରେଟ୍ କହିଛନ୍ତି ଯେ କର୍ଣ୍ଣାଟକ କ୍ରିକେଟ ଆସୋସିଏସନ୍, ଆରସିବି ଏବଂ ବେଙ୍ଗାଲୁରୁ ମେଟ୍ରୋକୁ ମଧ୍ୟ ନୋଟିସ ଜାରି କରାଯିବ। କୁହାଯାଉଛି ଯେ ଉତ୍ସବ ପୂର୍ବରୁ ଆରସିବିର କେତେକ ଅଧିକାରୀ ସାମାଜିକ ଗଣମାଧ୍ୟମରେ ଯେଉଁ ସୂଚନା ଦେଇଥିଲେ ତାହା ହେଉଛି ଦଳାଚକଟାର ଅନ୍ୟତମ କାରଣ। ଏଥିରେ ସୂଚନା ଦିଆଯାଇଥିଲା ଯେ ଚିନ୍ନାସ୍ୱାମୀ ଷ୍ଟାଡିୟମରେ

**■ ଏସିପି, ଡିସିପି ମଧ୍ୟ ସସ୍‌ପେଣ୍ଡ**

**■ ରିପୋର୍ଟ ମାଗିଲେ ହାଇକୋର୍ଟ**

ସାଧାରଣ ବିଜୟ ଉତ୍ସବ ପାଳନ କରାଯିବ ଏବଂ ଷ୍ଟାଡିୟମରେ ପ୍ରବେଶକୁ ଶୁଳ୍କ ମୁକ୍ତ କରାଯାଇଛି। ଏହି ସୂଚନା ପାଇବା ପରେ ଲୋକଙ୍କ ଭିଡ଼ ଅସମ୍ଭାଳ ହୋଇପଡ଼ିଥିଲା। ଯେଉଁଥିପାଇଁ ଦଳାଚକଟା ହୋଇ ୧୧ ଜଣ ପ୍ରାଣ ହରାଇଥିଲେ ଏବଂ ୫୦ରୁ ଅଧିକ ଆହତ ହୋଇଥିଲେ। ସାମାଜିକ ଗଣମାଧ୍ୟମରେ ଏଭଳି ସୂଚନା ଦେଇଥିବା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ପୁଲିସ ପକ୍ଷରୁ କୁହାଯାଇଛି।

ଇତିମଧ୍ୟରେ କର୍ଣ୍ଣାଟକ ହାଇକୋର୍ଟ ମାମଲାରେ ହସ୍ତକ୍ଷେପ କରିବା ସହିତ ସରକାରଙ୍କ ଠାରୁ ରିପୋର୍ଟ ତଲବ କରିଛନ୍ତି। ଆସନ୍ତା ଜୁନ୍ ୧୦ ତାରିଖ ସୁଦ୍ଧା ରିପୋର୍ଟ ଦାଖଲ କରିବାକୁ କୁହାଯାଇଛି। ଆଜି ମାମଲାର ଶୁଣାଣି ବେଳେ ଆଡଭୋକେଟ ଜେନେରାଲ ଆରସିବି ଅଧିକାରୀଙ୍କୁ ଦୋଷ ଦେଇ କହିଲେ ଯେ ତାଙ୍କର ସୋସିଆଲ ମିଡିଆ ପୋଷ୍ଟ ଯୋଗୁଁ ଦଳାଚକଟା ହୋଇଛି। ଯେଉଁମାନେ ଦୋଷୀ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ। ସେ କହିଲେ ଯେ ଆଉ କେଉଁ କାରଣ ପାଇଁ ଏଭଳି ଦୁଃଖଦ ଘଟଣା ଘଟିଲା, ତାହାର ଯାଞ୍ଚ କରାଯିବ। ଭବିଷ୍ୟତରେ ଯେମିତି ଏହାର ପୁନରାବୃତ୍ତି ନହୁଏ ସେଥିଲାଗି ଉଦ୍ୟମ କରାଯିବ।

ତେବେ ଗତକାଲିର ଅଘଟଣକୁ ନେଇ ଦୋଷ ଲଦାଲଦି ଜାରି ରହିଛି। ସରକାର ଏଥିପାଇଁ ଆରସିବି ଏବଂ କ୍ରିକେଟ ଆସୋସିଏସନକୁ ଦାୟୀ କରିଛନ୍ତି। ଅନ୍ୟପକ୍ଷରେ ମିଳିଥିବା ସୂଚନା ଅନୁଯାୟୀ ରାଜ୍ୟ ପୁଲିସ ପ୍ରଶାସନ ସରକାରଙ୍କ ଆଡ଼କୁ ଦୋଷ ଠେଲିବାକୁ ଚେଷ୍ଟା କରିଛି। ଜଣେ ପୁଲିସ ଅଧିକାରୀ କହିଛନ୍ତି ଯେ ଏହି ବିଜୟ ଉତ୍ସବ ରବିବାର ପାଳନ କରିବା ଲାଗି ପୁଲିସ ପକ୍ଷରୁ କୁହାଯାଇଥିଲା। କିନ୍ତୁ ସରକାର ପୁଲିସ କଥା ନଶୁଣି ଉତ୍ସବ ପାଇଁ ଅନୁମତି ଦେଇଦେଲେ। ଅନ୍ୟପକ୍ଷରେ ଅଘଟଣ ପାଇଁ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କୁ ଦାୟୀ କରିଛି ବିଜେପି। ମୁଖ୍ୟମନ୍ତ୍ରୀଙ୍କୁ ଗିରଫ କରାଯାଉ ବୋଲି ଦଳ ଦାବି କରିଛି।

ଗତକାଲିର ଏହି ଦୁଃଖଦ ଘଟଣା ନେଇ ଆରସିବି ଶୋକ ପ୍ରକାଶ କରିବା ସହିତ ମୃତ ବ୍ୟକ୍ତିଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କା ଲେଖାଏଁ ଆର୍ଥିକ ସହାୟତା ଦେବାକୁ ଘୋଷଣା କରିଛି।

## ଗାଜା ଅସ୍ତ୍ରବିରତିରେ ଆମେରିକାର ଭିଟୋ

ୱାଶିଂଟନ, ୫।୬(ଏଜେନ୍ସି): ଆମେରିକା ଜାତିସଂଘ ସୁରକ୍ଷା ପରିଷଦ (ୟୁଏନ୍ଏସ୍‌ସି)ରେ ଗାଜାରେ ଅସ୍ତ୍ରବିରତି ଲାଗୁ କରିବା ନେଇ ଆଗତ ହୋଇଥିବା ପ୍ରସ୍ତାବ ଉପରେ ଭିଟୋ ଲଗାଇଛି। ୟୁଏନ୍ଏସ୍‌ସିରେ ବୁଧବାର ଏନେଇ ମତଦାନ ହୋଇଥିଲା। ଏଥିରେ ୧୫ଟି ଦେଶରୁ ୧୪ଟି ଦେଶ ଗାଜାରେ ଅସ୍ତ୍ରବିରତି ପକ୍ଷରେ ମତ ଦେଇଥିଲେ। ଏକମାତ୍ର ଦେଶ ଭାବେ ଆମେରିକାର ଏହି ପ୍ରସ୍ତାବି ବିରୋଧରେ ଭୋଟ୍ ଦେଇଥିଲା। ଏହି ପ୍ରସ୍ତାବରେ ସବୁ ବନ୍ଦୀମାନଙ୍କୁ ମୁକ୍ତି କରିବା ଓ ମାନବୀୟ ସହାୟତା ନେଇ ଲାଗୁ ହୋଇଥିବା ସବୁପ୍ରକାର ପ୍ରତିବନ୍ଧକକୁ ହଟାଇବା ନେଇ ଦାବି କରାଯାଇଥିଲା। କିନ୍ତୁ ଆମେରିକା ଏହି ପ୍ରସ୍ତାବ ବିରୋଧରେ ଖୋଲାଖୋଲି ମତ ଦେଇଥିଲା। ଏହାକୁ ରୋକିବା ପାଇଁ ଆମେରିକା ତା'ର ଭିଟୋ କ୍ଷମତାର ବ୍ୟବହାର କରିଥିଲା। ଏହି ପ୍ରସ୍ତାବ ଅସ୍ତ୍ରବିରତି ନେଇ ଚାଲିଥିବା 'କୂଟନୈତିକ ପ୍ରୟାସ'କୁ ଦୁର୍ବଳ କରିବ ବୋଲି ଆମେରିକାର ରାଜଦୂତ ଡୋରୋଥି ଶିଆ କହିଛନ୍ତି। ସୁରକ୍ଷା ପରିଷଦରେ ୧୦ଟି ଦେଶ ଯଥା, ଆଲଜେରିଆ, ଡେନମାର୍କ, ଗ୍ରୀସ୍, ଗୁଏନା, ପାକିସ୍ତାନ, ପାନାମା, କୋରିଆ ଗଣରାଜ୍ୟ, ସିଏରା ଲିଓନ, ସ୍ଲୋଭେନିଆ ଓ ସୋମାଲିଆ ଏହି ପ୍ରସ୍ତାବକୁ ପ୍ରସ୍ତୁତ୍ କରିଥିଲେ। ଏହାକୁ ବ୍ରିଟେନ, ଫ୍ରାନ୍ସ, ରୁଷ ଓ ଚୀନ୍ ଭଳି ବିକଶିତ ଦେଶ ସମର୍ଥନ କରିଥିଲେ। ଏନେଇ ମତଦାନ ଆରମ୍ଭ ହେବା ପୂର୍ବରୁ ଆମେରିକା ଏହ ପ୍ରସ୍ତାବକୁ ସମର୍ଥନ କରୁନାହିଁ ଓ ନିଜକୁ ରକ୍ଷା କରିବାକୁ ଇସ୍ରାଏଲ୍‌ର ପୂରା ଅଧିକାର ରହିଛି ବୋଲି ଆମେରିକାର କାର୍ଯ୍ୟକାରୀ ରାଜଦୂତ ଡୋରେଥି ଶିଆ ସ୍ପଷ୍ଟ କରିଥିଲେ। ଉଲ୍ଲେଖଥାଉ କି, ଇସ୍ରାଏଲ୍ ଓ ହମାସ ମଧ୍ୟ ଚାଲିଥିବା ଏହି ଯୁଦ୍ଧରେ ଏପର୍ଯ୍ୟନ୍ତ ୫୫ ହଜାର ପାଲେଷ୍ଟାଇନ୍ ନାଗରିକ ପ୍ରାଣ ହରାଇଛନ୍ତି। ୨୦୨୩ ଅକ୍ଟୋବର ୭ରେ ଇସ୍ରାଏଲ୍‌ରେ ହମାସର ଆକ୍ରମଣ ପରେ ଏହି ସଂଘର୍ଷ ଚାଲୁରହିଛି।

## ପାକିସ୍ତାନରେ ଅହମ୍ମଦିଆଙ୍କୁ ଇଦ୍ ପାଳନ ମନା

ଇସ୍ଲାମାବାଦ୍, ୫।୬(ଏଜେନ୍ସି): ପାକିସ୍ତାନର ସିନ୍ଧ୍ ଓ ପଞ୍ଜାବ ପ୍ରଦେଶରେ ଅହମ୍ମଦିଆ ମୁସଲମାନଙ୍କ ଉପରେ ପୁଣିଥରେ ବୈମାତୃକ ମନୋଭାବ ପୋଷଣ କରାଯାଉଥିବା ଦେଖିବାକୁ ମିଳିଛି। ଏହି ଦୁଇଟି ରାଜ୍ୟରେ ଅହମ୍ମଦିଆ ମୁସଲମାନଙ୍କୁ ଇଦ୍ ପାଳନ କରିବାକୁ ବାରଣ କରାଯାଇଛି। ଏଥିପାଇଁ ସେମାନଙ୍କଠାରୁ ଜୋର ଜବରଦସ୍ତି ଆଫିଡେବିଟ୍ କାଗଜରେ ଦସ୍ତଖତ ନିଆଯାଉଛି। ପଞ୍ଜାବରେ ଯଦି ଅହମ୍ମଦିଆମାନେ ଇଦ୍ ପାଳନ କରନ୍ତି ତେବେ ସେମାନଙ୍କଠାରୁ ୫ ଲକ୍ଷ ଟଙ୍କା ଜରିମାନା ଆଦାୟ କରାଯିବ ବୋଲି ତାଗିଦ୍ କରାଯାଇଛି। ପଞ୍ଜାବ ଓ ସିନ୍ଧ୍‌ରେ ଏମାନଙ୍କୁ ସେମାନଙ୍କ ଘରେ ମଧ୍ୟ କୌଣସି ଧାର୍ମିକ କାର୍ଯ୍ୟ କରିବାକୁ ବାରଣ କରାଯାଇଛି। ଏପରିକି ପୁଲିସ୍ ମଧ୍ୟ ଅହମ୍ମଦିଆ ମୁସଲମାନଙ୍କୁ ଗିରଫ୍ କରି ସେମାନଙ୍କଠାରୁ ଧମକ ଦେଇ ଆଫିଡେବିଟ୍‌ରେ ଦସ୍ତଖତ କରାଇନେଉଛି ବୋଲି ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟରୁ ଜଣାଯାଇଛି। ଉଲ୍ଲେଖଥାଉ କି, ପାକିସ୍ତାନରେ ୨୦ ଲକ୍ଷ ଅହମ୍ମଦିଆ ବସବାଦ କରୁଛନ୍ତି ଓ ଏମାନେ ଧାର୍ମିକ ଉତ୍ପିଡ଼ନର ଶିକାର ହେଉଛନ୍ତି। ପାକିସ୍ତାନରେ ଏମାନେ ସବୁବେଳେ କଟରପନ୍ଥୀଙ୍କ ଟାର୍ଗେଟ୍‌ରେ ରହିଆସିଛନ୍ତି। ପଞ୍ଜାବରେ ଅତିକମ୍‌ରେ ୩୬ଜଣ ଅହମ୍ମଦିଆଙ୍କୁ ଗରିଫ କରିବା ସହ ସେମାନଙ୍କ ଇଦ୍ ପାଳନ ପାଇଁ ବାରଣ କରାଯାଉଛି। ୧୯୭୪ରେ ସମ୍ବିଧାନ ସଂଶୋଧନ କରାଯାଇ ଏମାନଙ୍କୁ ମୁସଲମାନ ଭାବେ ପରିଗଣିତ କରାଯାଉନାହିଁ। ସେମାନଙ୍କୁ କୁରାନ ପଢ଼ିବାକୁ, ନମାଜ ପଢ଼ିବାକୁ ଓ ଅନ୍ୟ ଧାର୍ମିକ କାର୍ଯ୍ୟ ପାଳନ କରିବାକୁ ବାରଣ କରାଯାଇଛି।

## ୧୨ ଦେଶର ନାଗରିକଙ୍କ ଆମେରିକା ପ୍ରବେଶ ଉପରେ କଟକଣା



ୱାଶିଂଟନ, ୫।୬(ଏଜେନ୍ସି): ଆମେରିକାରେ ୧୨ଟି ଦେଶର ନାଗରିକଙ୍କୁ ପ୍ରବେଶ କରିବା ପାଇଁ ବାରଣ କରାଯାଇଛି। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୧୨ଟି ଦେଶର ନାଗରିକଙ୍କ ପ୍ରବେଶ ଉପରେ ସମ୍ପୂର୍ଣ୍ଣ ଭାବେ ନିଷେଧାଦେଶ ଜାରି କରିଛନ୍ତି। ଆମେରିକାର ନିରାପତ୍ତା ଓ ନାଗରିକଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ଏପରି ଚରମ ପଦକ୍ଷେପ ନିଆଯାଇଛି ବୋଲି ସେ କହିଛନ୍ତି। ଏହାକୁ ବାଦ୍ ଦେଲେ ୭ଟି ଦେଶର ନାଗରିକଙ୍କୁ ଆମେରିକାର ପ୍ରବେଶ ପାଇଁ ଆଂଶିକ ଭାବେ ବାରଣ କରାଯାଇଛି। ତେବେ ଆତଙ୍କବାଦର ଗଡ଼ ପାକିସ୍ତାନ ଆଶ୍ଚର୍ଯ୍ୟଜନକ ଭାବେ ଏଥିରୁ ବାଦ୍ ପଡ଼ିଛି।

ଏହି ନିୟମ ଇମିଗ୍ରେସନ ଓ ନନ୍ ଇମିଗ୍ରେସନ ଦୁଇ ପ୍ରକାର ଭିସା ଉପରେ ଲାଗୁ ହେବ। 'ଆମେରିକାକୁ ଏଭଳି ବିଦେଶୀମାନଙ୍କଠାରୁ ସୁରକ୍ଷିତ ରଖିବାର ଆବଶ୍ୟକତା ରହିଛି' ଯେଉଁମାନେ ଆତଙ୍କବାଦୀ ଆକ୍ରମଣ ଓ ରାଷ୍ଟ୍ରୀୟ ସୁରକ୍ଷାକୁ ବିପଦରେ ପକାଉଛନ୍ତି, ଘୃଣାଭାବ ସୃଷ୍ଟି କରିବା ସହ ଏହାର ପ୍ରଚାର କରୁଛନ୍ତି। ଏମାାନେ ଅପ୍ରବାସ ନିୟମର ଭୁଲ ଫାଇଦା ଉଠାଉଛନ୍ତି ବୋଲି ଟ୍ରମ୍ପ କହିଛନ୍ତି। କେବଳ ସେତିକି ନୁାହେଁ, ଭିସା ପ୍ରଦାନ କରିବାବେଳେ ସାବଧାନତା ଅବଲମ୍ବନ କରିବାକୁ ସେ କଡ଼ାକଡ଼ି ଭାବେ ପରାମର୍ଶ ଦେଇଛନ୍ତି। ଯେଉଁମାନେ ଆମେରିକାର ସ୍ୱାର୍ଥରେ କ୍ଷତି ପହଞ୍ଚାଇବାର ଆଶଙ୍କା ରହିଛି, ସେମାନଙ୍କୁ ଭିଜା ଦେବା ଉଚିତ ନୁହଁ ଓ ଏଭଳି ବ୍ୟକ୍ତିଙ୍କୁ ଆମେରିକାର ଆବଶ୍ୟକ କରେନାହିଁ। ଆତଙ୍କବାଦକୁ ରୋକିବା ପାଇଁ ଏହି ପ୍ରତିବନ୍ଧ ନିହାତି ଜରୁରୀ ବୋଲି ସେ କହିଛନ୍ତି। ଆଫଗାନିସ୍ତାନ ଓ ମ୍ୟାନମାନର ନେଇ ଆମେରିକା ସଫେଇ ଦେଇଛି। ଆଫଗାନିସ୍ତାନରେ ତାଲିବାନ ଭଳି ଆତଙ୍କବାଦୀ ସଂଗଠନ ଶାସନ କରୁଛି। ପୁଣି ମ୍ୟାନମାର ନାଗରିକଙ୍କ ଭିଜା ଅବଧି ଶେଷ ହୋଇଥିଲେ ମଧ୍ୟ ସେମାନେ ଆମେରିକାର ଛାଡୁ ନାହାନ୍ତି। ତେଣୁ ବାସନ୍ଦ ତାଲିକାରେ ଏହି ଦୁଇଦେଶକୁ ସାମିଲ କରାଯାଇଛି ବୋଲି କୁହାଯାଇଛି। ରିପୋର୍ଟ ଅନୁସାରେ ମ୍ୟାନମାରର ବି୧ ଓ ବି୨ ଭିଜା ପାଇଥିବା ୨୭.୦୭ ପ୍ରତିଶତ ଏବଂ ଏଫ୍, ଏମ୍, ଜେ ଭିଜା ପାଇ ଆମେରିକାର ଆସିଥିବା ୪୨.୧୭ ପ୍ରତିଶତ ନାଗରିକ ନିର୍ଦ୍ଧାରିତ ସମୟ ଶେଷ ହୋଇଥିଲେ ମଧ୍ୟ ଅଧିକ ସମୟ ରହୁଛନ୍ତି। ପୁଣି ମ୍ୟାନମାର ସରକାର ନିଜ ନାଗରିକଙ୍କୁ ଫେରାଇ ନେବା ପ୍ରକ୍ରିୟାରେ ସହଯୋଗ କରୁନାହିଁ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି।

**■ ଆତଙ୍କବାଦୀ ଆକ୍ରମଣ ପରେ ଟ୍ରମ୍ପଙ୍କ କାର୍ଯ୍ୟାନୁଷ୍ଠାନ**

**■ ବାଦ୍ ପଡ଼ିଲା ପାକିସ୍ତାନ**

### ୭ ମୁସଲମାନ ବହୁଳ ଦେଶ ୨୦୧୭ରେ ବ୍ୟାନ୍ ହୋଇଥିଲେ

ଟ୍ରମ୍ପଙ୍କ ଏଭଳି କଟକଣା ଆମେରିକାର ପାଇଁ ନୂଆନୁହେଁ। ଟ୍ରମ୍ପ ତାଙ୍କର ପ୍ରଥମ କାର୍ଯକାଳରେ ୨୦୧୭ ରେ ଏଭଳି ଟ୍ରାଭେଲ ବ୍ୟାନ ଲଗାଇଥିଲେ। ଏହାକୁ ସାଧାରଣତଃ ମୁସ୍‌ଲିମ ବ୍ୟାନ୍ ବୋଲି କୁହାଯାଇଥାଏ। ଏଥିରେ ଅଧିକାଂଶ ମୁସ୍‌ଲିମ୍ ଦେଶଗୁଡିକ ସାମିଲ ଥିଲେ। ସେତେବେଳେ ସେ ୭ଟି ଦେଶକୁ ଆମେରିକାର ପ୍ରବେଶ ପାଇଁ ସମ୍ପୂର୍ଣ୍ଣ ଭାବେ ବ୍ୟାନ୍ କରିଥିଲେ। ଏହି ଦେଶ୍‌ଗୁଡିକ ହେଲା ଇରାକ, ଇରାନ, ଲିବିଆ, ସୋମାଲିଆ, ସୁଦାନ, ସିରିଆ ଓ ୟେମେନ। ଅବଶ୍ୟ ପରେ ଏଥିରେ ପରିବର୍ତ୍ତନ କରାଯାଇ ଇରାକକୁ ଏହି ତାଲିକାରୁ ବାଦ୍ ଦିଆଯାଇଥିଲା। ସେହିପରି ସୁଦାନକୁ ହଟାଇ ଚାଦ୍‌କୁ ସାମିଲ କରାଯାଇଥିଲା। ପୁଣି ଉତ୍ତର କୋରିଆ ଓ ଭେନେଜୁଏଲା ଭଳି ଅଣ-ମୁସ୍‌ଲିମ ଦେଶ ଦ୍ୱୟକୁ ସାମିଲ କରାଯାଇଥିଲା। ଧାର୍ମିକ ଭେଦଭାବ ଭଳି ଅପବାଦକୁ ଦୃଷ୍ଟିରେ ରଖି ଏହି ଦୁଇ ଦେଶକୁ ସାମିଲ କରିଥିଲା। ସମ୍ପୂର୍ଣ୍ଣ ଭାବେ ବାସନ୍ଦ ହୋଇଥିବା ୧୨ ଦେଶ- ଆଫଗାନିସ୍ତାନ, ମ୍ୟାନମାର, ଚାଦ୍, କଙ୍ଗୋ, ଏରିଟ୍ରିଆ, ହାଇତି, ଇରାନ, ଲିବିଆ, ସୋମାଲିଆ, ସୁଦାନ ଓ ୟେମେନ। ଆଂଶିକ ଭାବେ ବାରଣ ହୋଇଥିବା ଦେଶ- ବୁରୁଣ୍ଡି, କ୍ୟୁବା, ଲାଓସ, ସିଏରା ଲିଓନ, ଟୋଗୋ, ତୁର୍କମେନିସ୍ତାନ ଓ ଭେନେଜୁଏଲା।

## ଭାରତରେ ନିର୍ମାଣ ହେବ ରାଫେଲ୍ ଯନ୍ତ୍ରାଂଶ

ନୂଆଦିଲ୍ଲୀ, ୫।୬(ଏଜେନ୍ସି): ପ୍ରତିରକ୍ଷା କ୍ଷେତ୍ରରେ ଭାରତକୁ ମିଳିଛି ଆଉ ଏକ ବଡ଼ ସଫଳତା। ଫ୍ରାନ୍ସରୁ ଅଣାଯାଇଥିବା ରାଫେଲ୍ ଯୁଦ୍ଧ ବିମାନର ଯନ୍ତ୍ରାଂଶ ଏବେ ଭାରତରେ ତିଆରି ହେବ। ଏହା ପ୍ରସ୍ତାବିତ ହାଇଦ୍ରାବାଦ ପ୍ଲାଣ୍ଟରେ ନିର୍ମାଣ ହେବ, ଯାହାକୁ 'ଫ୍ୟୁଜଲାଜ୍' କୁହାଯାଉଛି। ଏ ନେଇ ରାଫେଲ୍ ବିମାନର ନିର୍ମାତା ଦାସଲ୍ଟ ଏଭିଏସନ ଟାଟା ଆଡ୍‌ଭାନ୍ସଡ ସିଷ୍ଟମ ଲିମିଟେଡ୍ (ଟିଏଏସଏଲ) ସହିତ ଚୁକ୍ତି ସ୍ୱାକ୍ଷର କରିଛି। ଭାରତୀୟ ବଜାର ସହିତ ବିଶ୍ୱ ବଜାର ପାଇଁ ଏଠାରୁ ଯୁଦ୍ଧ ବିମାନର ବଡି ତିଆରି କରାଯିବ। ତେବେ ଏଥିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଇତିହାସରେ ପ୍ରଥମ ଥର ପାଇଁ ରାଫେଲ ଯୁଦ୍ଧ ବିମାନର ବଡି ଫ୍ରାନ୍ସ ବାହାରେ କୌଣସି ଦେଶରେ ନିର୍ମାଣ ହେବାକୁ ଯାଉଛି।

ଦାସଲ୍ଟ ଓ ଟିଏଏସଏଲ୍ ଦ୍ୱାରା ହୋଇଥିବା ଚୁକ୍ତି ଅନୁସାରେ ଉଭୟ କମ୍ପାନୀ ମଧ୍ୟରେ ୪ଟି ପ୍ରଡକ୍ସନ ଟ୍ରାନ୍ସଫର ଏଗ୍ରିମେଣ୍ଟ (ଉତ୍ପାଦନ ସ୍ଥାନାନ୍ତର ଚୁକ୍ତିନାମା) ସ୍ୱାକ୍ଷରିତ ହୋଇଛି। ପ୍ରଥମ ବଡି ପାର୍ଟ ନିର୍ମାଣ ସେକ୍ସନଗୁଡ଼ିକ ୨୦୨୮ ଆର୍ଥିକ ବର୍ଷ ସୁଦ୍ଧା କାର୍ଯ୍ୟକ୍ଷମ ହେବ ବୋଲି ଆଶା କରାଯାଉଛି। ଯାହାର ଉତ୍ପାଦନ କ୍ଷମତା ପ୍ରତି ମାସରେ ଦୁଇଟି ସମ୍ପୂର୍ଣ୍ଣ ବଡି ନିର୍ମାଣ କରାଯିବ। ହାଇଦ୍ରାବାଦରେ ବିମାନର ପ୍ରମୁଖ ଗଠନାତ୍ମକ ଅଂଶ ନିର୍ମାଣ ପାଇଁ ଏକ ସ୍ୱତନ୍ତ୍ର ପ୍ଲାଣ୍ଟ ପ୍ରତିଷ୍ଠା କରାଯିବ, ଯେଉଁଥିରେ ସେଣ୍ଟ୍ରାଲ ଫ୍ୟୁଜେଲେଜ୍, ପଛ ଭାଗ, ପାର୍ଶ୍ୱ ପଛ ସେଲ୍ ଏବଂ ସମ୍ମୁଖ ଅଂଶ ଆଦି ତିଆରି ହେବ। 'ମେକ୍ ଇନ୍ ଇଣ୍ଡିଆ' ଏବଂ ଆତ୍ମନିର୍ଭର ଭାରତ ପଦକ୍ଷେପ ଅନ୍ତର୍ଗତ ଭାରତର ରଣନୈତିକ ଲକ୍ଷ୍ୟ ସହିତ ସମନ୍ୱିତ ରକ୍ଷା କରି ଏହି ଚୁକ୍ତି କରାଯାଇଛି। ଦାସଲ୍ଟ ଆଭିଏସନ୍‌ର ଅଧ୍ୟକ୍ଷ ଏବଂ ସିଇଓ ଏରିକ୍ ଟ୍ରାପିଅର୍ କହିଛନ୍ତି ଯେ ଏହି ସହଭାଗିତା ଭାରତରେ ଆମର ଯୋଗାଣ ଶୃଙ୍ଖଳାକୁ ସୁଦୃଢ଼ କରିବା ପାଇଁ ଏକ ନିର୍ଣ୍ଣାୟକ ପଦକ୍ଷେପ ହେବ। ଉଲ୍ଲେଖଯୋଗ୍ୟ ଯେ ଟିଏଏସଏଲ୍ ଭଳିଭାରତୀୟ ଏରୋସ୍ପେସ୍ କମ୍ପାନୀଗୁଡ଼ିକ ସହିତ ସହଯୋଗିତା କରିବା ପାଇଁ କମ୍ପାନୀର ଏହା ଦୀର୍ଘକାଳୀନ ରଣନୀତି ବୋଲି କୁହାଯାଉଛି। ଟିଏଏସଏଲ୍‌ର ସିଇଓ ଏବଂ ଏମ୍‌ଡି ସୁକରଣ ସିଂହ ଏହି ସହଭାଗିତାକୁ ଭାରତର ମହାକାଶ ଯାତ୍ରାରେ ଏକ ମାଇଲ୍‌ଖୁଣ୍ଟ ବୋଲି କହିଛନ୍ତି।

**■ ଇତିହାସରେ ପ୍ରଥମଥର ଫ୍ରାନ୍ସ ବାହାରେ ହେବ ଉତ୍ପାଦନ**

**■ ଦାସଲ୍‌ଟ ଏଭିଏସନ୍-ଟାଟା ଆଡ୍‌ଭାନ୍ସଡ ସିଷ୍ଟମ ଲିମିଟେଡ୍ ଚୁକ୍ତି**

**■ ହାଇଦ୍ରାବାଦରେ ପ୍ରତିଷ୍ଠା ହେବ ପ୍ଲାଣ୍ଟ**



## ଶର୍ମିଷ୍ଠାଙ୍କୁ ଅନ୍ତରୀଣ ଜାମିନ୍

କୋଲକାତା, ୫।୬(ଏଜେନ୍ସି): ଇନଷ୍ଟାଗ୍ରାମ୍ ଇନ୍‌ଫ୍ଲୁଏନ୍ସର ଶର୍ମିଷ୍ଠା ପାନୋଲିଙ୍କୁ ଅନ୍ତରୀଣ ଜାମିନ୍ ମିଳିଛି। କୋଲକାତା ହାଇକୋର୍ଟ ଗୁରୁବାର ତାଙ୍କୁ ଜାମିନ ପ୍ରଦାନ କରିଛନ୍ତି। ଅପରେସନ୍ ସିନ୍ଦୂରକୁ ନେଇ ସେ ସାମାଜିକ ଗଣମାଧ୍ୟମରେ ଏକ ଆପତ୍ତିଜନକ ତଥା ସାମ୍ପ୍ରଦାୟିକ ପୋଷ୍ଟ କରି ଚର୍ଚ୍ଚାକୁ ଆସିଥିଲେ। ୧୦ ହଜାର ଟଙ୍କା ମୁଚାଲିକାରେ ତାଙ୍କୁ ସର୍ତ୍ତମୂଳକ ଭାବେ ଏହି ଜାମିନ ପ୍ରଦାନ କରାଯାଇଛି। କୋର୍ଟ ଗତ ୩ ତାରିଖରେ କିନ୍ତୁ ତାଙ୍କ ଜାମିନ ଆବେଦନକୁ ଖାରଜ୍ କରିଥିଲେ। ତାଙ୍କୁ ନିରାପତ୍ତା ତଥା ସୁରକ୍ଷା ଯୋଗାଇଦେବା ପାଇଁ ପୁଲିସ୍‌କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜାମିନ ଦେବା ସହ କୋର୍ଟ ତାଙ୍କ ପାଇଁ କେତୋଟି ସର୍ତ୍ତ ଲାଗୁ କରିଛନ୍ତି। ସେ ଦେଶ ଛାଡି ବାହାରକୁ ଯାଇପାରିବେ ନାହିଁ। ବିଦେଶକୁ ଯିବାକୁ ହେଲେ ତାଙ୍କୁ ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ୍ (ସିଜେଏମ୍)ଙ୍କ ଅନୁମତି ନେବାକୁ ହେବ। ପୁଣି ତାଙ୍କୁ ନିଜର ପାସପୋର୍ଟ ଦାଖଲ କରିବାକୁ ହେବ। ଶର୍ମିଷ୍ଠା ତଦନ୍ତରେ ସହଯୋଗ କରିବା ସହ ତାଙ୍କୁ ବେଲ୍ ବଣ୍ଡ ଉପରେ ସ୍ୱାକ୍ଷର କରିବାକୁ ହେବ। ଉଲ୍ଲେଖଥାଉ କି, ୨୨ ବର୍ଷୀୟା ଶର୍ମିଷ୍ଠାଙ୍କୁ ଗତ ମେ ୩୦ରେ ଗୁରୁଗ୍ରାମ୍‌ରେ ଗିରଫ କରାଯାଇଥିଲା। କୋର୍ଟ ତାଙ୍କୁ ୧୪ ଦିନିଆ ବିଚାରବିଭାଗୀୟ ହାଜତକୁ ପଠାଇଥିଲେ। ସେ ପୋଷ୍ଟ କରିଥିବା ନିଜ ଭିଡିଓରେ ଇସ୍‌ଲାମ ଧର୍ମ ଉପରେ ଅପମାନଜନକ ମନ୍ତବ୍ୟ ଦେଇଥିବା ଅଭିଯୋଗ ହୋଇଥିଲା। ତେବେ ସମାଲୋଚନା ପରେ ସେ ଏହି ଭିଡିଓକୁ ହଟାଇ ଦେଇଥିଲେ।



## ରାହୁଲଙ୍କ 'ନରେନ୍ଦର ସରେଣ୍ଡର' ଏବଂ ଥରୁରଙ୍କ ପ୍ରତିକ୍ରିୟା

ନୂଆଦିଲ୍ଲୀ, ୫।୬(ଏଜେନ୍ସି): ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ହସ୍ତକ୍ଷେପ ପରେ ପ୍ରଧାନମନ୍ତ୍ରୀ ମୋଦୀ ଅପରେସନ ସିନ୍ଦୂରକୁ ବନ୍ଦ କରିଦେଲେ ବୋଲି ବିରୋଧୀ ଦଳର ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ଦେଇଥିବା ମନ୍ତବ୍ୟ ନେଇ ପ୍ରତିକ୍ରିୟା ପ୍ରକାଶ କରିଛନ୍ତି ତାଙ୍କ ଦଳର ସାଂସଦ ଶଶୀ ଥରୁର। ଥରୁର କହିଛନ୍ତି ଯେ ଭାରତ କାହାରି ଚାପରେ ସାମରିକ କାର୍ଯ୍ୟାନୁଷ୍ଠାନ ବନ୍ଦ କରିନାହିଁ। ଅପରେସନ ସିନ୍ଦୂର ସଂପର୍କରେ ବିଶ୍ୱ ନେତାମାନଙ୍କୁ ଅବଗତ କରିବା ଉାଦ୍ଦେଶ୍ୟରେ ଆମେରିକା ଗସ୍ତରେ ଭାରତୀୟ ପ୍ରତିନିଧି ମଣ୍ଡଳୀର ନେତୃତ୍ୱ ନେଉଥିବା ସାଂସଦ ଶଶୀ ଥରୁର ରାହୁଲ ଗାନ୍ଧୀଙ୍କ 'ନରେନ୍ଦର ସରେଣ୍ଡର' ମନ୍ତବ୍ୟକୁ ପରୋକ୍ଷରେ ନାପସନ୍ଦ କରିଛନ୍ତି। ଅପରେସନ ସିନ୍ଦୂର ବେଳେ ଟ୍ରମ୍ପଙ୍କ ଚାପରେ ମୋଦୀ ଆତ୍ମସମର୍ପଣ କରିଥିଲେ ଓ ଅସ୍ତ୍ରବିରତି ପାଇଁ ରାଜି ହୋଇଥିଲେ ବୋଲି ରାହୁଲ କହିଥିଲେ। କିନ୍ତୁ ଥରୁର ଏହାକୁ ପରୋକ୍ଷରେ ଖଣ୍ଡନ କରିଛନ୍ତି। ଭାରତ କାହାର ପରାମର୍ଶ ବା ମଧ୍ୟସ୍ଥତା ଆବଶ୍ୟକ କରୁନାହିଁ ବୋଲି ସେ କହିଥିଲେ। ସେ କହିଲେ ଯେ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରତି ମୋର ଯଥେଷ୍ଟ ସମ୍ମାନ ରହିଛି। ସେ ପାକିସ୍ତାନକୁ କ'ଣ କହିଛନ୍ତି ଆମକୁ ଜଣାନାହିଁ। କିନ୍ତୁ ଆମକୁ କାହାର ପରାମର୍ଶ ଲୋଡା ନାହିଁ ବୋଲି ସେ ରାହୁଲଙ୍କ ନାମ ନ ନେଇ ଜବାବ୍ ଦେଇଛନ୍ତି। ସୂଚନାଯୋଗ୍ୟ ଯେ କଂଗ୍ରେସ ସହ ବିନା ପରାମର୍ଶରେ ସରକାର ଥରୁରଙ୍କୁ ପ୍ରତିନିଧି ଦଳର ନେତା କରିଥିଲେ। ଏହାକୁ କଂଗ୍ରେସ ବିରୋଧ କରିଥିବା ବେଳେ ଥରୁର ଗୌରବାନ୍ୱିତ ମନେ କରୁଛନ୍ତି ବୋଲି କହିଥିଲେ।



## ରନଥାମ୍ବୋର ବ୍ୟାଘ୍ର ଅଭୟାରଣ୍ୟରେ ଖଣି ଖନନକୁ ବ୍ୟାନ୍ କଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୫।୬(ଏଜେନ୍ସି): ଏକ୍ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇ ସୁପ୍ରିମେକୋର୍ଟ ରାଜସ୍ଥାନର ରନଥାମ୍ବୋର ବ୍ୟାଘ୍ର ଅଭୟାରଣ୍ୟରେ ସବୁ ପ୍ରକାର ଖଣି ଖନନକୁ ବ୍ୟାନ କରିଛନ୍ତି। ପ୍ରଧାନ ବିଚାରପତି ବିଆର ଗଭାଇ, ବିଚାରପତି ଅଗଷ୍ଟିନ ଜର୍ଜ ମାସି ଓ ଏଏସ୍ ଚନ୍ଦୁରକରଙ୍କୁ ନେଇ ଗଠିତ ଖଣ୍ଡପୀଠ ଅଭୟାରଣ୍ୟରେ ସୃଷ୍ଟି ସମସ୍ୟା ନେଇ ହୋଇଥିବା ଆବେଦନର ଶୁଣାଣି କରି ଏହି ନିର୍ଦ୍ଦେଶ ଦେଇଛନ୍ତି। ବ୍ୟାଘ୍ର ଅଭୟାରାଣ୍ୟର କେନ୍ଦ୍ର ଅଞ୍ଚଳରେ ସୃଷ୍ଟି ହୋଇଥିବା ମାନବୀୟ କାର୍ଯ୍ୟକଳାପ ଏକାଧିକ ସମସ୍ୟା ସୃଷ୍ଟି କରୁଛି ବୋଲି ଅଭିଯୋଗ ହୋଇ ଆସୁଥିଲା। ଏ ସଂକ୍ରାନ୍ତରେ ସୃଷ୍ଟି ହେଉଥିବା ଅନ୍ୟ ସମସ୍ୟାଗୁଡିକ ଉପରେ ନଜର ରଖିବା ପାଇଁ ସୁପ୍ରିମକୋର୍ଟ ଏକ ୩ ଜଣିଆ କମିଟି ଗଠନ କରିଛନ୍ତି। ଶୁଣାଣିରେ ୫ଟି ସମସ୍ୟା ଉପରେ ଆଲୋଚନା ହୋଇଥିଲା। ଆବେଦନକରୀ ବ୍ୟକ୍ତିଙ୍କ ଦ୍ୱାରା ଉଠାଯାଇଥିବା ଏହି ସମସ୍ୟାଗୁଡିକ ହେଲା ରିଜର୍ଭ ମଧ୍ୟରେ ରହିଥିବା ତ୍ରିନେତ୍ର ମନ୍ଦିରରେ ଲୋକଙ୍କ ଭିଡ, ରିଜର୍ଭରେ ଅବୈଧ ଖଣି ଖନନ, ଅବୈଧ ନିର୍ମାଣ ଓ ବ୍ୟବସାୟିକ ଗତିବିଧି, ବ୍ୟାଘ୍ର ଅଭୟାରଣ୍ୟରେ ସ୍ଥିତିର ସମ୍ବେଦନଶୀଳତାକୁ ସୂଚନା ଦେବାରେ ହେଉଥିବା ବିଳମ୍ବ ଏବଂ ରିଜର୍ଭ ମଧ୍ୟରେ ଐତିହାସିକ ସଂରଚନାଗୁଡିକର ସଂରକ୍ଷଣ। ବ୍ୟାଘ୍ର ଅଭୟାରଣ୍ୟ ସହ ତ୍ରିନେତ୍ର ମନ୍ଦିର ଭକ୍ତଙ୍କ ହିତକୁ ଧ୍ୟାନ ରଖିବା ନେଇ ପରାମର୍ଶ ଦେବା ସହ ସନ୍ତୁଳନ ରକ୍ଷା କରିବାକୁ ସୁପ୍ରିମକୋର୍ଟ କମିଟିକୁ ନିର୍ଦ୍ଦେଶ ଦେଇଛନ୍ତି।

## ୧୦୦ କୋଟି ଟଙ୍କାର ଦୁର୍ନୀତି | ବୀମା ଅର୍ଥ ପାଇଁ ହତ୍ୟା; ୫୨ ଗିରଫ

ସମ୍ଭଲ, ୫।୬(ଏଜେନ୍ସି): ଉତ୍ତରପ୍ରଦେଶର ସମ୍ଭଲ ଜିଲ୍ଲାରେ ଏକ ବଡ଼ ବୀମା ଦୁର୍ନୀତି ପଦାକୁ ଆସିଛି। ୧୦୦ କୋଟି ଟଙ୍କର ଏହି ଠକେଇ ଓ ବୀମା ଦୁର୍ନୀତିରେ ନକଲି ଦସ୍ତାବିଜ ବ୍ୟବହାର, କପଟତାପୂର୍ଣ୍ଣ ନୀତି ଓ ହତ୍ୟା ଭଳି ଜଘନ୍ୟ ଅପରାଧ ଘଟାଇଥିବାର ପ୍ରମାଣ ମିଳିଛି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଏ ନେଇ ଛାନଭିନ୍ ଆରମ୍ଭ କରିଛି। ସ୍ଥାନୀୟ ପୁଲିସଠାରୁ ଏ ସଂକ୍ରାନ୍ତରେ ଇଡି ଏଫ୍ଆଇଇର କପି ଓ ସମ୍ପର୍କିତ ଦସ୍ତାବିଜ୍ ମାଗିଛି। ଏହି ଘଟଣାରେ ଏପର୍ଯ୍ୟନ୍ତ ୫୨ଜଣକୁ ଗରିଫ କରାଯାଇଛି ଓ ୫୦ ଜଣ ଅଭିଯୁକ୍ତ ଫେରାର ଅଛନ୍ତି। ୩ ଜଣଅଭିଯୁକ୍ତ କୋର୍ଟରେ ଆତ୍ମସମର୍ପଣ କରିଛନ୍ତି।

ଅଭିଯୁକ୍ତମାନେ ଯୁବକମାନଙ୍କୁ ଟାର୍ଗେଟ କରୁଥିଲେ ଓ ବୀମା ଅର୍ଥ ପାଇଁ କେତେକ କ୍ଷେତ୍ରରେ ସେମାନଙ୍କୁ ହତ୍ୟା କରିବାକୁ ପଛାଉ ନଥିଲେ। ଏହି ଦୁର୍ନୀତିର ଜାଲ ୧୨ଟି ରାଜ୍ୟକୁ ବ୍ୟାପିଛି ଓ ଏପର୍ଯ୍ୟନ୍ତ ୧୭ଟି ଏଫ୍ଆଇଆର ହୋଇଛି ବୋଲି କୁହାଯାଇଛି। ଏହି ହତ୍ୟା ମାମଲାଗୁଡିକରେ ବୀମା ପଲିସି ଧାରକମାନଙ୍କ ସଡକ ଦୁର୍ଘଟଣାରେ ମୃତ୍ୟୁ ଘଟିଛି। ଟଙ୍କା ପାଇଁ ଷଡ଼ଯନ୍ତ୍ରପୂର୍ବକ ସେମାନଙ୍କୁ ହତ୍ୟା କରାଯାଇଛି ବୋଲି ଅନୁମାନ କରାଯାଉଛି ବୋଲି ସମ୍ଭଲ ଏଏସ୍‌ପି(ଦକ୍ଷିଣ) ଅନୁକ୍ରିତ୍ ଶର୍ମା କହିଛନ୍ତି। କେତୋଟି ମାମଲାରେ ଏଫ୍ଆଇଆରକୁ କ୍ଲୋଜ୍ ମଧ୍ୟ କରାଯାଇଛି। କିନ୍ତୁ କେତେକ ଅନିୟମିତତାକୁ ଦୃଷ୍ଟିରେ ରଖି ପୁଲିସ୍ ଏହା ମାମାଲଗୁଡିକୁ ରି ଓପନ କରିଛି। ଏଥିରେ ୨୯ଟି ନକଲି ମୃତ୍ୟୁ ପ୍ରମାଣପତ୍ରର ବ୍ୟବହାର ହୋଇଛି ଓ ଆଉ କେତୋଟି ମାମଲରେ ସତରେ ମୃତ୍ୟୁ ଘଟିଥିଲେ ମଧ୍ୟ ବୀମା ପାଇବା ପାଇଁ ତାରିଖରେ ବେନିୟମ ଭାବେ ବଦଳ କରାଯାଇଛି। ଏହି ଦୁର୍ନୀତ କେବଳ ସମ୍ଭଲ ଜିଲ୍ଲାରେ ସୀମିତ ରହିନାହିଁ। ଏହା ଅମରୋହା, ବଦାୟୁଁ ଓ ମୋରାଦାବାଦ ଭଳି ପାଶ୍ୱବର୍ତ୍ତୀ ଜିଲ୍ଲାକୁ ଲମ୍ବିଛି। ଏହି ଦୁର୍ନୀତି ୧୦୦ କୋଟି ଟଙ୍କାକୁ ଟପିଛି ଓ ତଦନ୍ତ ପ୍ରକ୍ରିୟା ଆଗକୁ ଚାଲିଥିରେ ଏହି ପରିମାଣରେ ଆହୁରି ବୃଦ୍ଧି ଘଟିବ ବୋଲି ପୁଲିସ କହିଛି। ବିଭିନ୍ନ ବୀମା କମ୍ପାନୀଗୁଡିକଠାରୁ ସବିଶେଷ ତଥ୍ୟ ମଗା ଯାଇଛି ଓ ଅନ୍ୟ ସଂନ୍ଦୀଗ୍ଧଙ୍କୁ ଗିରଫ କରିବା ପାଇଁ ଏବେ ରେକର୍ଡ ସବୁକୁ ଯାଞ୍ଚ୍ କରାଯାଉଛି। ଏହି ମାମଲାରେ ବିଭିନ୍ନ ଆଶାକର୍ମୀ, ସ୍ୱାସ୍ଥ୍ୟ ବିଭାବା ଓ ବୀମା କମ୍ପାନୀରେ କାର୍ଯ୍ୟ କରୁଥିବା ବ୍ୟକ୍ତିମାନେ ସାମିଲ ରହିଛନ୍ତି। ତଦନ୍ତ ପ୍ରକ୍ରିୟା ଆଗକୁ ବଢ଼ିଲେ ଗିରଫ୍ ସଂଖ୍ୟାରେ ଆହୁରି ବୃଦ୍ଧି ଘଟିବ ବୋଲି ଶର୍ମା କହିଛନ୍ତି।

## ଫ୍ରେଞ୍ଚ ଓପନ୍ ଗଫ୍-ସାବାଲେଙ୍କା ଫାଇନାଲ



**ପ୍ୟାରିସ, ୫।୬ (ଏଜେନ୍ସି):** ବିଶ୍ୱର ଏକ ନମ୍ବର ଖେଳାଳି ବେଲାରୁଷର ଆରିନା ସାବାଲେଙ୍କା ଏଠାରେ ଚାଲିଥିବା ବର୍ଷର ଦ୍ୱିତୀୟ ଗ୍ରାଣ୍ଡସ୍ଲାମ ଫ୍ରେଞ୍ଚ ଓପନ୍‌ର ଫାଇନାଲରେ ପ୍ରବେଶ କରିଛନ୍ତି। ଗୁରୁବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ଏକକ ସେମିଫାଇନାଲ ମୁକାବିଲାରେ ସାବାଲେଙ୍କା ୭-୬ (୭/୧), ୪-୬, ୬-୦ ସେଟ୍‌ରେ ୪ଥର ତଥା ଡିଫେଣ୍ଡିଂ ଚାମ୍ପିଅନ ପୋଲାଣ୍ଡର ଇଗା ସ୍ୱିଆଟେକଙ୍କୁ ହରାଇଥିଲେ। କ୍ୟାରିୟରର ପ୍ରଥମ ଫ୍ରେଞ୍ଚ ଓପନ୍ ଜିତିବା ଲକ୍ଷ୍ୟରେ ରହିଥିବା ସାବାଲେଙ୍କା ଫାଇନାଲରେ ଶନିବାର ଆମେରିକାର କୋକୋ ଗଫ୍‌ଙ୍କୁ ଭେଟିବେ। ଅନ୍ୟ ଏକ ସେମିରେ ଗଫ୍ ୬-୧, ୬-୨ ସେଟ୍‌ରେ ଲୋଇସ ବୋଇସନଙ୍କୁ ହରାଇଥିଲେ। ଅପରପକ୍ଷରେ ତିନିଥରର ଚାମ୍ପିଅନ ସର୍ବିଆର ନୋଭାକ ଜୋକୋଭିଚ୍ ପୁରୁଷ ସେମିଫାଇନାଲରେ ପହଞ୍ଚିଛନ୍ତି। କ୍ୱାର୍ଟର ଫାଇନାଲରେ ୬ଷ୍ଠ ସିଡ୍ ଜୋକୋଭିଚ୍ ୪-୬, ୬-୩, ୬-୨, ୬-୪ ସେଟ୍‌ରେ ଜର୍ମାନୀର ଆଲେକ୍ସଜାଣ୍ଡର ଜ୍ୱେରେଭଙ୍କୁ ମାତ୍ ଦେଇଥିଲେ। ସେମିଫାଇନାଲରେ ଜୋକୋଭିଚ୍ ଟପ୍ ସିଡ୍ ଇଟାଲୀର ଜାନିକ ସିନ୍ନରଙ୍କୁ ଭେଟିବେ। ୩୮ ବର୍ଷୀୟ ଜୋକୋଭିଚ୍ ଯଦି ଏଠାରେ ଚାମ୍ପିଅନ ହୁଅନ୍ତି ତେବେ କ୍ୟାରିୟରର ରେକର୍ଡ ୨୫ତମ ଗ୍ରାଉଣ୍ଡସ୍ଲାମ ବିଜୟୀ ହେବେ।

## ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ ୨୦ରୁ

# ‘ରୋହିତ, ବିରାଟଙ୍କ ଅନୁପସ୍ଥିତି ଚାପ ପକାଇବନି’

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):**

ଇଂଲଣ୍ଡ ସହ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ଖେଳିବାକୁ ଭାରତର ହେଡ୍ କୋଚ୍ ଗୌତମ ଗମ୍ଭୀର ଓ ନୂଆ ଅଧିନାୟକ ଶୁବମନ ଗିଲଙ୍କ ସହ ବାକି ଖେଳାଳି ଗୁରୁବାର ଲଣ୍ଡନ ଅଭିମୁଖେ ଯାତ୍ରା କରିଛନ୍ତି। ଭାରତ ଛାଡ଼ିବା ପୂର୍ବରୁ ଉଭୟ କୋଚ୍ ଓ ଅଧିନାୟକ ଏକାଧିକ ପ୍ରଶ୍ନର ଉତ୍ତରରେ ସେମାନଙ୍କ ମନୋଭାବ, ଯୋଜନା, ଖେଳାଳି ସମୀକରଣ ଆଦି ଉପରେ ସ୍ପଷ୍ଟ ସୂଚନା ଦେଇଛନ୍ତି। ଏହି ସିରିଜ୍‌ରେ ଭାରତର ଦୁଇ କିଂବଦନ୍ତୀ ଖେଳାଳି ରୋହିତ ଶର୍ମା ଓ ବିରାଟ କୋହଲି ଖେଳିବେ ନାହିଁ। ଠିକ୍ ସିରିଜ୍ ପୂର୍ବରୁ ଉଭୟ ଖେଳାଳି ଟେଷ୍ଟ କ୍ରିକେଟରୁ ଅବସର ନେଇଥିଲେ। ସେମାନଙ୍କ ଅନୁପସ୍ଥିତି

### ଇଂଲଣ୍ଡ ଦଳରେ ବେଥେଲ୍, ଓଭରଟନ୍ ସାମିଲ

ଭାରତ ଉପରେ କି ପ୍ରଭାବ ପକାଇବ ବୋଲି ପ୍ରଶ୍ନ କରାଯାଇଥିଲା। ଉତ୍ତରରେ କୋଚ୍ ଗମ୍ଭୀରଙ୍କ ମତ ହେଲା ଆମ୍ଭେ ଉଭୟ ଖେଳାଳିଙ୍କୁ ଇଂଲଣ୍ଡ ଟୁର୍‌ରେ ମିସ୍ କରିବୁ। ଇଂଲଣ୍ଡ ପରିବେଶରେ ସେମାନଙ୍କର ବେଶ ଅଭିଜ୍ଞତା ରହିଥିଲା। କିନ୍ତୁ ଉଭୟଙ୍କ ଅନୁପସ୍ଥିତି ଆମକୁ ଅଧିକ ଚାପରେ ରଖିବ ନାହିଁ ବୋଲି ଗମ୍ଭୀର କହିଛନ୍ତି।

ଇଂଲଣ୍ଡ ଗସ୍ତରେ ଭାରତ ଏକ ଅନଭିଜ୍ଞ ଦଳକୁ ନେଇ ଖେଳିବ। ଏଠାରେ କିମ୍ବା ଟେଷ୍ଟ କ୍ରିକେଟରେ ଖେଳିବାର ଅଭିଜ୍ଞତା ଥିବା ଖେଳାଳିଙ୍କୁ ନିଶ୍ଚିତ ସୁଯୋଗ ମିଳିବ। ୨୦୧୬ରେ ଇଂଲଣ୍ଡ ବିପକ୍ଷରେ ୩୦୩ ରନ୍ କରିବା ପରେ କରୁନ ନାୟରଙ୍କୁ ଟିମ୍‌ରୁ ବାଦ୍ ଦିଆଯାଇଥିଲା। ଏହା ପରେ ଟେଷ୍ଟ ଦଳକୁ ଫେରିବା ଲାଗି ତାଙ୍କୁ ୮ ବର୍ଷ ସମୟ ଲାଗିଥିଲା। ଏହା କହିବା ସହ ଗମ୍ଭୀର ଟେଷ୍ଟ ଏକାଦଶରେ ନାୟାରଙ୍କୁ ଖେଳିବାକୁ ସୁଯୋଗ ଦେବେ ବୋଲି ସୂଚନା ଦେଇଥିଲେ। ସେହିପରି ଶ୍ରେୟସ ଆୟରଙ୍କୁ କାହିଁକି ବାଦ୍ ଦିଆଗଲା ବୋଲି ପ୍ରଶ୍ନକୁ ସେ ଚତୁରତାର ସହ ଏଡାଇଯାଇଥିଲେ। ଇଂଲଣ୍ଡ ପରିବେଶରେ ଶ୍ରେୟସ ବେଶ ପ୍ରଭାବଶାଳୀ ସାବ୍ୟସ୍ତ ହୋଇଥାନ୍ତେ। ଏ ସମ୍ପର୍କରେ ଗମ୍ଭୀର କହନ୍ତି, ଘରୋଇ କ୍ରିକେଟରେ ଯେଉଁ ଖେଳାଳି ଭଲ ପ୍ରଦର୍ଶନ କରିଛନ୍ତି ସେମାନଙ୍କୁ ସୁଯୋଗ ମିଳିଛି। ଆବଶ୍ୟକ ହେଲେ ଶ୍ରେୟସଙ୍କୁ ମଧ୍ୟ ସୁଯୋଗ ଦିଆଯିବ ବୋଲି ସେ କହିଛନ୍ତି। ଶୁବମନ ଗିଲ୍‌ଙ୍କ ମତରେ ଆମ ଦଳରେ ଯେପରି ସମସ୍ତ ଖେଳାଳି ଆତ୍ମବିଶ୍ୱାସ ପାଇବେ ତାହା ଉପରେ ଗୁରୁତ୍ୱ ଦେଉଛୁ। କୌଣସି ଖେଳାଳି ଏହି ଟିମ୍‌ରେ ଅସୁରକ୍ଷିତ ମନେ କରିବେ ନାହିଁ। ମୋ ନେତୃତ୍ୱ ଶୈଳୀ ନିଜସ୍ୱ। ଏହା ଅଭିଜ୍ଞତା ସହ ପରିବର୍ତ୍ତନ ହେବ ଓ ଖାପ ଖୁଆଇବାକୁ ଚେଷ୍ଟା କରିବି। ଇଂଲଣ୍ଡ କୋଚ୍ ବାଜ୍‌ବଲ୍‌ଙ୍କ ଆକ୍ରମଣାତ୍ମକ ଶୈଳୀ ସମ୍ପର୍କରେ ଆମେ ବେଶ ଅବଗତ ଅଛୁ ଓ ବେନ୍ ଷ୍ଟୋକ୍ସଙ୍କ ଇଂଲଣ୍ଡ ଦଳକୁ ହରାଇବାକୁ ଚେଷ୍ଟା କରିବୁ ବୋଲି ଗିଲ କହିଛନ୍ତି।

ଭାରତ ଟେଷ୍ଟ ଦଳରେ ମନୋନୀତ ହୋଇଥିବା କିଛି ଖେଳାଳି ଏବେ ଭାରତ-ଏ’ ସହ ଇଂଲଣ୍ଡ ଲାୟନ୍ସ ବିପକ୍ଷରେ ମ୍ୟାଚ୍ ଖେଳୁଛନ୍ତି। ଲାୟନ୍ସ ସହ ଦ୍ୱିତୀୟ ମ୍ୟାଚ୍ ଜୁନ୍ ୬ରେ ଖେଳାଯିବ। ଏହା ପରେ ଭାରତୀୟ ଟିମ୍ ଦୁଇ ଭାଗ ହୋଇ ଏକ ଅଭ୍ୟାସ ମ୍ୟାଚ୍ ଖେଳିବେ। ଏହି ମୁକାବିଲା ଜୁନ୍ ୧୩ରୁ ଖେଳାଯିବ। ଟେଷ୍ଟ ସିରିଜ୍‌ର ପ୍ରଥମ ମ୍ୟାଚ୍ ଜୁନ୍ ୨୦ରୁ ୨୫ ତାରିଖଯାଏ ଲିଡ୍ସରେ ଖେଳାଯିବ। ଏହା ମଧ୍ୟରେ ପ୍ରଥମ ଟେଷ୍ଟ ଲାଗି ଗୁରୁବାର ଷ୍ଟୋକ୍ସଙ୍କ ନେତୃତ୍ୱରେ ଇଂଲଣ୍ଡ ଟେଷ୍ଟ ଦଳ ଘୋଷଣା କରାଯାଇଛି। ଅଲ୍‌ରାଉଣ୍ଡର ଜେମି ଓଭରଟନ ତିନିବର୍ଷ ପରେ ଟେଷ୍ଟ ଦଳକୁ ଫେରିଛନ୍ତି।



ଇଂଲଣ୍ଡ ଗସ୍ତ ପୂର୍ବରୁ ସାମ୍ବାଦିକ ସମ୍ମିଳନୀରେ ଅଧିନାୟକ ଗିଲ୍ ଓ ହେଡ୍ କୋଚ୍ ଗମ୍ଭୀର

### ଟେଷ୍ଟ ସିରିଜ କାର୍ଯ୍ୟସୂଚୀ

| ତାରିଖ | ମ୍ୟାଚ୍ | ଭେନ୍ୟୁ |
|---|---|---|
| ଜୁନ ୨୦ରୁ ୨୫ | ପ୍ରଥମ ଟେଷ୍ଟ | ଲିଡ୍ସ |
| ଜୁଲାଇ ୨ରୁ ୬ | ଦ୍ୱିତୀୟ ଟେଷ୍ଟ | ବର୍ମିଂହାମ |
| ଜୁଲାଇ ୧୦ରୁ ୧୪ | ତୃତୀୟ ଟେଷ୍ଟ | ଲଣ୍ଡନ |
| ଜୁଲାଇ ୨୩ରୁ ୨୭ | ଚତୁର୍ଥ ଟେଷ୍ଟ | ମାଞ୍ଚେଷ୍ଟର |
| ଜୁଲାଇ ୩୧ରୁ ଅଗଷ୍ଟ ୪ | ପଞ୍ଚମ ଟେଷ୍ଟ | ଲଣ୍ଡନ |

ବି.ଦ୍ର: ସମସ୍ତ ମ୍ୟାଚ୍ ଅପରାହ୍ଣ ୩ଟା ୩୦ରେ ଆରମ୍ଭ ହେବ।

**ପ୍ରଥମ ଟେଷ୍ଟ ଲାଗି ଇଂଲଣ୍ଡ ଦଳ**

ବେନ୍ ଷ୍ଟୋକ୍ସ (ଅଧିନାୟକ), ଶୋଏବ ବସିର, ଜାକବ ବେଥେଲ, ହ୍ୟାରୀ ବ୍ରୁକ, ବ୍ରାଏଡନ କାର୍ସ, ସାମ୍ କୁକ୍, ଜ୍ୟାକ୍ କ୍ରଲୀ, ବେନ୍ ଡକେଟ, ଜେମି ଓଭରଟନ, ଓଲି ପୋପ୍, ଜୋ ରୁଟ୍, ଜେମି ସ୍ମିଥ୍, ଜୋଶ୍ ଟଙ୍ଗ୍ ଓ କ୍ରିସ୍ ୱକ୍ସ।

**ଭାରତୀୟ ଦଳ**

ଶୁବମନ ଗିଲ୍ (ଅଧିନାୟକ), ଋଷଭ ପନ୍ତ (ଉପଅଧିନାୟକ ଓ ୱିକେଟ୍‌ରକ୍ଷକ), ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ, ସାଇ ସୁଦର୍ଶନ, ଅଭିମନ୍ୟୁ ଈଶ୍ୱରନ, କରୁନ ନାୟାର, ନୀତୀଶ ରେଡ୍ଡୀ, ରବୀନ୍ଦ୍ର ଜାଡେଜା, ଧ୍ରୁବ ଜୁରେଲ (ୱିକେଟ୍‌ରକ୍ଷକ), ୱାଶିଂଟନ ସୁନ୍ଦର, ଶାର୍ଦ୍ଦୁଳ ଠାକୁର, ଯଶପ୍ରୀତ୍ ବୁମ୍‌ରା, ମହମ୍ମଦ ସିରାଜ, ପ୍ରସିଦ୍ଧ କ୍ରିଷ୍ଣା, ଆକାଶଦୀପ୍, ଅର୍ଶଦୀପ୍ ସିଂହ ଓ କୁଲଦୀପ୍ ଯାଦବ।

■ ଅରବିନ୍ଦ ସ୍ମାରକୀ କ୍ରିକେଟ

## ସେମିଫାଇନାଲରେ ସହିଦ୍ ସ୍ପୋର୍ଟିଂ

**ଭୁବନେଶ୍ୱର, ୫।୬ (ସମିସ):** ଭୁବନେଶ୍ୱରର ସହୀଦ୍ ସ୍ପୋର୍ଟିଂ ବର୍ଷା ବାଧାପ୍ରାପ୍ତ ସେମିଫାଇନାଲ ମ୍ୟାଚ୍‌ରେ ଆୟୋଜକ ପାରାମାଉଣ୍ଟ ସ୍ପୋର୍ଟିଂକୁ ୭ ୱିକେଟରେ ପରାସ୍ତ କରି ଏଠାରେ ଚାଲିଥିବା ଅରବିନ୍ଦ ସ୍ମାରକୀ କ୍ରିକେଟ ଟୁର୍ଣ୍ଣାମେଣ୍ଟର ଚତୁର୍ଥ ସେମିରେ ପ୍ରବେଶ କରିଛି। ଶନିବାର ଖେଳାଯିବାକୁ ଥିବା ଦ୍ୱିତୀୟ ସେମିରେ ସହୀଦ୍ ସ୍ପୋର୍ଟିଂ ସହ ମୁକ୍ତେଶ୍ୱର କ୍ରିକେଟ କ୍ଲବ୍‌ର ମୁକାବିଲା ହେବ। ସେହିପରି ଆସନ୍ତାକାଲି ବା ଶୁକ୍ରବାର ଖେଳାଯିବାକୁ ଥିବା ପ୍ରଥମ ସେମିଫାଇନାଲରେ କଟକର ଦୁଇ ଦଳ ରାଇଜିଂ ଷ୍ଟୁଡେଣ୍ଟସ ଓ ୟୁନିଅନ ସ୍ପୋର୍ଟିଂ ମଧ୍ୟରେ ଖେଳାଯିବ। ପାରାମାଉଣ୍ଟ ଗ୍ରାଉଣ୍ଡରେ ଗୁରୁବାର ଖେଳାଯାଇଥିବା ଚତୁର୍ଥ ତଥା ଶେଷ କ୍ୱାର୍ଟର ଫାଇନାଲରେ ଆୟୋଜକ ପାରମାଉଣ୍ଟ ସ୍ପୋର୍ଟିଂ ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୩୦ ଓଭରରେ ୫ ୱିକେଟ ହରାଇ ୧୯୮ ରନ୍ କରିଥିଲା। ଦଳ ପକ୍ଷରୁ ରୋହିତ ସାଗର ୫୩* ଓ ସୌମ୍ୟରଞ୍ଜନ ବିଶ୍ୱାଳ ୪୭ ରନ୍ କରିଥିଲେ। ପାରାମାଉଣ୍ଟ ଇନିଂସ ପରେ ବର୍ଷା ଯୋଗୁ ଖେଳ ବାଧାପାଇବାରୁ ସହୀଦ୍ ସ୍ପୋର୍ଟିଂ ଆଗରେ ୨୩ ଓଭରରେ ୧୬୧ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ସହୀଦ୍ ସ୍ପୋର୍ଟିଂ ୧୯.୩ ଓଭରରେ ମାତ୍ର ୩ ୱିକେଟ ହରାଇ ବିଜୟୀ ହୋଇଥିଲା। ଦଳ ପକ୍ଷରୁ ଶୁଭମ ଶତ୍ରୁଜିତ୍ ୨୬ ବଲ୍‌ରୁ ୪ ଚୌକା ଓ ୫ ଛକା ସହ ଅପରାଜିତ ୫୬ ରନ୍ କରିବା ସହ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।



## ଓଏଫ୍‌ସି ଛାଡ଼ିଲେ ରୟ କ୍ରିଷ୍ଣା

**ଭୁବନେଶ୍ୱର, ୫।୬ (ସମିସ):** ଫିଜିର ଅନ୍ତର୍ଜାତୀୟ ତାରକା ରୟ କ୍ରିଷ୍ଣା ଆଇଏସ୍‌ଏଲ୍ ଦଳ ଓଡ଼ିଶା ଫୁଟ୍‌ବଲ କ୍ଲବ (ଓଏଫ୍‌ସି) ସହ ସମ୍ପର୍କ ତୁଟାଇଛନ୍ତି। ଓଡ଼ିଶା ଏଫ୍‌ସି ଛାଡୁଥିବା ନେଇ କ୍ରିଷ୍ଣା ସୂଚନା ଦେଇଛନ୍ତି। ‘ଓଡ଼ିଶା ଏଫ୍‌ସିର ମାଲିକ, ମ୍ୟାନେଜମେଣ୍ଟ, କୋଚିଂ ଷ୍ଟାଫ୍, ସାଥୀ ଖେଳାଳି ଓ ପ୍ରଶଂସକଙ୍କୁ ବହୁତ ବହୁତ ଧନ୍ୟବାଦ। ଦଳ ସହ ମୋ ଅଧ୍ୟାୟ ଶେଷ ହୋଇଛି, କିନ୍ତୁ ସ୍ମୃତି ସର୍ବଦା ସାଥୀରେ ରହିବ’ ବୋଲି କ୍ରିଷ୍ଣା ତାଙ୍କ ବିଦାୟୀ ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ରୟ କ୍ରିଷ୍ଣା ୨୦୨୩-୨୪ ଆଇଏସ୍‌ଏଲ୍ ସିଜନରେ ଓଡ଼ିଶା ଏଫ୍‌ସିରେ ଯୋଗଦେଇଥିଲେ। ସେହି ସିଜନରେ ଦଳ ସେମିଫାଇନାଲ ଖେଳିଥିଲା। ତେବେ ୨୦୨୪-୨୫ ସିଜନରେ ଆଘାତ ଲାଗି ସେ ମାତ୍ର ୯ ମ୍ୟାଚ୍ ଖେଳିପାରିଥିଲେ। ମୋଟ୍ ଉପରେ ସେ ଓଏଫ୍‌ସି ପାଇଁ ୩୪ ମ୍ୟାଚ୍ ଖେଳି ୧୬ ଗୋଲ୍ ଦେଇଛନ୍ତି। ଉଲ୍ଲେଖଯୋଗ୍ୟ, ନିକଟରେ ଓଏଫ୍‌ସି ଅନ୍ୟତମ ପ୍ରମୁଖ ଷ୍ଟ୍ରାଇକର୍ ବ୍ରାଜିଲର ଡିଏଗୋ ମୌରିସିଓ ଦଳ ଛାଡ଼ିଥିଲେ।

**ଆଇପିଏଲ୍-୧୮’ରୁ ମାଲେମାଲ୍**

## କୋହଲି ଆୟ କରିଛନ୍ତି ୨୭.୪୦ କୋଟି

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ଦୀର୍ଘ ୧୮ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟାଇ ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି) ପ୍ରଥମଥର ଆଇପିଏଲ୍ ଟ୍ରଫି ଜିତିବାର ସ୍ୱପ୍ନ ସାକାର କରିଛି। ବେଙ୍ଗାଲୁରୁକୁ ଐତିହାସିକ ଆଇପିଏଲ୍ ଟ୍ରଫି ଜିତାଇବାରେ ଦଳର ଅଭିଜ୍ଞ ଖେଳାଳି ବିରାଟ କୋହଲିଙ୍କ ଅବଦାନ ବେଶ୍ ଗୁରୁତ୍ୱପୂର୍ଣ୍ଣ ରହିଥିଲା। ଏହି ସଂସ୍କରଣରେ କୋହଲି ୧୫ ମ୍ୟାଚ୍ ଖେଳି ୫୪.୭୫ ହାରରେ ୬୫୭ ରନ କରିଥିଲେ। ବ୍ୟାଟିଂ ଭଳି କୋହଲି ଆଇପିଏଲ୍‌ର ଏହି ୧୮ତମ ସଂସ୍କରଣରୁ ବେଶ୍ ଭଲ ଆୟ ମଧ୍ୟ କରିଛନ୍ତି। ରିପୋର୍ଟ ମୁତାବକ କୋହଲି ଆଇପିଏଲ୍‌ର ଏହି ଦୁଇ ମାସରେ ମୋଟ୍ ୨୭.୪୦ କୋଟି ଟଙ୍କା ରୋଜଗାର କରିଥିଲେ। ସେଥି ମଧ୍ୟରୁ ଫ୍ରାଞ୍ଚାଇଜ ତାଙ୍କୁ ୨୧ କୋଟି ଟଙ୍କାରେ ରିଟେନ ରଖିଥିଲା।

ସେହିଭଳି ଏଥର ବିସିସିଆଇ ପ୍ରତି ଆଇପିଏଲ୍ ମ୍ୟାଚ୍ ଲାଗି ମଧ୍ୟ ୭.୫ ଲକ୍ଷ ଟଙ୍କା ପାଉଣା ବ୍ୟବସ୍ଥା ରଖିଥିଲା। ଫଳରେ କୋହଲି ୧୩ଟି ଲିଗ୍, ଗୋଟିଏ କ୍ୱାଲିଫାୟର ଓ ଫାଇନାଲକୁ ମିଶାଇ ମୋଟ୍ ୧୫ ମ୍ୟାଚ୍ ଖେଳିଥିଲେ। ଏଥିରେ ତାଙ୍କୁ ମୋଟ୍ ୧ କୋଟି ୧୨ ଲକ୍ଷ ୫୦ ହଜାର ଟଙ୍କା ମିଳିଥିଲା। ରିପୋର୍ଟ ଅନୁଯାୟୀ, ମୋଟ୍ ପ୍ରାଇଜ୍ ମନିରୁ ୩୦ ପ୍ରତିଶତ ଅର୍ଥରାଶି ଦଳର ଖେଳାଳିଙ୍କ ମଧ୍ୟରେ ବଣ୍ଟାଯାଇଥାଏ। ବେଙ୍ଗାଲୁରୁ ୨୦ କୋଟି ଟଙ୍କା ଚାମ୍ପିଅନ ଆକାରରେ ପାଇଥିଲା। ଏଥିରୁ କୋହଲି ୨୭ ଲକ୍ଷ ଟଙ୍କା ପାଇବେ। ସେହିଭଳି ୨ ମାସର ଆଇପିଏଲ୍ ମଧ୍ୟରେ କୋହଲି ବିଭିନ୍ନ ବିଜ୍ଞାପନରୁ ୫ କୋଟି ଟଙ୍କା ରୋଜଗାର କରିଥିବା ଜଣାପଡ଼ିଛି।

### ‘ସମ୍ପୂର୍ଣ୍ଣ ମର୍ମାହତ’

**ବେଙ୍ଗାଲୁରୁ, ୫।୬ (ଏଜେନ୍ସି):** ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି)ର ଚେହେରା ତଥା ଦଳକୁ ଆଇପିଏଲ୍ ଟ୍ରଫି ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ବିରାଟ କୋହଲି ଷ୍ଟାଡିୟମ ବାହାରେ ଦଳାଚକଟା ଘଟଣାକୁ ନେଇ ଦୁଃଖ ପ୍ରକାଶ କରିଛନ୍ତି। ସାମାଜିକ ଗଣମାଧ୍ୟମରେ ପ୍ରତିକ୍ରିୟା ରଖି କୋହଲି କହିଛନ୍ତି, ‘ମୋ ପାଖରେ କହିବା ଲାଗି କୌଣସି ଶବ୍ଦ ନାହିଁ। ଏହି ଘଟଣାରେ ସମ୍ପୂର୍ଣ୍ଣ ଭାବେ ମର୍ମାହତ।’ ସେହିଭଳି ଆର୍‌ସିବି ଟିମ୍ ମ୍ୟାନେଜମେଣ୍ଟ ପକ୍ଷରୁ ମଧ୍ୟ ଶୋକବାର୍ତ୍ତା ଜାରି କରାଯାଇଛି। ‘ଦୁର୍ଘଟଣାରେ ପ୍ରାଣ ହରାଇଥିବା ବ୍ୟକ୍ତି ଓ ଆହତଙ୍କ ପରିବାର ଲୋକଙ୍କ ପ୍ରତି ଗଭୀର ସମବେଦନା ଜଣାଉଛୁ। ଏହି ଘଟଣାରେ ଆମେ ଦୁଃଖିତ। ସମସ୍ତ ଲୋକଙ୍କ ସୁରକ୍ଷା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ପରିସ୍ଥିତି ବିଷୟରେ ଅବଗତ ହେବାପରେ ଆମେ ତୁରନ୍ତ ଉତ୍ସବ ସମୟର ଅବଧିକୁ ହ୍ରାସ କରିଥିଲୁ।

## ସମ୍ଭାଳିପାରିବନି ଯଦି ରୋଡ୍ ଶୋ କରନି: ଗମ୍ଭୀର

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ବେଙ୍ଗାଲୁରୁର ଆଇପିଏଲ୍ ଟ୍ରଫି ବିଜୟ ଉତ୍ସବରେ ଦଳାଚକଟାରେ ୧୧ଜଣ ପ୍ରଶଂସକଙ୍କ ବିୟୋଗ ଘଟଣାରେ ଭାରତୀୟ କ୍ରିକେଟ୍ ଦଳର ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀର ଦୁଃଖପ୍ରକାଶ ସହ ଚିନ୍ତାବ୍ୟକ୍ତ କରିଛନ୍ତି। ଗମ୍ଭୀର କହିଛନ୍ତି, ‘ମୁଁ କେବେବି ବିଶ୍ୱାସ କରେ ନାହିଁ ଯେ ଆମକୁ ରୋଡ୍ ଶୋ’ର ଆବଶ୍ୟକତା ରହିଛି। ଏପରିକି ମୁଁ ଖେଳିବା ସମୟରେ ଟି-୨୦ ବିଶ୍ୱକପ୍ ଜିତିବା ପରେ ମଧ୍ୟ ସମାନ ମତ ରଖିଥିଲି। ବନ୍ଦ କୋଠରୀ ମଧ୍ୟରେ ଆମେ ଉତ୍ସବ ମନାଇପାରିଥାନ୍ତେ। ବିଜୟ ଓ ଉତ୍ସବ ପାଳିବା ଗୁରୁତ୍ୱପୂର୍ଣ୍ଣ। କିନ୍ତୁ ଏହାଠୁ ଅଧିକ ଗୁରୁତ୍ୱପୂର୍ଣ୍ଣ ହେଉଛି ଲୋକଙ୍କ ଜୀବନ। ଯଦି ରୋଡ୍ ଶୋ ପରିସ୍ଥିତିକୁ ଆମେ ସମ୍ଭାଳି ପାରିବୁନି ତେବେ ଆୟୋଜନ ମଧ୍ୟ କରିବାର ନ ଥିଲା। ଭବିଷ୍ୟତରେ ଆମେ ଏନେଇ ଅଧିକ ସଚେତନ ହେବା ଆବଶ୍ୟକ।’

**ମହିଳା ଏସିଆ କପ୍ ହକି**

## ଥାଇଲାଣ୍ଡ ବିପକ୍ଷରୁ ଭାରତର ଅଭିଯାନ

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ମହିଳା ଏସିଆ କପ୍ ହକିର ଏକାଦଶ ସଂସ୍କରଣ ସେପ୍ଟେମ୍ବର ୫ରୁ ୧୪ ତାରିଖ ପର୍ଯ୍ୟନ୍ତ ଚାଇନାର ହାଙ୍ଗଝୋଉ ସହରରେ ଅନୁଷ୍ଠିତ ହେବ। ଏହି ମେଗା ଇଭେଣ୍ଟ ଲାଗି କାର୍ଯ୍ୟସୂଚୀ ପ୍ରକାଶ ପାଇଛି। ଭାରତୀୟ ଦଳ ଡିଫେଣ୍ଡିଂ ଚାମ୍ପିଅନ ଜାପାନ, ଥାଇଲାଣ୍ଡ ଓ ସିଙ୍ଗାପୁର ସହ ପୁଲ୍-ବି’ରେ ସ୍ଥାନ ପାଇଛି। ଉଦ୍‌ଘାଟନୀ ଦିବସରେ ଥାଇଲାଣ୍ଡ ବିପକ୍ଷରେ ଖେଳି ସାଲିମା ଟେଟେଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ଟୁର୍ଣ୍ଣାମେଣ୍ଟରେ ଅଭିଯାନ ଆରମ୍ଭ କରିବ। ଏହାପରେ ଭାରତ ସେପ୍ଟେମ୍ବର ୬ରେ ଜାପାନ ଓ ଶେଷ ପୁଲ୍ ମ୍ୟାଚରେ ସିଙ୍ଗାପୁର ସହ ସେପ୍ଟେମ୍ବର ୮ରେ ଖେଳିବ। ସେହିଭଳି ପୁଲ୍-ଏ’ରେ ଆୟୋଜକ ଚାଇନା ସମେତ କୋରିଆ, ମାଲେସିଆ ଓ ଚାଇନିଜ ତାଇପେଇ ରହିଛି। ପୁଲ୍ ପର୍ଯ୍ୟାୟ ପରେ ପ୍ରତି ପୁଲର ଦୁଇ ଶ୍ରେଷ୍ଠ ଦଳ ସୁପର୍-୪କୁ ପ୍ରବେଶ କରିବେ। ଏଥିରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ସୁପର୍-୪’ର ଦୁଇ ଶ୍ରେଷ୍ଠ ଦଳ ମଧ୍ୟରେ ଫାଇନାଲ ମ୍ୟାଚ୍ ଖେଳାଯିବ। ଗତ ସଂସ୍କରଣରେ ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ୩ୟ ସ୍ଥାନରେ ରହି କାଂସ୍ୟ ପଦକ ଜିତିଥିଲା। ଏଥର ଦଳ ପୋଡିୟମର ଶୀର୍ଷ ସ୍ଥାନ ହାସଲ ଲକ୍ଷ୍ୟରେ ରହିଛି। ଭାରତ ଶେଷଥର ଲାଗି ୨୦୧୭ରେ ଏସିଆ କପ୍ ଜିତିଥିଲା। ଏସିଆ କପ୍ ବିଜୟୀ ଦଳ ୨୦୨୬ ଏଫ୍‌ଆଇଏଚ୍ ହକି ବିଶ୍ୱକପ୍‌କୁ ସିଧାସଳଖ ଯୋଗ୍ୟତା ଅର୍ଜନ କରିବ।

**ଜାତୀୟ ଶିଶୁ ଚେସ୍ ପ୍ରତିଯୋଗିତା ଉଦ୍‌ଯାପିତ**

## ବାଳିକାରେ ଶ୍ରେୟାଂଶୀ, ବାଳକରେ ଇଭାନ ଚାମ୍ପିଅନ



**ଖୋର୍ଦ୍ଧା, ୫।୬ (ସମିସ):**

ରାଜସ୍ଥାନର ଶ୍ରେୟାଂଶୀ ଜୈନ ଓ ଗୋଆର ଇଭାନ ଆଣ୍ଟୋନିଓ ଟେଲାସ ୨୦୨୫ ଜାତୀୟ ଶିଶୁ ଚେସ୍ ଚାମ୍ପିଅନ ହୋଇଛନ୍ତି। ଅଲଓଡ଼ିଶା ଚେସ ଆସୋସିଏସନ ଆନୁକୂଲ୍ୟରେ ସ୍ଥାନୀୟ କେଟି ଗ୍ଲୋବାଲ ସ୍କୁଲ ପରିସରରେ ଚାଲିଥିବା ୯ ରାଉଣ୍ଡ ବିଶିଷ୍ଟ ଏହି ଟୁର୍ଣ୍ଣାମେଣ୍ଟ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ୯ ଦିନ ଧରି ଚାଲିଥିବା ଏହି ପ୍ରତିଯୋଗିତାର ବାଳିକା ବିଭାଗରେ ଶ୍ରେୟାଂଶୀ ୯ ରାଉଣ୍ଡରୁ ୯ ପଏଣ୍ଟ ସଂଗ୍ରହ କରି ଏକାକୀ ପ୍ରଥମ ସ୍ଥାନରେ ରହି ଟାଇଟଲ କବ୍‌ଜା କରିଥିଲେ। ବାଳକ ବିଭାଗରେ ଇଭାନ ୯ ରାଉଣ୍ଡରୁ ସର୍ବାଧିକ ୮.୫ ପଏଣ୍ଟ ପାଇ ଟାଇଟଲ କବ୍‌ଜା କରିଥିଲେ। ଉଭୟ ଖେଳାଳିଙ୍କୁ ଟ୍ରଫି ସହ ୫୦,୦୦୦ ଟଙ୍କାର ପୁରସ୍କାର ମୁଖ୍ୟ ଅତିଥି ତଥା ଖୋର୍ଦ୍ଧା ଏସ୍‌ପି ସାଗରିକା ନାଥ ପ୍ରଦାନ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ ଆୟୋଜକ ଅଲ୍‌ଓଡ଼ିଶା ଚେସ୍ ସଂଘ ସମ୍ପାଦକ ଦେବବ୍ରତ ଭଞ୍ଜ ସ୍ୱାଗତ ଭାଷଣ ଦେଇଥିଲା ବେଳେ ସଭାପତି ସତ୍ୟରଞ୍ଜନ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

ଏହି ପ୍ରତିଯୋଗିତାରେ ରେକର୍ଡ ୩୨୮ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲାବେଳେ ଉଭୟ ବିଭାଗରେ ୨.୫ ଲକ୍ଷ ଲେଖାଏଁ ୫ ଲକ୍ଷ ଟଙ୍କା ପୁରସ୍କାର ପ୍ରଦାନ କରାଯାଇଥିଲା। ବାଳିକା ବିଭାଗରେ ତାମିଲନାଡୁର ଅନିକା ରନର୍ସ ଅପ୍ ହୋଇ ଟ୍ରଫି ସହ ୩୬,୦୦୦ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଟପ୍ ସିଡ ପଶ୍ଚିମବଙ୍ଗର ସାଇଆସ୍ଥା ସିଂ ଟ୍ରଫି ସହ ୩୦,୦୦୦ ଟଙ୍କା ପୁରସ୍କାର ପ୍ରଥମ ସ୍ଥାନ ଅଧିକାର କରିଥିଲେ। ବାଳକ ବିଭାଗରେ ପୁଡୁଚେରୀର ପି ଦେବେଶ ମିଲାନ ରନର୍ସ ଅପ୍ ହୋଇ ଟ୍ରଫି ସହ ୩୬,୦୦୦ ଓ ମହାରାଷ୍ଟ୍ରର ଏସିଏମ୍ ଅଂଶ ଦଧିଚି ତୃତୀୟ ସ୍ଥାନ ଅଧିକାର କରି ଟ୍ରଫି ସହ ୩୦,୦୦୦ ଟଙ୍କା ପୁରସ୍କାର ପାଇଥିଲେ।

### ଓଡ଼ିଆଙ୍କ ମଧ୍ୟରେ ଅନନ୍ୟା ଶ୍ରେଷ୍ଠ

ଏହି ପ୍ରତିଯୋଗିତା ଓଡ଼ିଶାରେ ଆୟୋଜିତ ହୋଇଥିଲାବେଳେ ଏଥିରେ ରେକର୍ଡ ସଂଖ୍ୟକ ୩୪ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। କିନ୍ତୁ ସେମାନଙ୍କ ମଧ୍ୟରେ ବାଳିକା ବିଭାଗରେ ଅନନ୍ୟା ଅନ୍ୱେଷା ମିଶ୍ର ୧୦ମ ସ୍ଥାନ ଅଧିକାର କରି ଶ୍ରେଷ୍ଠ ସଫଳତା ହାସଲ କରିଛନ୍ତି। ତାଙ୍କୁ ପୁରସ୍କାର ବାବଦରେ ୬,୦୦୦ ଟଙ୍କା ମିଳିଛି। ଅନ୍ୟ ବାଳିକା ପ୍ରତିଯୋଗୀଙ୍କ ମଧ୍ୟରେ ଦେବାଂଶୀ ସାହୁ ୬୮ତମ, ଆରାଧ୍ୟା ମହାରଣା ୮୪ତମ, ଅର୍ଣ୍ଣବୀ ପଣ୍ଡା ୮୫ତମ ଓ ପ୍ରତ୍ୟାକ୍ଷା ସମ୍ଭାବୀ ୮୬ତମ ସ୍ଥାନ ଅଧିକାର କରିଥିଲେ। ବାଳକ ବିଭାଗରେ ରାଜ୍ୟ ଚାମ୍ପିଅନ ରିୟାଂଶ ଅଗରୱାଲ ୫ ପଏଣ୍ଟ ପାଇ ୬୬ତମ, କ୍ରିଶିତ ପଣ୍ଡା ୫ ପଏଣ୍ଟ ପାଇ ୯୭ତମ ସ୍ଥାନ ଅଧିକାର କରିଛନ୍ତି।

## ଭୁବନେଶ୍ୱରରେ ହେବ ସର୍ବଭାରତୀୟ ସୈନିକ ସ୍କୁଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ

**ଭୁବନେଶ୍ୱର, ୫।୬ (ସମିସ):** ସର୍ବଭାରତୀୟ ସୈନିକ ସ୍କୁଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ ଶନିବାର (ଜୁନ ୭)ଠାରୁ ଭୁବନେଶ୍ୱରରେ ଆରମ୍ଭ ହେବ। ଜୁନ ୧୫ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ସମ୍ମାନଜନକ ପ୍ରତିଯୋଗିତା ସ୍ଥାନୀୟ ସୈନିକ ସ୍କୁଲ ଗ୍ରାଉଣ୍ଡରେ ଅନୁଷ୍ଠିତ ହେବ। ଏଥିରେ ଦେଶରେ ଥିବା ୩୩ ସୈନିକ ସ୍କୁଲ ଦଳ ଅଂଶଗ୍ରହଣ କରିବେ। ତିନୋଟି ବିଭାଗ ସବ୍‌ଜୁନିଅର ବାଳକ (୧୫ ବର୍ଷରୁ କମ୍), ଜୁନିଅର ବାଳକ (୧୭ ବର୍ଷରୁ କମ୍) ଓ ଜୁନିଅର ବାଳିକା (୧୭ ବର୍ଷରୁ କମ୍) ମ୍ୟାଚ୍ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟର ବିଜେତା ଦଳ ସୁବ୍ରତ କପ୍ ଇଣ୍ଟରନ୍ୟାସନାଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବ।

■ ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ

## ମୌସମରାଜ ଓ ରୋନିତଙ୍କୁ ୬ ୱିକେଟ

**କଟକ, ୫।୬ (ସମିସ):** ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ କଟକରେ ଜାରି ରହିଛି। ଡ୍ରିମସ ଗ୍ରାଉଣ୍ଡରେ ଗୁରୁବାର ଅନୁଷ୍ଠିତ ଏକ ଲୋସ୍କୋରିଂ ରୋମାଞ୍ଚକ ମୁକାବିଲାରେ ବଲାଙ୍ଗୀର ୧୨ ରନରେ ମୟୂରଭଞ୍ଜକୁ ପରାସ୍ତ କରିଥିଲା। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବଲାଙ୍ଗୀର ମାତ୍ର ୩୮ ରନରେ ଅଲଆଉଟ ହୋଇଥିଲା। ସକ୍ଷମ ଅଗ୍ରୱାଲ ସର୍ବାଧିକ ୧୨ ରନ କରିଥିଲେ। ମୟୂରଭଞ୍ଜର ଚନ୍ଦନ ସିଂହ ୫ଟି ୱିକେଟ ଦଖଲ କରିଥିଲେ। ତେବେ ମାତ୍ର ୩୯ ରନର ବିଜୟ ଲକ୍ଷ୍ୟକୁ ପିଛା କରି ମୟୂରଭଞ୍ଜ ୨୬ ରନରେ ସୀମିତ ରହିଥିଲା। ଜିତ ଦେ ୭ଟି ବଲରୁ ୧୯ ରନର ଦ୍ରୁତ ପାଳି ଖେଳିଥିଲେ ମଧ୍ୟ ଦଳକୁ ଜିତାଇ ପାରିନଥିଲେ। ୧୨ ରନ ବିନିମୟରେ ୬ଟି ୱିକେଟ ଅକ୍ତିଆର କରି ବଲାଙ୍ଗୀର ବିଜୟରେ ମୁଖ୍ୟ ଭୂମିକା ତୁଲାଇଥିବା ମୌସମରାଜ ନାଗଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଥିଲା। ରେଭେନ୍ସା ଗ୍ରାଉଣ୍ଡ-୨ରେ ଦେବଗଡ଼ ୭୫ ରନରେ ଜଗତସିଂହପୁରକୁ ହରାଇଥିଲା। ଆକ୍ୟୁବ ଅହମ୍ମଦଙ୍କ ୫୦ ରନ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା ଦେବଗଡ଼ ସମସ୍ତ ୱିକେଟ ହରାଇ ୧୭୩ ରନ ସଂଗ୍ରହ କରିଥିଲା। ଜଗତସିଂହପୁରର ପ୍ରତୀକ ପୁହାଣ ୪ଟି ଏବଂ ସ୍ମୃତି ବାରିକ ୩ଟି ୱିକେଟ ହାସଲ କରିଥିଲେ। ଜବାବରେ ଜଗତସିଂହପୁର ମାତ୍ର ୯୮ ରନରେ ଅଲଆଉଟ ହୋଇଥିଲା। ବିଜୟୀ ଦେବଗଡ଼ର ରୋନିତ ପ୍ରଧାନ ୨୪ ରନ ବ୍ୟୟରେ ୬ଟି ୱିକେଟ ହାସଲ କରି ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS